

କୁଲଦୀପ
ସିରିଜ୍‌ର ଶ୍ରେଷ୍ଠ

▶ପୃଷ୍ଠା ୧୨ ଦେଖନ୍ତୁ...

RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

♦VOLUME- 43 ♦ISSUE-109 ♦WEDNESDAY ♦15 OCTOBER 2025 ♦PAGE-12 ♦₹ 6.00 | PANIKOILI | ♦ବର୍ଷ-୪୩ ♦ସଂଖ୍ୟା-୧୦୯ ♦ବୁଧବାର ♦୧୫ ଅକ୍ଟୋବର ୨୦୨୫ ♦ପୃଷ୍ଠା-୧୨ ♦ଟ.୬.୦୦






indriya.com
ADITYA BIRLA
JEWELLERY
INDRIYA
ADITYA BIRLA | JEWELLERY
presents
alka
FESTIVE COLLECTION
ଏହି ପର୍ବର ଦିନରେ ଇନ୍ଦ୍ରିୟା ଷ୍ଟୋର୍ କୁ ଆସନ୍ତୁ
ଆଉ ଦେଖନ୍ତୁ ପ୍ରେମରେ ଝିଲିମିଲି ନୂଆ ଅଳକା କଲେକ୍ଶନ୍ କୁ ।
ତାହାର ଆଲୋକେ ପର୍ବଣ ହେବ ଅଧିକ ପ୍ରିୟ ।
ପ୍ରତି କ୍ଷଣରେ ଦୀପ୍ତି ହେଇଛି ପ୍ରିୟଜନଙ୍କର ସ୍ନିଗ୍ଧତା ।
ସୁନା, ପୋଲ୍କୀ ଓ ହୀରାର 20,000 ରୁ ଅଧିକ
ଡିଜାଇନ ଦେଖି ହୃଦୟରେ ଭରିଯିବ ଅସୀମ ପ୍ରେମର ସ୍ପନ୍ଦନ ।
ତଥାପି ମନ କହିବ, ମନ ଏବେବି ଭରି ନାହିଁ
ଷ୍ଟୋର୍ ଏବେ ଖୋଲାଥିବା ଠିକଣା: କ୍ରିଷ୍ଟାଲ୍ କୋର୍ଟ୍ୟାର୍ଡ, ଚନ୍ଦ୍ରଶେଖରପୁର, ଭୁବନେଶ୍ୱର




RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

VOLUME- 43 ◆ISSUE-109 ◆WEDNESDAY ◆15 OCTOBER 2025 ◆PAGE-12 ◆₹ 6.00

◆ବର୍ଷ-୪୩ ◆ସଂଖ୍ୟା-୧୦୯ ◆ବୁଧବାର ◆୧୫ ଅକ୍ଟୋବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦

# ୧୫.୬୭ ଲକ୍ଷ ହିତାଧିକାରୀଙ୍କ ଚାଉଳ ବନ୍ଦ

**ଗଞ୍ଜାମରୁ ସର୍ବାଧିକ ୧.୬୪ ଲକ୍ଷ ହିତାଧିକାରୀ ବାଦ**

**କଟକରୁ ବାଦ୍ ୯୧ ହଜାର, ମୟୂରଭଞ୍ଜରୁ ୮୭ ହଜାର**

**ବଲାଙ୍ଗିରରୁ ୮୩ ହଜାର,କଳାହାଣ୍ଡିରୁ ୮୨ ହଜାର ବାଦ**

**କେନ୍ଦ୍ର ଦ୍ୱାହି ଦେଇ ହାତ ଟେକିଦେଲେ ଯୋଗାଣ ମନ୍ତ୍ରୀ**



■ **ଭୁବନେଶ୍ୱର, ୧୪।୧୦ (ସମିସ):** ଆସନ୍ତା ମାସରୁ ରାଜ୍ୟର ୧୫.୬୭ ଲକ୍ଷ ହିତାଧିକାରୀଙ୍କୁ ମିଳିବ ନାହିଁ ମାଗଣା ଚାଉଳ। ଇ-କେୱାଇସି କରି ନ ଥିବା ଯୋଗୁଁ ସେମାନଙ୍କୁ ଚାଉଳ ମିଳିବ ନାହିଁ । ରାଜ୍ୟ ଖାଦ୍ୟ ଓ ଯୋଗାଣମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ରଙ୍କ ଏପରି ସୂଚନା ପରେ ରାଜ୍ୟର ୧୫ ଲକ୍ଷରୁ ଊର୍ଦ୍ଧ୍ୱ ଗରିବ ହିତାଧିକାରୀଙ୍କ ମୁଣ୍ଡରେ ଚଡ଼କ ପଡ଼ିଛି। ମନ୍ତ୍ରୀ ଶ୍ରୀ ପାତ୍ରଙ୍କ ସୂଚନା ଅନୁସାରେ ବର୍ତ୍ତମାନ ସୁଦ୍ଧା ରାଜ୍ୟରେ ୧୫ ଲକ୍ଷ ୬୭ ହଜାର ହିତାଧିକାରୀ କେୱାଇସି କରିନାହାନ୍ତି। କେନ୍ଦ୍ର ସରକାର ଇ-କେୱାସି ପ୍ରକ୍ରିୟା ବନ୍ଦ କରିଦେଇଛନ୍ତି। କେୱାଇସି କରି ନ ଥିବା ଲୋକଙ୍କୁ ଚଳିତ ମାସ ଚାଉଳ ପ୍ରଦାନ କରାଯାଇଛି; ମାତ୍ର ଶୀଘ୍ର ଏହି ଚାଉଳ ପ୍ରଦାନ ବନ୍ଦ କରିଦିଆଯିବ। ଆଗାମୀ ଦିନରେ ଯଦି କେନ୍ଦ୍ର ସରକାର ଇ-କେୱାଇସି ଅବଧି ବଢ଼ାଇବେ, ତେବେ ଆମେ ମଧ୍ୟ ଏହି ଅବଧି ବଢ଼ାଇବୁ। ଯଦି କିଏ ବାଦ୍ ରହିଯାଇଥିବ, ତେବେ ସେମାନଙ୍କୁ ଲିଖିତ ଭାବେ ଦେବାକୁ ପଡିବ। ତାପରେ ଯାଇ ଆମେ ସେମାନଙ୍କ କଥା ବିଚାର କରିବୁ ବୋଲି ମନ୍ତ୍ରୀ କହିଛନ୍ତି।

ରାସନ କାର୍ଡରେ ଥିବା କିମ୍ବା ପରିବାର ସମସ୍ତ ସଦସ୍ୟଙ୍କୁ ଆଉ ଥରେ କେୱାଇସି କରିବା ବାଧ୍ୟତାମୂଳକ କରାଯାଇଥିଲା। ହେଲେ ଧାର୍ଯ୍ୟ ତାରିଖ ବିତିଯାଇଥିଲେ ମଧ୍ୟ ବର୍ତ୍ତମାନ ସୁଦ୍ଧା ଲକ୍ଷ ଲକ୍ଷ ଯୋଗ୍ୟ ହିତାଧିକାରୀ ଇ-କେୱାଇସି କରି ପାରି ନାହାନ୍ତି । ମୁଖ୍ୟତଃ ଉପାନ୍ତ ଓ ଦୁର୍ଗମ ଅଞ୍ଚଳରେ ନେଟୱର୍କ ସମସ୍ୟା ଯୋଗୁଁ ବହୁ ହିତାଧିକାରୀ ଇ-କେୱାଇସି ଅପଡେଟ୍ କରି ପାରି ନ ଥିବା ବେଳେ ଅନେକ ବୟସ୍କ ଓ ଶଯ୍ୟାଶାୟୀଙ୍କର ଇ-କେୱାଇସି ଅପଡେଟରେ ସମସ୍ୟା ରହିଛି। ଛୋଟ ପିଲା ଓ ବୟସ୍କ ବର୍ଗଙ୍କ ଫିଙ୍ଗର ପ୍ରିଣ୍ଟ ସମସ୍ୟା ରହିବାଯୋଗୁଁ ସେମାନଙ୍କର ଇ-କେୱାଇସି ହୋଇପାରି ନାହିଁ। ପୁନଶ୍ଚ ରାଜ୍ୟ ବାହାରେ ଅନ୍ୟ ରାଜ୍ୟରେ କାମ କରୁଥିବା ଲକ୍ଷଲକ୍ଷ ଲୋକ ମଧ୍ୟ ଇ-କେୱାଇସି କରି ପାରିନାହାନ୍ତି। ଯାହା ଫଳରେ ଏହି ଲୋକମାନେ ଆଗାମୀ ମାସରୁ ଆଉ ଚାଉଳ ପାଇବେ ନାହିଁ। ଲକ୍ଷାଧିକ ▶ପୃଷ୍ଠା-୧୦

**ହିମାଳୟର ୮୬% ଅଞ୍ଚଳ ବରଫାବୃତ୍ତ**

# ଆଗୁଆ ଆସିବ ଶୀତ, ଅଧିକ ଦିନ ରହିବ



■ **ନୂଆଦିଲ୍ଲୀ/ଭୁବନେଶ୍ୱର, ୧୪।୧୦ (ସମିସ):** ଚଳିତ ବର୍ଷ ଶୀଘ୍ର ମୌସୁମୀ ଆସିଥିଲା, ସ୍ୱାଭାବିକ ଭାବରେ ବର୍ଷିବା ସହ ଧାର୍ଯ୍ୟ ସମୟରେ ବିଦାୟ ନେଇଛି। ଅନ୍ୟପକ୍ଷରେ ଚଳିତ ବର୍ଷ ପୂର୍ବ ବର୍ଷଗୁଡ଼ିକ ତୁଳନାରେ ଶୀଘ୍ର ଆସିବ ଥଣ୍ଡା। ଏପରିକି ପୂର୍ବ ବର୍ଷଗୁଡ଼ିକ ତୁଳନାରେ ଚଳିତ ବର୍ଷ ଅଧିକ ଥଣ୍ଡା ପଡ଼ିବ ବୋଲି ପାଣିପାଗବିଜ୍ଞାନୀମାନେ ଆକଳନ କରୁଛନ୍ତି। ପ୍ରାୟ ୨ ମାସ ପୂର୍ବରୁ ହିମାଳୟ ଉପରାର୍ଦ୍ଧର ୮୬% ଅଞ୍ଚଳ ବରଫରେ ଆବୃତ୍ତ ହୋଇଛି ଓ ହିମାଳୟର ନିମ୍ନଭାଗ ଅଞ୍ଚଳର ତାପମାତ୍ରା ସ୍ୱାଭାବିକ ତାପମାତ୍ରାଠାରୁ ପ୍ରାୟ ୩ ଡ଼ିଗ୍ରୀ ପର୍ଯ୍ୟନ୍ତ କମ୍ ହୋଇଛି ଓ ବରଫ ତରଳିବା ହାର ପ୍ରାୟ ଶୂନ୍ୟକୁ ଖସି ଆସିଛି । ଡ଼ିସେମ୍ବରରେ ଲା ନିନା ସକ୍ରିୟ ହେବା ସମ୍ଭାବନା ଥିବାରୁ ଚଳିତବର୍ଷ ଭାରତରେ ଭଲ ବର୍ଷା ହୋଇଛି ଓ ଅଧିକ ଥଣ୍ଡା ପଡ଼ିବାର ଆଶଙ୍କା ସୃଷ୍ଟି ହୋଇଛି।

ହିମାଳୟର ଉପରାର୍ଦ୍ଧା ଅର୍ଥାତ୍ ୪ ହଜାର ଫୁଟ ଉଚ୍ଚରୁ ଅଧିକ ଅଞ୍ଚଳରେ ତାପମାତ୍ରା ଏବେ ବିୟୁକ୍ତ ୧୫ ଡ଼ିଗ୍ରୀ ରହିଛି। ଲା ନିନା କାରଣରୁ ଉତ୍ତର, ମଧ୍ୟ ଓ ପୂର୍ବ ଭାରତରେ ତାପମାତ୍ରା ଖୁବ୍ ଶୀଘ୍ର ୩ରୁ ୪ ଡ଼ିଗ୍ରୀ ପର୍ଯ୍ୟନ୍ତ କମିପାରେ ବୋଲି କୁହାଯାଉଛି। ହିମାଚଳ ପ୍ରଦେଶ, ସିକିମ, ଉତ୍ତରାଖଣ୍ଡ, ଜାମ୍ମୁକାଶ୍ମୀର ତାପମାତ୍ରା ଦ୍ରୁତ ବେଗରେ ହ୍ରାସ ପାଇଛି। ଏପରିକି ମଧ୍ୟପ୍ରଦେଶରେ ତାପମାତ୍ରା ୧୬ ଡ଼ିଗ୍ରୀ ଫସିଛି। ଭୋପାଳରେ ତାପମାତ୍ରା ସ୍ୱାଭାବିକଠାରୁ ୪ ଡ଼ିଗ୍ରୀ କମ୍ ହୋଇ ୧୫.୮ ଡ଼ିଗ୍ରୀକୁ ଖସିଛି। ରାଜସ୍ଥାନରେ ଦିନ ଓ ରାତିର ତାପମାତ୍ରା ମଧ୍ୟ ହ୍ରାସ ପାଇଛି । ରାତିର ତାପମାତ୍ରା ୧୫ ଡ଼ିଗ୍ରୀ ତଳକୁ ଖସିଥିବା ▶ପୃଷ୍ଠା-୧୦

**ରକେଟ୍ ଭଳି ଉଠୁଛି ଚାନ୍ଦି**

# ରୁପା ୨ ଲକ୍ଷ ପାର୍

**୨୮୬ ଦିନରେ ଦୁଇଗୁଣ**

**ସପ୍ତାହକରେ ୩୩ ହଜାର ମହଙ୍ଗା**

**ସୁନା ୧୦ ଗ୍ରାମ ୧.୨୮ ଲକ୍ଷ ଟଙ୍କା**

■ **ନୂଆଦିଲ୍ଲୀ, ୧୪।୧୦ (ଏଜେନ୍ସି):** ଇତିହାସ ରଚିଲାଣି ସୁନା ଓ ରୁପା ଦର। ଦୈନିକ ଦରରେ ନୂଆ ରେକର୍ଡ ପ୍ରତିଷ୍ଠା ହେଉଛି। ସୋମବାର ଘରୋଇ ବଜାରରେ ପୁନର୍ବାର ସୁନା ଏବଂ ରୂପା ମୂଲ୍ୟ ରେକର୍ଡ ସ୍ତରରେ ପହଞ୍ଚିଛି। ହେଲେ ଦର ବୃଦ୍ଧି କ୍ଷେତ୍ରରେ ବର୍ତ୍ତମାନ ସୁନା ଦରକୁ ବଳିଯାଉଛି ରୁପା ଦର। ରକେଟ୍ ଭଳି ଉଠିବାରେ ଲାଗିଛି ରୁପା ଦର। ଏମିତିକି ମାତ୍ର ଗୋଟିଏ ଦିନରେ ରୁପା କିଲୋ ପିଛା ୭ ହଜାର ଟଙ୍କାରୁ ଅଧିକ ବୃଦ୍ଧି ଘଟିଛି। ଫଳରେ ପ୍ରଥମ ଥର ପାଇଁ ଦେଶରେ ରୁପା ଦର ୨ ଲକ୍ଷ ଟଙ୍କା ଟପି ଇତିହାସ ରଚିଛି। ଏଥିରେ ସୋମବାର ରାଜଧାନୀ ଭୁବନେଶ୍ୱରରେ ରୁପା କିଲୋ ପିଛା ୨.୬ ଲକ୍ଷ ଟଙ୍କା ଛୁଇଁ ସର୍ବକାଳୀନ ରେକର୍ଡ ପ୍ରତିଷ୍ଠା ହୋଇଛି। କୌତୂହଳର ବିଷୟ ହେଉଛି ଯେ, ମାତ୍ର ୨୮୬ ଦିନରେ ରୁପା ମୂଲ୍ୟ ଦୁଇ ଗୁଣ ବଢ଼ିଯାଇଥିବାବେଳେ ସପ୍ତାହକରେ ଏହା ୩୩ ହଜାର ଟଙ୍କା ମହଙ୍ଗା ହୋଇଛି। ▶ପୃଷ୍ଠା-୧୦

**ଦୀପାବଳିରେ ବାଣଫୁଟା ମାର୍ଗଦର୍ଶିକା ଜାରି**

# ଜଗିବ କିଏ ? ମାପିବ କିଏ ?



**ସନ୍ଧ୍ୟା ୭ଟାରୁ ୯ଟା ପର୍ଯ୍ୟନ୍ତ ଫୁଟାଯିବ ବାଣ**

**୧୨୫ ଡେସିବେଲରୁ ଅଧିକ ହେବନି ଶବ୍ଦ**

**ନିୟମ ନ ମାନିଲେ କାର୍ଯ୍ୟାନୁଷ୍ଠାନ ଚେତାବନୀ**

■ **ଭୁବନେଶ୍ୱର, ୧୪।୧୦ (ସମିସ):** ଏଥର ଦୀପାବଳିରେ ମାତ୍ର ୨ ଘଣ୍ଟା ବାଣ ଫୁଟାଯାଇ ପାରିବ, ତାହା ପୁଣି ସବୁଜ ବାଣ। ଏଥିପାଇଁ ପୁଣି ସର୍ତ୍ତ ରହିଛି ଯେ ଏହି ବାଣର ଶବ୍ଦ ୧୨୫ ଡ଼େସିବେଲରୁ ଅଧିକ ହେବ ନାହିଁ। ସୁପ୍ରିମକୋର୍ଟଙ୍କ ନିର୍ଦ୍ଦେଶକ୍ରମେ ଅନୁରୂପ ମାର୍ଗଦର୍ଶିକା ଜାରି କରିଛି ରାଜ୍ୟ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ। ଏହା ସହ ଯେଉଁମାନେ ଏହି ନିୟମ ନ ମାନିବେ, ସେମାନଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ହେବ ବୋଲି ମଧ୍ୟ ଚେତାବନୀ ଦିଆଯାଇଛି । ମାତ୍ର ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ ଜାରି କରିଥିବା ଏହି ନିର୍ଦ୍ଦେଶକୁ ନେଇ ମଧ୍ୟ ସ୍ୱାଭାବିକ ପ୍ରଶ୍ନ ଉଠିଛି। ଧାର୍ଯ୍ୟ ସମୟ ମଧ୍ୟରେ ବାଣ ଫୁଟାଯିବା ବେଳେ ଏହାର ଡ଼େସିବେଲ କିଏ ମାପିବ ଏବଂ ୭ଟା ପୂର୍ବରୁ ଓ ୯ଟା ପରେ ବାଣଫୁଟାକୁ କିଏ ଜଗିବ ବୋଲି ପ୍ରଶ୍ନ ଉଠିଛି ।

ବିଭାଗ ପକ୍ଷରୁ ଜାରି ନିର୍ଦ୍ଦେଶନାମାରେ କୁହାଯାଇଛି ଯେ ସବୁଜ ବାଣ ବ୍ୟତୀତ ଅନ୍ୟ ସବୁ ବାଣ ଉପରେ କଟକଣା ରହିଛି। ଯଦି କେହି ବାଣ ଫୁଟାଉଛନ୍ତି ତେବେ ୧୨୫ ଡେସିବେଲ ଅର୍ଥାତ୍ କମ୍ ଶବ୍ଦ ସୃଷ୍ଟିକାରୀ ବାଣ ଫୁଟାଇ ପାରିବେ ପୁଣି ପାର୍କ, ହସ୍ପିଟାଲ୍, ଶିକ୍ଷାନୁଷ୍ଠାନ, କୋର୍ଟ, ଧାର୍ମିକ ସ୍ଥାନର ୧୦୦ ମିଟର ପରିଧି ମଧ୍ୟରେ ▶ପୃଷ୍ଠା-୧୦




| MODEL | 125 CF | NS 125 | 150 | N160 | NS 160 | NS 200 |
|---|---|---|---|---|---|---|
| 100% GST ଲାଭ | ₹7 963/-* | ₹9 240/-* | ₹10 059/-* | ₹11 424/-* | ₹11 636/-* | ₹12 943/-* |
| PF + ବୀମା ସଞ୍ଚୟ | ₹2 900/-* | ₹3 300/-* | ₹3 600/-* | ₹4 200/-* | ₹4 200/-* | ₹4 800/-* |
| ହ୍ୟାଟ୍-ଟ୍ରିକ୍ ସଞ୍ଚୟ | ₹10 863/-* | ₹12 540/-* | ₹13 659/-* | ₹15 624/-* | ₹15 836/-* | ₹17 743/-* |

10 YEAR WARRANTY
BAJAJ SECURE • AMC • ROAD SIDE ASSISTANCE
72198 21111
HDFC BANK | SHRIRAM Finance | IDFC FIRST Bank ALWAYS YOU FIRST | BAJAJ AUTO CREDIT | L&T Finance | TATA CAPITAL Two Wheeler Loans

*ସର୍ତ୍ତ ଓ ନିୟମାବଳୀ ଲାଗିବ । ହ୍ୟାଟ୍-ଟ୍ରିକ୍ ସେଭିଙ୍ଗ୍ସ 22 ସେପ୍ଟେମ୍ବର 2025 ରୁ ବୈଧ । ମୋଟ ସଞ୍ଚୟରେ ଅଛି 100% GST ଲାଭ (ଏକ୍ସ-ଶୋରୁମ୍ ମୂଲ୍ୟ ଓ ପ୍ରଯୁଜ୍ୟ RTO କର ରେ), ନିଲ୍ ପ୍ରୋସେସିଙ୍ଗ ଫି, ଆଉ 1-ବର୍ଷର ଓନ୍ ଡ୍ୟାମେଜ୍ ଇନ୍ସ୍ୟୋରାନ୍ସ । ଫାଇନାନ୍ସର୍/ଇନ୍ସ୍ୟୋରର୍ ଆଉ ଲୋକେସନ୍ ଅନୁସାରେ ନିଲ୍ PF ଆଉ OD ରେ ସଞ୍ଚୟ ଭିନ୍ନ ହୋଇପାରେ । ଫାଇନାନ୍ସର୍ ଙ୍କ ନିଜସ୍ୱ ବିବେଚନା ଆଧାରରେ ଫାଇନାନ୍ସ । 5 ବର୍ଷର ଷ୍ଟାଣ୍ଡାର୍ଡ ୱାରଣ୍ଟୀ + 5 ବର୍ଷର ଏକ୍ସଟେଣ୍ଡେଡ୍ ୱାରଣ୍ଟୀ @ ₹999/- । ପ୍ରଦର୍ଶିତ ଷ୍ଟଣ୍ଟଗୁଡ଼ିକ ଏକ୍ସପର୍ଟ ମାନଙ୍କ ଦ୍ୱାରା, ପେଶାଦାରମାନଙ୍କ ତତ୍ତ୍ୱାବଧାନରେ, ନିୟନ୍ତ୍ରିତ ପରିବେଶରେ କରାଯାଇଛି । ନକଲ କରିବାର ଅପଚେଷ୍ଟା କରନ୍ତୁ ନାହିଁ, ସବୁବେଳେ ଟ୍ରାଫିକ୍ ଓ ସେଫ୍ଟୀ ନିୟମଗୁଡ଼ିକ ପାଳନ କରନ୍ତୁ ।

**Authorised Dealers for BAJAJ Auto Ltd.: Jajpur Road** PARIDA BAJAJ 7381012602 • **Dhenkanal** SHIVAM BAJAJ 7873922722 • **Jajpur Road** PARIDA BAJAJ 7381012602 • **Rahama** MAITREE BAJAJ 9668801781 • **Cuttack: Badambadi** SURAJ BAJAJ 8093066603 • **Shikharpur RASHMI BAJAJ 9237379210** • **Satichaura RASHMI BAJAJ 9237379211** • **Chandikhole** TARINI BAJAJ 9937310800. • **Pattamundai MAITREE BAJAJ 7064987720/9668801781**, • **Kendrapara** TARINI BAJAJ 8338944471 • **Rajnagar** MAITREE BAJAJ 7064987720/9668801781 • **Anandapur** PARIDA BAJAJ 7381670007, • **Udala** BALA BAJAJ 8260843646 • **Jaleswar** SURAJ BAJAJ **9124626016**, • **Markona** SURAJ BAJAJ **9124626001** • **Basudevpur SHANKAR BAJAJ 9040902802** • **Rairangpur BALA BAJAJ 9583777236** • **Harichandanpur JR BAJAJ 7008484029**

## ପ୍ରଶାସନର ଇଚ୍ଛାଶକ୍ତିର ଅଭାବ

# ଦେଉଳା ଆଶ୍ରମ ସ୍କୁଲରେ ନାହିଁ ପରିଚାଳନା କମିଟି

ବାଲିଆପାଳ, ୧୪।୧୦ (ସମିସ)




ବାଲିଆପାଳ ବ୍ଲକ ଦେଉଳା ଆଶ୍ରମ ସ୍କୁଲରେ ଦୀର୍ଘଦିନ ଧରି ପରିଚାଳନା କମିଟି ନ ଥିବାରୁ ପ୍ରଧାନଶିକ୍ଷକ ଓ ବ୍ଲକ ସମାଜ ମଙ୍ଗଳ ଅଧିକାରୀଙ୍କ ମଧ୍ୟରେ ସଲାସୁତୁରା ଯୋଗୁଁ ସେଠାରେ ସରକାରୀ ଅର୍ଥରେ ବ୍ୟାପକ ଅନିୟମିତତା ହେଉଥିବାର ଅଭିଯୋଗ ହେଉଛି। ଗୁରୁତ୍ୱପୂର୍ଣ୍ଣ କଥା ସ୍କୁଲରେ ଛଅ ଜଣ ସିନିୟର ଶିକ୍ଷକ, ଶିକ୍ଷୟିତ୍ରୀ ଥିବାବେଳେ ଜଣେ ନୂଆ କରି ସ୍କୁଲକୁ ଆସିଥିବା ଜୁନିୟର ଶିକ୍ଷକଙ୍କୁ ପ୍ରଧାନଶିକ୍ଷକ ଓ ହଷ୍ଟେଲ ଦାୟିତ୍ୱ ଦିଆଯାଇଛି କିପରି?

ଦେଉଳା ଆଶ୍ରମ ସ୍କୁଲରେ ପ୍ରଥମରୁ ଅଷ୍ଟମ ଶ୍ରେଣୀରେ ୨୯୩ ଛାତ୍ର ଛାତ୍ରୀ ପଢୁଥିବା ବେଳେ ସେଥିମଧ୍ୟରୁ ବାଲେଶ୍ୱର ଓ ମୟୂରଭଞ୍ଜ ଜିଲ୍ଲାରୁ ୨୬୪ ଓ ସ୍ଥାନୀୟ ୨୯ ଛାତ୍ରଛାତ୍ରୀ ରହିଛନ୍ତି। ହଷ୍ଟେଲରେ ରହୁଥିବା ସମସ୍ତ ପିଲାଙ୍କ ପାଇଁ ଶୋଇବା ଖଟର ସୁବିଧା ନ ଥିବାରୁ ଅଧିକାଂଶ ପିଲା ତଳେ ଶୋଉଛନ୍ତି। ପିଲାଙ୍କ ପାଇଁ ଲାଟିନ ଓ ବାଥରୁମର ବିଶେଷ ସୁବିଧା ନ ଥିବାରୁ ଛୋଟ ଛୋଟ ପିଲାମାନେ ଅଧିକାଂଶ ସମୟରେ ଥଣ୍ଡା, କାଶ ଓ ଜ୍ୱରରେ ଆକ୍ରାନ୍ତ ହୋଇ ମେଡିକାଲରେ ଭର୍ତ୍ତି ହେଉଛନ୍ତି। ଖାଦ୍ୟରେ ପିଲାଙ୍କ ପେଟ ପୁରୁନାହିଁ। ପିଲାମାନେ ଅଧିକାଂଶ ସମୟରେ ଭୋକିଲା ରହୁଛନ୍ତି। ପିଲାଙ୍କୁ ତେଲ, ସାବୁନ ଓ କପଡା ସଫା କରିବା ସାବୁନ ଦେବାରେ ମଧ୍ୟ କଟକଣା। ସେହିପରି ବିଦ୍ୟାଳୟରେ ଖେଳ ଶିକ୍ଷକ ଥିଲେ ହେଁ ପ୍ରତ୍ୟେକ ଦିନ ପିଲାଙ୍କୁ ଖେଳ ସମ୍ବନ୍ଧରେ କିଛି ଶିକ୍ଷା ଦିଆଯାଉନାହିଁ। ସ୍କୁଲରେ ପିଲାଙ୍କ ପାଇଁ ଖେଳ ଉପକରଣ ଅଛି କି ନାହିଁ ତାହା ମଧ୍ୟ ସନ୍ଦେହ। ଏଠାରେ ସ୍ଥାନୀୟ ପିଲାଙ୍କୁ ଛାଡି ଦେଲେ ହଷ୍ଟେଲରେ ୨୫୦/୨୬୦ ପିଲା ରହୁଥିବାବେଳେ ବାକି ପିଲା ଘରୁ ଯିବାଆସିବା କରୁଥିବା କଥା ପ୍ରଧାନଶିକ୍ଷକ ମୂରଲୀ ମୋହନ ଜେନା କହିଛନ୍ତି। ମାସରେ ପ୍ରତ୍ୟେକ ପିଲାଙ୍କୁ ୧୦ଟା ଅଣ୍ଡା ,୪ଥର ମାଛ, ଓ ୨ଥର ମାଂସ ଦିଆଯାଉଛି। କିନ୍ତୁ ଦୁଃଖର କଥା ସ୍କୁଲରେ ରେକର୍ଡ ମୁତାବକ ପିଲା ନ ଥିବାବେଳେ ପ୍ରତ୍ୟେକ ଦିନ ୬୦/୭୦ ପିଲାର ମିଛ ଉପସ୍ଥାପନ ପକାଇ ପ୍ରଧାନଶିକ୍ଷକ ଅର୍ଥ ଆତ୍ମସାତ କରୁଥିବାର ଚର୍ଚ୍ଚା ହେଉଛି। ଜଳେଶ୍ୱର ବ୍ଲକ ସର୍ଦାରବନ୍ଧ ସେବାଶ୍ରମ ସ୍କୁଲର ଶିକ୍ଷକ ମୂରଲୀ ମୋହନ ଜେନା ଦେଉଳା ଆଶ୍ରମ ସ୍କୁଲରେ ପ୍ରଧାନଶିକ୍ଷକ ଦାୟିତ୍ୱରେ ଗତ କିଛି ମାସ ରହିଥିବାବେଳେ ତାଙ୍କ ଘର ବାଲିଆପାଳ ବ୍ଲକରେ। କିନ୍ତୁ ସ୍କୁଲରେ ସିନିୟର ଶିକ୍ଷକ ଅଜୟ କୁମାର ବରଙ୍କ ଚାକିରୀ କାଳ ଆଉ ଦୁଇବର୍ଷ ରହିଥିବାବେଳେ ତାଙ୍କୁ ପ୍ରଧାନଶିକ୍ଷକ ଦାୟିତ୍ୱ ଦିଆ ନ ଯାଇ ଜଣେ ନୂଆକରି ଆସିଥିବା ଜୁନିୟର ଶିକ୍ଷକ ଶ୍ରୀ ଜେନାଙ୍କୁ ପ୍ରଧାନଶିକ୍ଷକ ଓ ହଷ୍ଟେଲ ଦାୟିତ୍ୱ ଦିଆଯିବାକୁ ନେଇ ଅନେକ କଥା ଶୁଣିବାକୁ ମିଳୁଛି। ଏ ଦିଗରେ ବାଲେଶ୍ୱର ଜିଲ୍ଲାପାଳ ଦୃଷ୍ଟି ଦେବାକୁ ସାଧାରଣରେ ଦାବି ହେଉଛି।

# ମ୍ୟୁନିସିପାଲିଟି ସୀମା ନିର୍ଦ୍ଧାରଣ ସମ୍ପର୍କିତ ସମୀକ୍ଷା ବୈଠକ

ବାଲେଶ୍ୱର,୧୪।୧୦(ସମିସ): ଜିଲ୍ଲାପାଳଙ୍କ କନଫରେନ୍ସ ହଲ୍‌ରେ ବାଲେଶ୍ୱର ମ୍ୟୁନିସିପାଲିଟି ସୀମା ନିର୍ଦ୍ଧାରଣ ସମ୍ପର୍କିତ ବିଷୟରେ ଏକ ସମୀକ୍ଷା ବୈଠକ ପିଡି ଡିଆରଡିଏଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ ରେମୁଣା ଓ ସଦର ବିଧାୟକଙ୍କ ସହ ପୌରପରିଷଦ ଅଧ୍ୟକ୍ଷ, ଉପାଧ୍ୟକ୍ଷ, କାର୍ଯ୍ୟନିର୍ବାହୀ ଅଧିକାରୀ ଏବଂ ସମ୍ବନ୍ଧିତ ଗ୍ରାମପଞ୍ଚାୟତ ଗୁଡ଼ିକର ସରପଞ୍ଚମାନେ ଉପସ୍ଥିତ ଥିଲେ। ପୂର୍ବ ପ୍ରସ୍ତାବ ଅନୁସାରେ ବାଲେଶ୍ୱର ବ୍ଲକର ୭ଟି ଗ୍ରାମପଞ୍ଚାୟତ ଓ ରେମୁଣା ବ୍ଲକର ୭ଟି ଗ୍ରାମପଞ୍ଚାୟତକୁ ବାଲେଶ୍ୱର ମ୍ୟୁନିସିପାଲିଟି ସୀମା ଭିତରେ ଅନ୍ତର୍ଭୁକ୍ତ କରିବା ପାଇଁ ଆଲୋଚନା କରାଯାଇଥିଲା। ସଭାରେ ଅଧିକ ଗ୍ରାମପଞ୍ଚାୟତ ଓ ଅଞ୍ଚଳଗୁଡ଼ିକୁ ବାଲେଶ୍ୱର ମ୍ୟୁନିସିପାଲିଟି ସହ ଅନ୍ତର୍ଭୁକ୍ତ କରିବା ସମ୍ଭାବନା ବିଷୟରେ ଆଲୋଚନା କରାଗଲା। ଏହା ଅନୁସାରେ ସଦର ବ୍ଲକର ପତ୍ରପଡା, ସରଗାଁ, ରେମୁଣା ବ୍ଲକର ହରିପୁର, ବାଲିଆ, ଭିମପୁରା, କରଞ୍ଜିଆ, କୁରୁଡା, ସରସ୍ୱତୀପୁର, ଦହାପଡା, ଅତିରିକ୍ତ ଆଲୋଚିତ ଅଞ୍ଚଳଗୁଡ଼ିକ: ସମଗ୍ର ରେମୁଣା ଏନଏସି, ଆଲୁପୁର ଗ୍ରାମପଞ୍ଚାୟତ, ନାଗରାମ ଗ୍ରାମପଞ୍ଚାୟତ, ଗେଙ୍ଗୁଟି ଗ୍ରାମପଞ୍ଚାୟତ (ଅଂଶ), ହିଡିଗାଁ ଗ୍ରାମପଞ୍ଚାୟତ (ଅଂଶ) ଓ ରଣସାହି ଗ୍ରାମପଞ୍ଚାୟତ (ଅଂଶ) ଅଞ୍ଚଳଗୁଡ଼ିକ ଉପରେ ଆଲୋଚନା ହେଇଥିଲା। ନୂତନ ପ୍ରସ୍ତାବ ତିଆରି ପୂର୍ବରୁ ସମ୍ପୂର୍ଣ୍ଣ ସର୍ଭେ ଓ ତଦନ୍ତ କରି ବିସ୍ତୃତ ତଥ୍ୟ ସଂଗ୍ରହ କରିବାକୁ ନିଷ୍ପତ୍ତି ନିଆଯାଇଛି। ସଭାରେ ସମସ୍ତ ଅଧିକାରୀ ଓ ଜନପ୍ରତିନିଧିମାନେ ଗୁରୁତ୍ୱପୂର୍ଣ୍ଣ ମତାମତ ରଖିଥିଲେ ଏବଂ ସୀମା ନିର୍ଦ୍ଧାରଣ ପ୍ରକ୍ରିୟାକୁ ଅଧିକ ସୁସଂଗଠିତ ଭାବେ ଆଗେଇ ନେବାକୁ ନିଷ୍ପତ୍ତି ନିଆଯାଇଛି।

# ଜଗନ୍ନାଥପୁର ପ୍ରାଥମିକ ବିଦ୍ୟାଳୟକୁ ୯.୫ ଲକ୍ଷର ଅନୁଦାନ ମଞ୍ଜୁର



ଭୋଗରାଇ, ୧୪।୧୦(ସମିସ) : ବାଲେଶ୍ୱର ଜିଲ୍ଲା ଭୋଗରାଇ ବ୍ଲକ ଜଗନ୍ନାଥପୁର ପ୍ରାଥମିକ ବିଦ୍ୟାଳୟକୁ ବିଧାୟକ ଗୌତମବୁଦ୍ଧ ଦାସ ପରିଦର୍ଶନରେ ଯାଇଥିଲେ। ଶୈକ୍ଷିକ ପରିବେଶ, ବାହ୍ୟ ପରିବେଶ ସହିତ ପିଲାଙ୍କ କୃତିତ୍ୱ ପାଇଁ ୧୪୦ ବର୍ଷର ଏହି ପୁରାତନ ୟୁଜିୟୁପି ସ୍କୁଲ ସ୍ଥାନୀୟ ଅଞ୍ଚଳର ଏକ ଆଦର୍ଶ ବିଦ୍ୟାଳୟ ଭାବେ ଖ୍ୟାତିଲାଭ କରିଛି। ସ୍କୁଲରେ ପ୍ରାୟ ୨୫୦ ପିଲା ପାଠ ପଢୁଥିବାବେଳେ ଶ୍ରେଣୀଗୃହର ଅଭାବ ଥିବାରୁ ନିକଟରେ ଏହି ସ୍କୁଲକୁ ଦୁଇଟି ପର୍ଯ୍ୟାୟରେ ୯ ଲକ୍ଷ ୫୦ ହଜାର ଟଙ୍କାର ଅନୁଦାନ ମଞ୍ଜୁର ହୋଇଥିବା ବିଧାୟକ ସୂଚନା ପ୍ରଦାନ କରିଛନ୍ତି। ଆଗାମୀ ଦିନରେ ଏହାକୁ ଏକ ହାଇସ୍କୁଲରେ ପରିଣତ କରିବାର ଯୋଜନା ସହ ଗୋଦାବରୀଶ ଆଦର୍ଶ ବିଦ୍ୟାଳୟ ଭାବେ ଅନୁମୋଦନ ପାଇଁ ସେ ଚେଷ୍ଟା କରିବେ ବୋଲି ପ୍ରତିଶ୍ରୁତି ଦେଇଛନ୍ତି। ଏହି ପରିଦର୍ଶନ ସମୟରେ ଶିକ୍ଷାବିତ ଡ. ସନ୍ତୋଷ ପାତ୍ର, ସରପଞ୍ଚ ଅଶୋକ ସାସମଲ, ସମିତି ସଦସ୍ୟଙ୍କ ପ୍ରତିନିଧି ଶ୍ରୀକାନ୍ତ ପ୍ରଧାନ, ପରିଚାଳନା କମିଟିର ସଭାପତି ସୁବ୍ରତ ଗିରି, ପ୍ରାକ୍ତନ ସିଆରସିସି ଲମ୍ବୋଦର ଜେନା, ସଞ୍ଜୟ ପଣ୍ଡା, ପ୍ରଧାନଶିକ୍ଷକ ଜଳେନ୍ଦ୍ର ସାହୁ, ଶିକ୍ଷକ, ଅଭିଭାବକ ଓ ପଞ୍ଚାୟତର ଜନପ୍ରତିନିଧିମାନଙ୍କ ସହ ଆଲୋଚନା କରିଛନ୍ତି।

# ନାବାଳକ ନିଖୋଜ ଅଭିଯୋଗ

ରୂପସା/ରାଜଘାଟ, ୧୪।୧୦ (ସମିସ): ବସ୍ତା ଥାନା ନିମା ଗ୍ରାମର ଜୈନିକ ନାବାଳକ ୨୫ଦିନ ଧରି ନିଖୋଜ ଥିବା ନେଇ ପରିବାର ପକ୍ଷରୁ ଥାନାରେ ଅଭିଯୋଗ ହୋଇଛି। ଅଭିଯୋଗ ଅନୁଯାୟୀ ଗ୍ରାମର ଧନୁର୍ଦ୍ଧର ସିଂଙ୍କ ପୁଅ ପବିତ୍ର(୧୫) ଭଉଣୀ ଘରକୁ ଯିବ କହି ପାଖା ପାଖି ୨୫ଦିନ ପୂର୍ବେ ଘରୁ ବାହାରିଯାଇଥିଲା। ମାତ୍ର ପବିତ୍ର ଭଉଣୀ ଘରୁ ନଫେରିବାରୁ ପରିବାର ଲୋକଙ୍କର ସନ୍ଦେହ ବଢିବାରେ ଲାଗିଥିଲା। ଫଳରେ ଧନୁର୍ଦ୍ଧର ଝିଅ ଏବଂ ବନ୍ଧୁବାନ୍ଧବଙ୍କୁ ପବିତ୍ରଙ୍କ ବାବଦରେ ପଚାରି ବୁଝିଥିଲେ। ମାତ୍ର କୌଣସି ପତ୍ତା ନ ମିଳିବାରୁ ଧନୁର୍ଦ୍ଧର ପୁଅ ନିଖୋଜ ହୋଇଥିବା ନେଇ ବସ୍ତା ଥାନାରେ ଲିଖିତ ଅଭିଯୋଗ କରିଛନ୍ତି। ଅଭିଯୋଗ ଆଧାରରେ ପୁଲିସ ଘଟଣାର ତଦନ୍ତ ଜାରି ରଖିଛି।

# ମାନସିକ ସ୍ୱାସ୍ଥ୍ୟ ସଚେତନ ସପ୍ତାହରେ ପାଠଚକ୍ର




ନୀଳଗିରି, ୧୪।୧୦ (ସମିସ): ମିତ୍ରପୁର ଅଧିନସ୍ଥ ସ୍ୱର୍ଣ୍ଣଚୂଡ଼ ମହାବିଦ୍ୟାଳୟ ସଭାଗୃହରେ ଲାୟନ୍ସ କ୍ଲବ, ମିତ୍ରପୁର, ଆସ୍ଥା ଚାରିଟେବୁଲ ଟ୍ରଷ୍ଟ ମିଳିତ ଆନୁକୂଲ୍ୟରେ ମାନସିକ ସ୍ୱାସ୍ଥ୍ୟ ସଚେତନ ସପ୍ତାହର ଏକ ପାଠଚକ୍ର ଅନୁଷ୍ଠିତ ହୋଇଯାଇଛି । ଅଧ୍ୟକ୍ଷା ଜ୍ୟୋସ୍ନାରାଣୀ ଦାସଙ୍କ ଅନୁମତି କ୍ରମେ ପାଠଚକ୍ର ଆୟୋଜିତ ହୋଇଥିଲା। ଉକ୍ତ ପାଠଚକ୍ରରେ ୱାଇଆରସିର କାଉନସିଲର ଡ. ନବନିତା ଦାସ ସଭା ପରିଚାଳନା କରିଥିବାବେଳେ ଅଧ୍ୟାପିକା ଉତ୍କର୍ଷା ଦାସ ଅତିଥି ପରିଚୟ ପ୍ରଦାନ କରିଥିଲେ। ମୁଖ୍ୟବକ୍ତା ଭାବରେ ଫକୀର ମୋହନ କଲେଜ ଆଣ୍ଡ ହସ୍ପିଟାଲ, ବାଲେଶ୍ୱରର ମନସ୍ତତ୍ତ୍ୱ ବିଶେଷଜ୍ଞ ଡା. ପ୍ରଦୀପ କୁମାର ନାୟକ ଛାତ୍ରଛାତ୍ରୀଙ୍କ ଉଦ୍ଦେଶ୍ୟରେ ବହୁମୂଲ୍ୟ ବକ୍ତବ୍ୟ ରଖିଥିଲେ । ବକ୍ତବ୍ୟରେ ଜଗତ, ଜୀବନ ଓ ଜୀବନ ଭିତରେ ଥିବା ଜଞ୍ଜାଳ ମଧ୍ୟରେ ମଣିଷ କିପରି ପ୍ରଭାବିତ ହେଉଛି? ତାର କାରଣ ନିରାକରଣକୁ ଦର୍ଶାଇ ଥିଲେ। ସୁସ୍ଥ ମାନସିକ ସ୍ୱାସ୍ଥ୍ୟ ଗଠନରେ ନିର୍ମଳ ମନର ଭୂମିକାକୁ ଗୁରୁତ୍ୱ ଦେବା ପାଇଁ ଛାତ୍ରଛାତ୍ରୀଙ୍କୁ ଉପଦେଶ ଦେଇଥିଲେ। ଆସ୍ଥା ଚାରିଟେବୁଲ ଟ୍ରଷ୍ଟର ଅଧ୍ୟକ୍ଷ ବଟକୃଷ୍ଣ ଘୋଷ ମାନସିକ ଦୂରୀକରଣ ପାଇଁ ଆଗକୁ ଏହିଭଳି କାର୍ଯ୍ୟପନ୍ଥା ଗ୍ରହଣ କରିବେ ବୋଲି ଦୃଢ଼ ସଂକଳ୍ପ ନେଇଛନ୍ତି। ଲାୟନ୍ସ କ୍ଲବର ଉପସଭାପତି ପ୍ରକାଶ କୁମାର ମହାପାତ୍ର ପୁଷ୍ଟିକର ଖାଦ୍ୟ ଗ୍ରହଣ, ଖାଦ୍ୟ ହଜମ ଏବଂ ବ୍ୟାୟାମ ସମ୍ପର୍କରେ ପିଲାମାନଙ୍କ ଉଦ୍ଦେଶ୍ୟରେ ମତ ରଖିଥିଲେ। ଲାୟନ୍ସ କ୍ଲବର ସଭାପତି ଜ୍ୟୋତିରଞ୍ଜନ ପ୍ରଧାନ, ଗୋପାଳ ଚନ୍ଦ୍ର ମହାପାତ୍ର, ବିଦ୍ୟାଧର ନାୟକ, ସନ୍ଧ୍ୟାରାଣୀ ମହାପାତ୍ର ନିଜର ମତାମତ ରଖିଥିଲେ । ଏହି କାର୍ଯ୍ୟକ୍ରମରେ ଶତାଧିକ ଛାତ୍ରଛାତ୍ରୀ ଏବଂ ଅଧ୍ୟାପକ ଅଧ୍ୟାପିକାମାନେ ଅଂଶଗ୍ରହଣ କରିଥିଲେ। ପ୍ରାଧ୍ୟାପକ ଅମିତ ସାହୁ ବଳିଷ୍ଠ ସହଯୋଗରେ ଏହି କାର୍ଯ୍ୟପନ୍ଥା କାର୍ଯ୍ୟକାରୀ ହୋଇଥିଲା।

# ନୂଆଗାଁରେ କବାଡି ଟୁର୍ଣ୍ଣାମେଣ୍ଟ ଉଦ୍‌ଯାପିତ



ବାଲିଆପାଳ, ୧୪।୧୦ (ସମିସ): ଶାରଦୀୟ ଦୁର୍ଗାପୂଜା ଅବସରରେ ବାଲିଆପାଳ ବ୍ଲକ ନୂଆଗାଁ ପଞ୍ଚାୟତ ଅଧିନସ୍ଥ ନୂଆଗାଁ ଦୁର୍ଗାପୂଜା କମିଟି ଆନୁକୂଲ୍ୟରେ ସ୍ୱର୍ଗତଃ ଦିବାକର ପାତ୍ରଙ୍କ ସ୍ମୃତି ଉଦ୍ଦେଶ୍ୟରେ କବାଡି ଟୁର୍ଣ୍ଣାମେଣ୍ଟ ସୋମବାର ଉଦଯାପିତ ହୋଇଯାଇଛି। ୭ ଦିନ ଧରି ଅନୁଷ୍ଠିତ ଏହି କବାଡି ଟୁର୍ଣ୍ଣାମେଣ୍ଟରେ ଦୀଘା (ପଶ୍ଚିମବଙ୍ଗ), ପାକମୁଣ୍ଡି, ବାଲିଆପାଳ, ଚାନ୍ଦମଣୀ, ବିଷ୍ଣୁପୁର, ଭୋଗରାଇ, ଚଉମୁଖ, ବାରିପଦା (ମୟୂରଭଞ୍ଜ) ପ୍ରମୁଖ ୮ଟି ଦଳ ଅଂଶ ଗ୍ରହଣ କରିଥିଲେ। ଫାଇନାଲ ଖେଳରେ ବାରିପଦା ଦଳକୁ ହରାଇ ବିଷ୍ଣୁପୁର ଦଳ ଚାମ୍ପିଅନ ହୋଇଥିଲେ। ଉଦଯାପନୀ ଉତ୍ସବରେ ମୁଖ୍ୟଅତିଥି ଭାବେ ବସ୍ତା ବିଧାୟିକା ସୁବାସିନୀ ଜେନା ଯୋଗ ଦେ ଫାଇନାଲ ଖେଳକୁ ଉଦଘାଟନ କରି ଖେଳାଳୀଙ୍କୁ ଉତ୍ସାହିତ କରିଥଲେ। ଅନ୍ୟମାନଙ୍କ ମଧ୍ୟରେ ଚକ୍ରଧର ଗିରି, ଦୁର୍ଗାପୂଜା କମିଟି ସଭାପତି ବରେନ୍ଦ୍ର ରାଉତ, ଗଙ୍ଗାଧର ପଢ଼ିଆରୀ, ଅଂଜନ କୁମାର ଦେବନାଥ, ଲକ୍ଷ୍ମୀକାନ୍ତ ଗିରି, ଅଂଜନ କୁମାର ବେହେରା, ସୁଧାଂଶୁ ରାଉତ, ବରେନ୍ଦ୍ର ଦଳାଇ, ମନ୍ମଥ ଚକ୍ରବର୍ତ୍ତୀ,ତପନ କୁମାର ପାତ୍ର, ଅନୀଲ ଦେବନାଥ, ପଦ୍ମ ଲୋଚନ ବିଶ୍ୱାଳ ପ୍ରମୁଖ ବହୁ ବ୍ୟକ୍ତି ଯୋଗ ଦେଇଥିଲେ। ହେମନ୍ତ ପରିଡ଼ା, ରଂଜନ କୁମାର ସାହୁ, ରାଜୀବ ଲୋଚନ ସାହୁ, ସୁଭଦ୍ରା ଶାସମଲ ପ୍ରମୁଖ ରାଜ୍ୟସ୍ତରୀୟ ରେଫରି ଖେଳକୁ ପରିଚାଳନା କରିଥିଲେ। ବିଜୟୀ ଏବଂ ରନର୍ସ ଅପ ଦଳକୁ କମିଟି ପକ୍ଷରୁ ଟ୍ରଫି ଏବଂ ନଗଦ ଅର୍ଥ ପ୍ରଦାନ କରାଯାଇଥିଲା । ନୂଆଗାଁ ଦୁର୍ଗାପୂଜା କମିଟିର ସମସ୍ତ ସଦସ୍ୟ କବାଡି ଟୁର୍ଣ୍ଣାମେଣ୍ଟ ପରିଚାଳନାରେ ସହଯୋଗ କରିଥିଲେ। କବାଡି ଖେଳକୁ ଉପଭୋଗ କରିବାକୁ ବହୁ ଭିଡ଼ ଦେଖିବାକୁ ମିଳିଥିଲା।

# ପାଖର କ୍ଲଷ୍ଟରରେ ସୁରଭି କାର୍ଯ୍ୟକ୍ରମ



ସୋର, ୧୪।୧୦(ସମିସ): ଶ୍ୟାମସୁନ୍ଦର ସରକାରୀ ଉଚ୍ଚ ବିଦ୍ୟାପୀଠ ପାଖରରେ କ୍ଲଷ୍ଟର ସ୍ତରୀୟ ସୁରଭି -୨୦୨୫ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିବା ବେଳେ ମୋ ସ୍ୱପ୍ନର ଓଡ଼ିଶା -୨୦୩୬ ବିଭିନ୍ନ ବିଭାଗରେ ଛାତ୍ରଛାତ୍ରୀଙ୍କ ମଧ୍ୟରେ ପ୍ରତିଯୋଗିତା ଅନୁଷ୍ଠିତ ହୋଇଛି। ୧୦ଟି ପ୍ରାଥମିକ ବିଦ୍ୟାଳୟ,୨ଟି ଉଚ୍ଚ ବିଦ୍ୟାଳୟ ଓ ୧ଟି ଉଚ୍ଚମାଧ୍ୟମିକ ବିଦ୍ୟାଳୟର ପ୍ରତିଯୋଗୀ ଅଂଶଗ୍ରହଣ କରିଥିଲେ। ଅପରାହ୍ନ ୨ଟାରେ ପୁରସ୍କାର ବିତରଣ ସଭା କରାଯାଇ କୃତି ପ୍ରତିଯୋଗୀମାନଙ୍କୁ ପ୍ରମାଣ ପତ୍ର ସହିତ ପୁରସ୍କାର ବିତରଣ କରାଯାଇଛି। ବିଦ୍ୟାଳୟର ପ୍ରଧାନ ଶିକ୍ଷକ ଶୁକଦେବ ନାୟକଙ୍କ ସଭାପତିତ୍ୱରେ ସଭା କାର୍ଯ୍ୟ ପରିଚାଳନା କରାଯାଇଥିଲା। ପାଖର ସରପଞ୍ଚ ପଦ୍ମାଳୟା ମହାପାତ୍ର ମୁଖ୍ୟଅତିଥି, ଜଳେଶ୍ୱର ମହାବିଦ୍ୟାଳୟର ପୂର୍ବତନ ଅଧ୍ୟକ୍ଷ ଦିଲୀପ କୁମାର ପଣ୍ଡା ମୁଖ୍ୟବକ୍ତା, କ୍ଲଷ୍ଟର୍ ସଂଯୋଜକ ଅଜୟ କୁମାର ମଲ୍ଲିକ, ପ୍ରାକ୍ତନ ଛାତ୍ର ସଂସଦର ସଭାପତି ଭୋଳାନାଥ ପଣ୍ଡା, ସକ୍ରିୟ ସଦସ୍ୟ ହରିହର ଦାସ ଓ ବିଦ୍ୟାଧର ନାୟକ ସମ୍ମାନିତ ଅତିଥି ରୂପେ ମଞ୍ଚାସିନ ହୋଇ ସୁରଭି ପ୍ରତିଯୋଗିତାର ଗୁରୁତ୍ୱ ଉପରେ ବକ୍ତବ୍ୟ ରଖିଥିଲେ। ବିଦ୍ୟାଳୟର ଶିକ୍ଷକ ସୁଧାକର ଦାସ ମଞ୍ଚ ଆବାହନ ଓ ଶିକ୍ଷକ ବିଜୟକୁମାର ବିଶ୍ୱାଳ ଧନ୍ୟବାଦ ଜ୍ଞାପନ କରିଥିଲେ।

# ନୀଳଗିରି ରକ୍ତଦାତା ସଂଘ ପକ୍ଷରୁ ଉପଜିଲ୍ଲାପାଳଙ୍କୁ ଦାବିପତ୍ର

ନୀଳଗିରି, ୧୪।୧୦ (ସମିସ): ନୀଳଗିରି ଉପଖଣ୍ଡ ଚିକିତ୍ସାଳୟର ରକ୍ତ କେନ୍ଦ୍ରରେ ଟେକ୍ନିସିଆନ୍ ଅଭାବରୁ ରକ୍ତଦାନ କ୍ଷେତ୍ରରେ ବହୁ ସମସ୍ୟା ଉପୁଜୁଛି। ଜଣେ ଟେକ୍ନିସିଆନ୍‌କୁ ରକ୍ତ କେନ୍ଦ୍ର ସହିତ ଟିବି ରୋଗୀଙ୍କ ପରୀକ୍ଷା ପାଇଁ କାର୍ଯ୍ୟରେ ଲଗାଇବା ହେତୁ ବହୁ ଲୋକ ପ୍ରତିଦିନ ନୀଳଗିରି ଡାକ୍ତରଖାନାରେ ରକ୍ତ ପରୀକ୍ଷା କ୍ଷେତ୍ରରେ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଏ ବାବଦରେ ରକ୍ତଦାତା ସଂଘ ତରଫରୁ ବହୁବାର ଜିଲ୍ଲାପାଳ, ଉପଜିଲ୍ଲାପାଳ, ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀଙ୍କୁ ଜଣାଇ ଥିଲେ ସୁଦ୍ଧା କୌଣସି ପଦକ୍ଷେପ ନିଆଯାଇନାହିଁ। ତେଣୁ ଆଜି ରକ୍ତଦାତା ସଂଘର ସାଧାରଣ ସମ୍ପାଦକ ବିଜୟ କୁମାର ପାତ୍ରଙ୍କ ନେତୃତ୍ୱରେ ସଂଘର ବରିଷ୍ଠ ଉପଦେଷ୍ଟା ରବି ରାଉତ, ବ୍ରଜବିହାରୀ ଦାସ, ଅନାଦି ବେହେରା, ତପସ୍ୱିନୀ ପଣ୍ଡା, ହେମେନ୍ଦ୍ର ସେଠୀ, ବାମନ ଚନ୍ଦ୍ର ମହାନ୍ତିଙ୍କ ସମେତ ସଂଘର ବହୁ ସାଥୀ ଉପଜିଲ୍ଲାପାଳଙ୍କୁ ଦାବିପତ୍ର ଦେଇଛନ୍ତି। ତତ୍ ସହିତ ଉପଖଣ୍ଡ ଚିକିତ୍ସାଧିକାରୀ ନୀଳଗିରି, ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀଙ୍କୁ ଦାବିପତ୍ର ଦେଇଛନ୍ତି। ସାତ ଦିନ ଭିତରେ ଦାବି ପୂରଣ ନ ହେଲେ ସଂଘ ପକ୍ଷରୁ ଉପଖଣ୍ଡ ଚିକିତ୍ସାଳୟ ଆଗରେ ଧାରଣା ଦିଆଯିବ ବୋଲି ସଂଘ ପକ୍ଷରୁ ଚେତାବନୀ ଦିଆଯାଇଛି।



# ରେଳ ଷ୍ଟେସନରୁ ନାବାଳିକା ଉଦ୍ଧାର

ସୋର, ୧୪।୧୦(ସମିସ): ସୋର ରେଳ ଷ୍ଟେସନରୁ ଜଣେ ନାବାଳିକାକୁ ଉଦ୍ଧାର କରି ସୋର ପୁଲିସ ତାଙ୍କ ପରିବାର ଲୋକଙ୍କୁ ହସ୍ତାନ୍ତର କରିଛନ୍ତି। ଚରମ୍ପା ଅଞ୍ଚଳର ଜଣେ ନାବାଳିକାକୁ କେହି ଅପହରଣ କରି ନେଇ ଯାଉଥିବା ବେଳେ ନାବାଳିକା ଜଣକ ସୋର ରେଳ ଷ୍ଟେସନରେ ଓହ୍ଲାଇ ପଡ଼ିଥିଲେ। ଏହି ସମୟରେ ଆଦର୍ଶ ଯୁବ ପରିଷଦର କର୍ମକର୍ତ୍ତା ହରେକୃଷ୍ଣ ଶିଆଳ ରେଳ ଷ୍ଟେସନରେ ଥିବା ବେଳେ ଏହା ଦେଖି ନାବାଳିକାଙ୍କୁ ପଚରା ଉଚରା କରିଥିଲେ। ପରେ ଭଦ୍ରକ ଟାଉନ ଥାନାଧିକାରୀ ପ୍ରଭାଂଶୁ ଶେଖର ମିଶ୍ର ଚରମ୍ପା ଅଞ୍ଚଳର ଉକ୍ତ ନାବାଳିକା ନିଖୋଜ ଥିବା ନେଇ ଆଦର୍ଶ ଯୁବ ପରିଷଦର ସଭାପତି ପୃଥିବୀ ବେହେରାଙ୍କ ସହିତ ଯୋଗାଯୋଗ କରିଥିଲେ। ଫଳରେ ପରିଷଦର କର୍ମକର୍ତ୍ତା ମାନେ ଆରପିଏଫ ସହ ଯୋଗାଯୋଗ କରିଥିଲେ। କିନ୍ତୁ ତାଙ୍କର କେହି ମହିଳା କର୍ମଚାରୀ ନ ଥିବାରୁ ସେମାନେ ଅସହାୟତା ପ୍ରକାଶ କରିଥିଲେ। ତେଣୁ ସଦସ୍ୟ ମାନେ ସୋର ପୁଲିସକୁ ଖବର ଦେଇଥିଲେ। ଖବର ପାଇ ସୋର ପୁଲିସ ରେଳ ଷ୍ଟେସନରେ ପହଞ୍ଚି ନାବାଳିକାଙ୍କୁ ଉଦ୍ଧାର କରି ସୋର ଥାନାକୁ ଆଣିବା ସହିତ ତାଙ୍କ ପରିବାର ଲୋକଙ୍କୁ ଖବର ଦେଇଥିଲେ। ଖବର ପାଇ ତାଙ୍କ ପରିବାର ଲୋକେ ସୋର ଥାନାରେ ପହଞ୍ଚି ନାବାଳିକା ଜଣଙ୍କୁ ତାଙ୍କ ଜିମାରେ ନେଇଯାଇଥିବା ଜଣାପଡିଛି। ନାବାଳିକାଙ୍କୁ କେହି ସନ୍ଦିଗ୍ଧ ବ୍ୟକ୍ତି ଅପହରଣ କରି ଆଣିଥିବା ସନ୍ଦେହ କରାଯାଉଛି।

# ଶିବ ମୁନିଙ୍କ ଜୟନ୍ତୀ

ରାଜଘାଟ, ୧୪।୧୦ (ସମିସ): ବସ୍ତା ବ୍ଲକ ରଘୁନାଥପୁର ଗ୍ରାମ ପଞ୍ଚାୟତ ଅନ୍ତର୍ଗତ ଶିବ ମୁନି ଯୋଗାଶ୍ରମ ଆନୁକୂଲ୍ୟରେ ମୁନି ସମାଜର ସଂସ୍ଥାପକ ସଦ୍‌ଗୁରୁ ଦେବ ଶିବମୁନିଙ୍କ ୧୪୨ ତମ ଜୟନ୍ତୀ ଆଜି ପାଳିତ ହୋଇଯାଇଛି। ମୁନିରାଜ ରମେଶ ଚନ୍ଦ୍ର ନାୟକଙ୍କ ସଭାପତିତ୍ୱରେ ମୁଖ୍ୟଅତିଥି ଭାବେ ଓଡିଶା ପ୍ରାନ୍ତ ମୁନିସମାଜର ସଂଗଠନ ପ୍ରଚାର ମନ୍ତ୍ରୀ ଯୋଗାଚାର୍ଯ୍ୟ ଅନନ୍ତ ମୁନି, ମୁଖ୍ୟବକ୍ତା ଯୋଗାଚାର୍ଯ୍ୟ ବଂଶୀଧର ମୁନି, ସମ୍ମାନିତ ଅତିଥି ଯୋଗୀ ରାଧାଗୋବିନ୍ଦ ମୁନି, ଯୋଗୀ ହରେକୃଷ୍ଣ ମୁନି, ଯୋଗୀ ବିମଳ ମୁନି, ଯୋଗୀ ସୁବ୍ରତ ମୁନି ପ୍ରମୁଖ ଯୋଗଦେଇ ଶିବ ମୁନିଙ୍କ ସତ୍ୟ ସିଦ୍ଧାନ୍ତ ଓ ଜୀବନାଦର୍ଶନ ସମ୍ବନ୍ଧରେ ସାରଗର୍ଭକ ପ୍ରବଚନ ପ୍ରଦାନ କରିଥିଲେ। ମୁନିରାଜ ପ୍ରିୟନାଥ ନନ୍ଦ ସତ୍ୟ ପତାକା ଉତ୍ତୋଳନ କରିଥିଲେ। ମୁନିରାଜ ଅଶୋକ ମୁନି ଅତିଥି ପରିଚୟ ଓ ମୁନିରାଜ ଗୋପାଳ ମୁନି ଧନ୍ୟବାଦ ଅର୍ପଣ କରିଥିଲେ। ଯୋଗୀ ବଳଭଦ୍ର ମୁନି ଓ ମୁନିମତୀ ସୁମତୀ ମୁନିସଂଗୀତ ଗାନ କରିଥିଲେ। ସର୍ବଶ୍ରୀ ହଳଧର ମୁନି, କରୁଣାକର ମୁନି, ସୁଧୀର ମୁନି, ଆଲୋକ ମୁନି, ଶିବଶଙ୍କର ମୁନି ପ୍ରମୁଖ ଉତ୍ସବ ପରିଚାଳନା କରିଥିଲେ।

# ଯୁବକଙ୍କ ମୃତ୍ୟୁ; ପରିବାର କଲେ ଚକ୍ଷୁଦାନ



ଜଳେଶ୍ୱର,୧୪।୧୦(ସମିସ): ଜଳେଶ୍ୱର ପୌରାଞ୍ଚଳ ଅଧିନ ଦେଉଳି ପଞ୍ଚୁଘଣ୍ଟା ଗାଁର ଜନ୍ମେଜୟ କରଙ୍କ ସାନ ପୁଅ ଅମିତ ଶଙ୍କର କର(୩୯) ଦୀର୍ଘଦିନ ଧରି ଲିଭର କର୍କଟ ରୋଗରେ ଆକ୍ରାନ୍ତ ହୋଇ ଯନ୍ତ୍ରଣା ଜର୍ଜରିତ ଥିଲେ। ଗତ ରବିବାର ରାତିରେ କଷ୍ଟ ସହି ନ ପାରି ଘାସମରା ଔଷଧ ଖାଇ ଆତ୍ମହତ୍ୟା କରିଥିବା ପରିବାର ବର୍ଗ ପକ୍ଷରୁ ସୂଚନା ମିଳିଛି। ଜଳେଶ୍ୱର ଜିକେ ଭଟ୍ଟର ହସପିଟାଲରେ ଶବ ବ୍ୟବଚ୍ଛେଦ କରାଯାଇଥିବାବେଳେ ପରିବାର ବର୍ଗଙ୍କ ଅନୁମତି କ୍ରମେ ଅଙ୍ଗଦାନ କେନ୍ଦ୍ରକୁ ତାଙ୍କର ଆଖି ପ୍ରଦାନ କରାଯାଇଛି। ଭୁବନେଶ୍ୱର ଏଲଭି ପ୍ରସାଦ ଆଖି ପ୍ରତିଷ୍ଠାନ ଦୃଷ୍ଟି ବ୍ୟାଙ୍କ ପକ୍ଷରୁ ତାଙ୍କର ଚକ୍ଷୁ ସଂଗ୍ରହ କରାଯାଇଛି। ପରିବାର ପକ୍ଷରୁ ଚକ୍ଷୁ ଦାନ ମହତ ଦାନ କରି ପରୋକ୍ଷରେ ତାଙ୍କୁ ଅମର କରିଛନ୍ତି। ସୁବର୍ଣ୍ଣରେଖା ପିର ଶ୍ମଶାନ ଘାଟରେ କୁନି ପୁତ୍ର ମୁଖାଗ୍ନି ଦେଇଥିଲେ। ସେ ବିଦ୍ୟୁତ୍ ମରାମତି ଓ ପାଇପ୍ ମିସ୍ତ୍ରୀ ଭାବେ ପରିବାର ଚଳାଉଥିବା ବେଳେ ନାବାଳକ ପୁଅ ଝିଅ ପରିବାର ବେସାହାରା ହୋଇଛନ୍ତି।

# ଅଷ୍ଟମ ରାଷ୍ଟ୍ରୀୟ ପୋଷଣ ମାସ






ବାଲେଶ୍ୱର,୧୪।୧୦ (ସମିସ)

ବାଲେଶ୍ୱର ଜିଲ୍ଲା ପ୍ରଶାସନ ଏବଂ ଜିଲ୍ଲା ସମାଜ ମଙ୍ଗଳ ବିଭାଗ ପକ୍ଷରୁ ଅଷ୍ଟମ ରାଷ୍ଟ୍ରୀୟ ପୋଷଣ ମାସ ଜିଲ୍ଲାପାଳଙ୍କ ଅଡିଟୋରିୟମ ହଲ୍‌ରେ ପାଳିତ ହୋଇଯାଇଛି। ଗତ ମାସ ୧୭ରୁ ଚଳିତ ମାସ ୧୭ତାରିଖ ପର୍ଯ୍ୟନ୍ତ ଏକ ମାସ ଧରି ଅନୁଷ୍ଠିତ ହେଉଛି। ଏହି ପରିପ୍ରେକ୍ଷୀରେ ଆୟୋଜିତ କାର୍ଯ୍ୟକ୍ରମକୁ ଅତିରିକ୍ତ ଜିଲ୍ଲାପାଳ ସୁଧାକର ନାୟକ କାର୍ଯ୍ୟକ୍ରମକୁ ଉଦଘାଟନ କରିବା ସହିତ ସନ୍ତୁଳିତ ଖାଦ୍ୟ, ସ୍ତନ୍ୟପାନ ଅଭ୍ୟାସ ଉପରେ ମତପ୍ରକାଶ କରିଥିଲେ। ଆବଶ୍ୟକ ଯତ୍ନ ପ୍ରଦାନ ଉଦ୍ଦେଶ୍ୟରେ ଶିଶୁ, ବାଳିକା ଓ କିଶୋରୀମାନଙ୍କର ଅଭିବୃଦ୍ଧି ଏବଂ ବିକାଶ ଉପରେ ନଜର ରଖିବା ପାଇଁ ସ୍ୱତନ୍ତ୍ର ସଚେତତନା ଅଭିଯାନ ଚଳାଇବା ଉପରେ ସେ ଗୁରୁତ୍ୱ ଦେଇଥିଲେ। ଜିଲ୍ଲା ସମାଜ ମଙ୍ଗଳ ଅଧିକାରୀ ଜ୍ୟୋସ୍ନାରାଣୀ ମହାନ୍ତିଙ୍କ ଅଧ୍ୟକ୍ଷତାରେ ମୁଖ୍ୟଅତିଥି ଭାବେ ଜିଲ୍ଲାପରିଷଦ ଅଧ୍ୟକ୍ଷ ନାରାୟଣ ପ୍ରଧାନ ଯୋଗଦେଇଥିଲେ। ସମ୍ମାନିତ ଅତିଥି ଭାବେ ଉପଜିଲ୍ଲାପାଳ ଶିବ ମାଲବ୍ୟ, ଜିଲ୍ଲା ଭିନ୍ନକ୍ଷମ ଓ ସଶକ୍ତି କରଣ ବିଭାଗ ଅଧିକାରୀ ପ୍ରତିଭା ବେହେରା, ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ରାଜେଶ ପ୍ରୀୟଦର୍ଶି ପ୍ରମୁଖ ଯୋଗଦେଇ ମହିଳା ଓ ଶିଶୁଙ୍କ ଉତ୍ତମ ସ୍ୱାସ୍ଥ୍ୟରକ୍ଷା କ୍ଷେତ୍ରରେ ସରକାରଙ୍କ ପୋଷଣ କାର୍ଯ୍ୟକ୍ରମର ସଫଳ କାର୍ଯ୍ୟକାରିତା ଉପରେ ଗୁରୁତ୍ୱାରୋପ କରିଥିଲେ। କାର୍ଯ୍ୟକ୍ରମରେ ଜିଲ୍ଲାର ବିଭିନ୍ନ ସ୍ଥାନରୁ ଆସିଥିବା ଅଙ୍ଗନବାଡି କର୍ମୀମାନେ ବିଭିନ୍ନ ପ୍ରକାର ହାତରନ୍ଧା ପୁଷ୍ଟିକର ଖାଦ୍ୟ ଯଥା ପରିବା ଚକୁଳି, ଖୀର ମଣ୍ଡା, ଦଳିଆ କ୍ଷୀରି, ଇଟିଲି, ପୋଡପିଠା, ମହୁଲ ପିଠା, ମାଣ୍ଡିଆ କେକ ଆଦି ବିଭିନ୍ନ ପ୍ରକାର ଖାଦ୍ୟ ପ୍ରଦର୍ଶିତ କରିଥିଲେ। ସମସ୍ତ କାର୍ଯ୍ୟକ୍ରମକୁ ଜିଲ୍ଲା ସମାଜ ମଙ୍ଗଳ କାର୍ଯ୍ୟାଳୟର କର୍ମଚାରୀ ପରିଚାଳନା କରିଥିଲେ।

# ବାଲେଶ୍ୱରରେ ଫାବ୍‌ଇଣ୍ଡିଆ ଉଦ୍‌ଘାଟିତ





ବାଲେଶ୍ୱର,୧୪।୧୦(ସମିସ): ବାଲେଶ୍ୱର ସହରର ଆଇଟିଆଇ ଛକଠାରେ ଉଦଘାଟିତ ହୋଇଛି ଫାବ୍ ଇଣ୍ଡିଆ। ଏହାକୁ ଉଦଘାଟନ କରିଛନ୍ତି ବଲିଉଡ ତାରକା ସୋନୁ ସୁଦ। ପାରମ୍ପରିକ କାରିଗରସିପ ଏବଂ ସ୍ଥାୟୀ ଫ୍ୟାଶନ ପ୍ରତି ଅଗ୍ରସର ହୋଇ ଭାରତର ଅଗ୍ରଗାମୀ ଲାଇଫଷ୍ଟାଇଲ ବ୍ରାଣ୍ଡର ଫାବ ଇଣ୍ଡିଆ ଏହାର ନୂଆ ଷ୍ଟୋରକୁ ସ୍ଥାନୀୟ ଆଇଟିଆଇ ଛକଠାରେ ଖୋଲିଛି। ଏହି ଅବସରରେ ସୋନୁ ସୁଦ କହିଥିଲେ ଯେ, ବାଲେଶ୍ୱରକୁ ଆସି ବହୁତ ଖୁସି ଲାଗୁଛି। ଓଡ଼ିଶାକୁ ବିଶେଷ ଭାବେ ଭଲ ପାଉଥିବା ବେଳେ ଓଡ଼ିଶାର ଖାଇବା ପିଇବା, ଚଳଣି ସାଙ୍ଗକୁ ଏଠାକର ଲୋକେ ବହୁତ ଭଲ। ଏହାଛଡା ଭାରତର ପାରମ୍ପରିକ ବସ୍ତ୍ରକୁ ନେଇ ଫାବ ଇଣ୍ଡିଆ କରିଥିବା ଷ୍ଟୋରକୁ ପ୍ରଶଂସା କରିବା ସହ ଏଭଳି ଏକ ଶୋରୁମକୁ ଉଦଘାଟନ କରିଥିବାରୁ ମୁଁ ନିଜକୁ ଗର୍ବିତ ମନେକରୁଛି ବୋଲି ସୋନୁ ସୁଦ କହିଛନ୍ତି। ଚଳଚିତ୍ର ବ୍ୟତିତ ଗରିବ ଲୋକମାନଙ୍କୁ ସହଯୋଗ କରିବା ଉପରେ କହିଛନ୍ତି ଯେ, ସେ ସବୁବେଳେ ଲୋକମାନଙ୍କୁ ସାହାଯ୍ୟ କରିବାକୁ ପସନ୍ଦ କରନ୍ତି। ବହୁତ ପ୍ରତିକୂଳ ପରିବେଶରେ ନିଜକୁ ଏତେବାଟ ଆଣିପାରିଥିବା ବେଳେ ଲୋକମାନଙ୍କୁ ସହଯୋଗ କରି ସେ ନିଜେ ଖୁସି ଅନୁଭବ କରନ୍ତି ବୋଲି ଗଣମାଧ୍ୟମକୁ ସୂଚନା ଦେଇଛନ୍ତି। ଅନ୍ୟତମ ଅତିଥି ଭାବେ ଫାବ ଇଣ୍ଡିଆର ମାଲିକ ତଥା ଷ୍ଟୋର ପାର୍ଟନର ସଞ୍ଜୀବ ମହାନ୍ତିଙ୍କ ସମେତ ଅନ୍ୟ ଦୁଇ ପାର୍ଟନର ମୋନାସିସ ଦାସ ଓ ନିବେଦିତା ଦାସ ଉପସ୍ଥିତ ଥିଲେ। ଏହି ଷ୍ଟୋରରେ ପୁରୁଷ, ନାରୀ ଓ ଶିଶୁଙ୍କ ପାଇଁ ପାରମ୍ପରିକ ଓ ଆଧୁନିକ ପୋଷାକ ଯଥା କୁର୍ତ୍ତା, ଶାଢ଼ୀ, ଟ୍ୟୁନିକ, ସାର୍ଟ ଓ ଉତ୍ସବୀୟ ସଂଗ୍ରହ ସାମଗ୍ରୀ ମଧ୍ୟ ଉପଲବ୍ଧ ରହିଛି। ଏହାବ୍ୟତିତ ଘର କରଣା ସାମଗ୍ରୀ ମଧ୍ୟରେ ହସ୍ତଶିଳ୍ପ ଫର୍ନିଚର, ବେଡଲିନେନ, ପଦଦା, ରଗସ ଓ ସାଜସଜ୍ଜା ସାମଗ୍ରୀ ମଧ୍ୟ ଉପଲବ୍ଧ ରହିଛି। ଏହାବ୍ୟତିତ ୱେଲନେସ ଓ ପର୍ସନାଲ କେୟାର ଶ୍ରେଣୀର ପ୍ରାକୃତିକ ଉତ୍ପାଦିତ ତ୍ୱଚା ଓ ଶରୀର ସେବା ସାମଗ୍ରୀ ରହିଥିବା ବେଳେ ଜୈବିକ ଖାଦ୍ୟ ବିଭାଗରେ ଡାଲି, ମସଲା, ଚା, ତେଲ ଓ ଅନ୍ୟାନ୍ୟ ପ୍ରାକୃତିକ ଖାଦ୍ୟ ସାମଗ୍ରୀ ରହିଛି ବୋଲି ଫାବ ଇଣ୍ଡିଆ ପକ୍ଷରୁ କୁହାଯାଇଛି। ଏହାଛଡ଼ା। ଜୁଏଲେରି, ବ୍ୟାଗ ଓ ଆସେସୋରିଜ ବିଭାଗରେ ଆଧୁନିକ ଓ ଆଭିଜାତ୍ୟ ଦେଖାପାଇଁ ଗୁରୁତ୍ୱ ପ୍ରଦାନ କରୁଛି। ଏ ନେଇ ଫ୍ରାଞ୍ଚାଇଜ ମାଲିକ ଶ୍ରୀ ମହାନ୍ତି କହିଛନ୍ତି ଯେ, ବାଲେଶ୍ୱରର ଲୋକଙ୍କ ନିକଟକୁ ଫାବଇଣ୍ଡିଆର ପାରମ୍ପରିକତା ଓ ଆଧୁନିକତାର ସମନ୍ୱୟ ଆଣିପାରିଥିବାରୁ ଆମେ ଗର୍ବିତ। ଏହି ଷ୍ଟୋରଟି ଗ୍ରାହକମାନଙ୍କୁ ଗ୍ରାହକସେବୀ ଉଷ୍ମ ଓ ପାରିବାରିକ ପରିବେଶ ଆଣିଦେବ।




**ଉଦ୍‌ଘାଟନ କଲେ ବଲିଉଡ ତାରକା ସୋନୁ ସୁଦ**

**ସୋନୁ ସୁଦଙ୍କୁ ଦେଖିବାକୁ ପ୍ରବଳ ଭିଡ:** ଆଇଟିଆଇ ଛକ ଠାରେ ଫାବ୍ ଇଣ୍ଡିଆ ଶୋ'ରୁମ ଉଦ୍‌ଘାଟନ ଅବସରରେ ବଲିଉଡ ତାରକା ସୋନୁ ସୁଦଙ୍କୁ ଦେଖିବା ପାଇଁ ଲୋକଙ୍କ ପ୍ରବଳ ଭିଡ଼ ଲାଗିଥିଲା। ସୋନୁ ସୁଦଙ୍କ ଟିକେ ଝଲକ ପାଇବା ପାଇଁ ଦୀର୍ଘ ସମୟ ଧରି ସେଠାରେ ପ୍ରଶଂସକ ଅପେକ୍ଷା କରି ରହିଥିଲେ। ସୋନୁ ସୁଦ ନିଜ ପ୍ରଶଂସକଙ୍କ ସହ ସେଲ୍‌ଫି ଉଠାଇବା ସହ ସେମାନଙ୍କ ସହ ବାର୍ତ୍ତାଳାପ ମଧ୍ୟ କରିଥିଲେ।

# ବସ୍‌ଷ୍ଟାଣ୍ଡ ସହ ରେଳଷ୍ଟେସନ ସଂଯୋଗକୁ ଅପେକ୍ଷା

ବାଲେଶ୍ୱର,୧୪।୧୦(ସମିସ)



**ବାଲେଶ୍ୱର ଷ୍ଟେସନର ପଶ୍ଚିମ ପାଖକୁ ପ୍ଲାଟଫର୍ମ ବୃଦ୍ଧି କେବେ**

ରେମୁଣାକୁ ମେଡିକାଲ କଲେଜ ସ୍ଥାନାନ୍ତର ହୋଇଯାଇଛି। ବସ୍‌ଷ୍ଟାଣ୍ଡଠୁ ଆରମ୍ଭ କରି ଅନେକ ଶିକ୍ଷାନୁଷ୍ଠାନ ବି ସେପଟେ ରହିଛି। ସେପଟେ ଏବେ ଏମସ୍, ନୋସି, ମେଡିକାଲ କଲେଜ, ସରକାରୀ ପଲିଟେକନିକ, କ୍ଷୀରଚୋରା ଗୋପୀନାଥ ମନ୍ଦିର, ଇମାମି ମନ୍ଦିର, ଫକୀରମୋହନ ବିଶ୍ୱବିଦ୍ୟାଳୟ ଏବଂ କେନ୍ଦ୍ରୀୟ ବିଦ୍ୟାଳୟ ଆଦି ରହିଛି। ହେଲେ ଏପର୍ଯ୍ୟନ୍ତ ବାଲେଶ୍ୱର ରେଳ ଷ୍ଟେସନର ପଶ୍ଚିମ ପଟକୁ ପ୍ଲାଟଫର୍ମ ବୃଦ୍ଧି ହୋଇନାହିଁ କି ଲୋକଙ୍କ ସୁବିଧାଜନକ ଯାତାୟାତ ପାଇଁ ବ୍ୟବସ୍ଥା ନାହିଁ। ଫଳରେ ଲୋକମାନେ ଟ୍ରେନ୍‌ରୁ ଓହ୍ଲାଇବା ଏବଂ ଟ୍ରେନ୍ ଧରିବା ପାଇଁ ଷ୍ଟେସନ୍ ଛକରୁ ସାମ୍ନା ପଟ ଉପରେ ନିର୍ଭର କରୁଛନ୍ତି। ଟ୍ରେନରେ ଆସି ଅନେକ ଲୋକ ଡାକ୍ତର ଦେଖାଇବା ପାଇଁ ମେଡ଼ିକାଲ କଲେଜ, ପିଲା ପଢ଼ିବା ପାଇଁ ବିଶ୍ୱବିଦ୍ୟାଳୟ, ପଲିଟେକନିକ୍ ଆଦିକୁ ଯିବା ବେଳେ ଟ୍ରେନ ଲାଇନ ପାର ହୋଇ ବହୁ କଷ୍ଟରେ ପଛପଟେ ଯାଉଛନ୍ତି। ସପଟେ ପୁଣି ମାଲ ଗାଡ଼ି ଛିଡ଼ା ହେଉଛି। ଯାହା ଫଳରେ ଲୋକ ବହୁ ହଇରାଣ ହେଉଛନ୍ତି। ତେଣୁ ପ୍ଲାଟଫର୍ମ ସଂଖ୍ୟା ବୃଦ୍ଧି ସହ ବାଇକ୍ କାର ପାର୍କିଂ ସହ ଅଟୋ ଷ୍ଟାଣ୍ଡ ବ୍ୟବସ୍ଥା ହେବା ଦରକାର ବୋଲି ଦାବି ହୋଇଛି। ବାଲେଶ୍ୱର ରେଳ ଷ୍ଟେସନରେ ୪ଟି ପ୍ଲାଟଫର୍ମ ରହିଛି। ହେଲେ ପଛ ପଟ ଅର୍ଥାତ୍ ଷ୍ଟେସନ ପଶ୍ଚିମ ପଟକୁ ଯିବାଆସିବା ପାଇଁ ବ୍ୟବସ୍ଥା ନାହିଁ। ସେପଟେ ପ୍ଲାଟଫର୍ମ ସଂଖ୍ୟା ବଢ଼ିବା ଆବଶ୍ୟକ ନେଇ ଏବେ ଅତୀତରେ ଦାବି ଉଠିଛି। ବିଶେଷକରି ଟ୍ରେନ ଛିଡ଼ା ହେବାର ବ୍ୟବସ୍ଥା, ଏହା ସହ ଶୌଚାଳୟ, ୧ ନମ୍ବର ପ୍ଲାଟଫର୍ମରୁ ଶେଷ ଆଡ଼କୁ ଯିବା ପାଇଁ ସିଡ଼ିର ବ୍ୟବସ୍ଥା ରହିବା ଦରକାର। ଫଳରେ ଲୋକ ସୁବିଧାରେ ଓହ୍ଲେଇ ବସ୍‌ଷ୍ଟାଣ୍ଡ ସହିତ ସେପଟର ଅନ୍ୟ ଜାଗାରୁ ଯାଇପାରିବେ। ଏଥିସହିତ ଷ୍ଟେସନରେ ଏବେ ଆଉ ମାଲ ଗାଡ଼ି ନ ଲାଗିବା ସହ ଷ୍ଟେସନ ଆଉ ବସ୍ ଷ୍ଟାଣ୍ଡ ସଂଯୋଗ ହେଲେ ଲୋକ ବହୁ ମାତ୍ରାରେ ଉପକୃତ ହୋଇପାରିବେ ବୋଲି ମତପ୍ରକାଶ ପାଇଛି। 'ଯେହେତୁ ରେମୁଣା ଆଡକୁ ବିଶ୍ୱବିଦ୍ୟାଳୟଠୁ ଆରମ୍ଭ କରି ବସଷ୍ଟାଣ୍ଡ ଏବଂ ବଡ ବଡ ଶିକ୍ଷସଂସ୍ଥା ରହିଛି, ସେଥିପାଇଁ ବାଲେଶ୍ୱର ରେଳଷ୍ଟେସନର ପଶ୍ଚିମ ପଟକୁ ପ୍ଲାଟଫର୍ମ ବୃଦ୍ଧି ପାଇଁ କିଛି ବର୍ଷ ତଳେ ସିଭିଲ ସୋସାଇଟି ଦାବି ଉଠାଇବା ସହ ଡିଆରଏମଙ୍କ ଆଲୋଚନା କରିଥିଲୁ। ଏକ ନମ୍ବର୍ ପ୍ଲାଟଫର୍ମରେ ଓହ୍ଲାଇ ଯାତ୍ରୀ ଜଣକ ସହଦେବଖୁଣ୍ଟା, ନୂଆସାହି ଗଲେ ଅନେକ ବାଟ ଯିବା ସହ ଅଟୋ ଭଡା ମଧ୍ୟ ଅଧିକ ପଡିଯାଉଛି। ତେଣୁ ପଶ୍ଚିମ ପଟକୁ ପ୍ଲାଟଫର୍ମ ହେଲେ ସେପଟେ ରିକ୍ସାଠୁ ଆରମ୍ଭ କରି ଅଟୋ ବ୍ୟବସ୍ଥା ରହିବ। ଦୋକାନ ବଜାର ବି ରହିବା ଦରକାର। ବସଷ୍ଟାଣ୍ଡରୁ ଆସୁଥିବା ଲୋକ ସୁବିଧାରେ ଟ୍ରେନ୍ ଧରିପାରିବ। ଆମେ ଦାବି କରିବା ପରେ ସପଟେ ଟିକେଟ କାଉଣ୍ଟର କରିଛନ୍ତି। ସେପଟେ ୫ ନମ୍ବର ପ୍ଲାଟଫର୍ମ ଆବଶ୍ୟକ ରହିଛି ଏବଂ ସିଡି ବ୍ୟବସ୍ଥା ବୃଦ୍ଧି ହେବା ଦରକାର। ବହୁତ ଦାବି ପରେ ଗୋଟେ ଲୁହା ସିଡି ହୋଇଛି। କିନ୍ତୁ ରାତି ସମୟରେ ପଶ୍ଚିମ ପାଖରେ ଓହ୍ଲେଇଲେ ତାହା ନିଛାଟିଆ ସ୍ଥାନ। ଏବେ ଏହା ସୁରକ୍ଷିତ ନୁହେଁ ଏବେ ବୋଲି ସଂଗଠକ ଗୌରାଙ୍ଗ ପାଣିଗ୍ରାହୀ ମତବ୍ୟକ୍ତ କରିଛନ୍ତି। ସେହିପରି ସିଭିଲ ସୋସାଇଟିର ସଭାପତି ଅନ୍ତର୍ଯ୍ୟାମୀ ପ୍ରଧାନ କହିଛନ୍ତି, ୨୦୧୭ ମସିହା ବେଳକୁ ସିଭିଲ ସୋସାଇଟି ପକ୍ଷରୁ ଖଡଗପୁର ଯାଇ ଏଡିଆରଏମଙ୍କ ସହିତ ଆଲୋଚନା ହୋଇଥିଲା। ଏହି ଆଲୋଚନାରେ ରେଳ ଷ୍ଟେସନର ପଶ୍ଚିମ ପାଖକୁ ପ୍ଲାଟଫର୍ମ ବୃଦ୍ଧି ହେବା ନେଇ ନିଷ୍ପତ୍ତି ହୋଇଥିଲା। ଏଥିପାଇଁ ଉଚ୍ଛେଦ ପ୍ରକ୍ରିୟା ଆରମ୍ଭ ହୋଇଥିଲା ମାତ୍ର ପରେ ତାହା ବନ୍ଦ ହୋଇଗଲା। ଯେଉଁ ଦାବି ସିଭିଲ ସୋସାଇଟି ଦୀର୍ଘ ଦିନ ଧରି କରିଆସିଛି ତାହା ପୂରଣ ହେବା ଉଚିତ। ଗୋଧିବସା ବାସିନ୍ଦାଙ୍କୁ ଅନ୍ୟତ୍ର ସ୍ଥାନାନ୍ତର କରି ସେପଟେ ୫ ନମ୍ବର ପ୍ଲାଟଫର୍ମ ନିର୍ମାଣ ହେଉ। ୧ ନମ୍ବରରୁ ୫ ନମ୍ବର ପର୍ଯ୍ୟନ୍ତ ଯିବା ପାଇଁ ସିଡ଼ିର ବ୍ୟବସ୍ଥା ରହୁ। ତେବେ ଏହି ଦାବି ନେଇ ସିଭିଲ ସୋସାଇଟି ଆନ୍ଦୋଳନକୁ ଓହ୍ଲାଇବା ପାଇଁ ନିଷ୍ପତ୍ତି ନେଇଛି'। ତେବେ ଅମୃତ ଷ୍ଟେସନ ନିର୍ମାଣ ଯୋଜନାରେ ବାଲେଶ୍ୱର ଷ୍ଟେସନରେ ଷ୍ଟେସନ ବିଲଡିଂ ତଥା ପ୍ଲାଟଫର୍ମ ବୃଦ୍ଧି ସହ ବସ୍‌ଷ୍ଟାଣ୍ଡ ସହ ସଂଯୋଗର ଯୋଜନା ରହିଥିବା ନେଇ ସୂଚନା ମିଳିଛି।

## ନୂଆସାହିରେ କୃତ୍ରିମ ବନ୍ୟାର ସ୍ଥାୟୀ ପ୍ରତିକାର ବୈଠକ

ବାଲେଶ୍ୱର,୧୪।୧୦(ସମିସ): ଜିଲ୍ଲାପାଳଙ୍କ କାର୍ଯ୍ୟାଳୟସ୍ଥିତ ସମ୍ମିଳନୀ କକ୍ଷରେ ନୂଆସାହି ଛକ ଠାରେ ବର୍ଷାରେ ସୃଷ୍ଟି କୃତ୍ରିମ ବନ୍ୟାର ସ୍ଥାୟୀ ପ୍ରତିକାର ପାଇଁ ଏକ ଗୁରୁତ୍ୱପୂର୍ଣ୍ଣ ବୈଠକ ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲାପରିଷଦ ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ସଞ୍ଜୟ ରାଉତଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ରାଜ୍ୟ ସରକାରଙ୍କ ଉପମୁଖ୍ୟ ସଚେତକ ତଥା ରେମୁଣା ବିଧାୟକ ଗୋବିନ୍ଦ ଚନ୍ଦ୍ର ଦାସ, ସଦର ବିଧାୟକ ମାନସ କୁମାର ଦତ୍ତ, ବାଲେଶ୍ୱର ପୌର ଅଧକ୍ଷା ସବିତା ସାହୁଙ୍କ ସମେତ ବିଭିନ୍ନ ଅଞ୍ଚଳର ସରପଞ୍ଚ, ପୌରପାଳିକା କାଉନସିଲର, ବିଭାଗୀୟ ଅଧିକାରୀ ପ୍ରମୁଖ ଉପସ୍ଥିତ ଥିଲେ। ବିଶେଷ କରି ଲଗାଣ ବର୍ଷା ହେବା ଫଳରେ ସହରର ନୂଆସାହି ଛକ ଠାରେ କୃତ୍ରିମ ବନ୍ୟା ପରିସ୍ଥିତି ସୃଷ୍ଟି ହେଉଛି। ଯାହାଫଳରେ ଲୋକେ ବହୁ ଅସୁବିଧାରେ ସମ୍ମୁଖିନ ହେଉଛନ୍ତି। ଏଣୁ ଏହାର ସ୍ଥାୟୀ ପ୍ରତିକାର କିପରି ଭାବେ କରାଯିବ ତା ଉପରେ ଗୁରୁତ୍ୱାରୋପ କରାଯାଇଥିଲା।

● ପଶ୍ଚିମବଙ୍ଗରେ ଓଡ଼ିଆ ଡାକ୍ତରୀ ଛାତ୍ରୀଙ୍କୁ ଗଣଦୁଷ୍କର୍ମ ମାମଲା

# ଦୁର୍ଗାପୁର ମେଡିକାଲରେ ବାଲେଶ୍ୱର ସାଂସଦ ହଟହଟା



ବାଲେଶ୍ୱର,୧୪।୧୦(ସମିସ): ପଶ୍ଚିମବଙ୍ଗରେ ଓଡ଼ିଆ ଡାକ୍ତରୀ ଛାତ୍ରୀଙ୍କୁ ଗଣଦୁଷ୍କର୍ମ ମାମଲାରେ ବାଲେଶ୍ୱର ସାଂସଦ ପ୍ରତାପ ଷଡ଼ଙ୍ଗୀ ଦୁର୍ଗାପୁରରେ ସରକାରୀ ମେଡିକାଲ ମେଡିକାଲ କଲେଜରେ ଚିକିତ୍ସିତ ହେଉଥିବା ପୀଡ଼ିତ ଛାତ୍ରୀଙ୍କୁ ଦେଖା କରିବାକୁ ଯାଇ ହଟହଟା ହୋଇଛନ୍ତି। ବିଜେପିର ଏକ ୩୨ଜଣିଆ ଟିମ୍ ପଶ୍ଚିମବଙ୍ଗ ଯାଇଥିଲା। ତେବେ ସାଂସଦ ମେଡ଼ିକାଲକୁ ପ୍ରବେଶ କରିବାକୁ ଯାଇଥିବାବେଳେ ପଶ୍ଚିମବଙ୍ଗ ମେଡ଼ିକାଲ ପକ୍ଷରୁ ତାଙ୍କୁ ବାରଣ କରାଯାଇଥିଲା। ଦୀର୍ଘ ଏକ ଘଣ୍ଟା ଧରି ସେ ମେଡ଼ିକାଲ ବାହାରେ ରହିଥିଲେ। ଏହି ଘଟଣାକୁ ନେଇ ବିଜେପି କର୍ମୀ ଏବଂ ମେଡିକାଲ କଲେଜର ସୁରକ୍ଷାକର୍ମୀମାନଙ୍କ ମଧ୍ୟରେ ପ୍ରବଳ ଯୁକ୍ତିତର୍କ ଏବଂ ହାତାହାତି ପରିସ୍ଥିତି ମଧ୍ୟ ହୋଇଥିଲା। ପରେ ବିଜେପି ପ୍ରତିନିଧି ଦଳ ଓ ସାଂସଦ ପ୍ରତାପ ଷଡ଼ଙ୍ଗୀ ମେଡିକାଲ କଲେଜ ପରିସରରେ ପ୍ରବେଶ କରିଥିଲେ। ଏହି ସମୟରେ ଗୋଟିଏ ଘଣ୍ଟା ଅଟକ ରଖିବା ପରିପ୍ରେକ୍ଷୀରେ ସାଂସଦ ଅସନ୍ତୋଷ ପ୍ରକାଶ କରିବା ସହ ଏହା ମମତା ବାନାର୍ଜୀଙ୍କ ରାଜନୈତିକ ଅସହିଷ୍ଣୁତା ବୋଲି କହିଛନ୍ତି। ପୀଡ଼ିତାଙ୍କ ଚିକିତ୍ସା ସନ୍ତୋଷଜନକ ନୁହେଁ ଏବଂ ଉନ୍ନତ ଚିକିତ୍ସା ପାଇଁ ଭୁବନେଶ୍ୱର ନେବାକୁ ଚାହାନ୍ତି ବୋଲି ସାଂସଦ କହିଛନ୍ତି। ପରେ ସେଠାରେ ସାଂସଦ ମେଡ଼ିକାଲ କର୍ତ୍ତୃପକ୍ଷଙ୍କ ସହ ଆଲୋଚନା କରିଥିବା ଜଣା ଯାଇଛି।

# ଫକୀରମୋହନ ବିଶ୍ୱବିଦ୍ୟାଳୟରେ ଆନ୍ତଃ-ମହାବିଦ୍ୟାଳୟ ଫୁଟବଲ୍ ଓ ବ୍ୟାଡ଼ମିଣ୍ଟନ୍ ଟୁର୍ଣ୍ଣାମେଣ୍ଟ




ବାଲେଶ୍ୱର,୧୪।୧୦(ସମିସ): ଫକୀରମୋହନ ବିଶ୍ୱବିଦ୍ୟାଳୟର କ୍ରୀଡା ପରିଷଦ ଦ୍ୱାରା ସଫଳତାର ସହିତ ଆନ୍ତଃ-ମହାବିଦ୍ୟାଳୟ ଫୁଟବଲ୍ (ପୁରୁଷ) ବ୍ୟାଡମିଣ୍ଟନ୍ (ପୁରୁଷ) ଟୁର୍ଣ୍ଣାମେଣ୍ଟ ଆୟୋଜିତ ହୋଇଯାଇଛି। ଏହି ଟୁର୍ଣ୍ଣାମେଣ୍ଟରେ ବାଲେଶ୍ୱର ଓ ଭଦ୍ରକ ଜିଲ୍ଲାର ବିଭିନ୍ନ ମହାବିଦ୍ୟାଳୟର ଛାତ୍ରମାନଙ୍କର ଅଂଶଗ୍ରହଣ ଓ ଉଲ୍ଲେଖନୀୟ ପ୍ରଦର୍ଶନ ଦେଖାଯାଇଛି। ଆୟୋଜିତ ଆନ୍ତଃ-ମହାବିଦ୍ୟାଳୟ ଫୁଟବଲ୍ (ପୁରୁଷ) ଟୁର୍ନାମେଣ୍ଟରେ ପାଞ୍ଚଟି ଦଳ ଅଂଶଗ୍ରହଣ କରିଥିଲେ ଏଫ.ଏମ୍. ଅଟୋନୋମସ୍ କଲେଜ୍ (ବାଲେଶ୍ୱର), ରେମୁଣା ଡିଗ୍ରୀ କଲେଜ୍ (ରେମୁଣା), ଫକୀରମୋହନ ମେଡିକାଲ୍ କଲେଜ୍ (ବାଲେଶ୍ୱର), ଏସ.ଆର. କଲେଜ୍ (ବାଲିଆପାଳ) ଓ ପି.ଜି. କାଉନସିଲ୍, ଫକୀରମୋହନ ବିଶ୍ୱବିଦ୍ୟାଳୟ। ଅନୁଷ୍ଠିତ ଲିଗ୍ ମ୍ୟାଚ୍ ଗୁଡ଼ିକ ପରେ ଏସ.ଆର. କଲେଜ୍, ବାଲିଆପାଳ ଚ୍ୟାମ୍ପିୟନ୍ ହୋଇଥିଲେ ଓ ରେମୁଣା ଡିଗ୍ରୀ କଲେଜ୍ ରନର୍-ଅପ୍ ହିସାବରେ ସ୍ଥାନ ପାଇଥିଲେ। ସମାପନ ସମାରୋହରେ ବିଶ୍ୱବିଦ୍ୟାଳୟର କୁଳପତି ପ୍ରଫେସର ସନ୍ତୋଷ କୁମାର ତ୍ରିପାଠୀ, ସ୍ନାତକୋତ୍ତର ପରିଷଦର ଅଧକ୍ଷ ପ୍ରଫେସର ଭାସ୍କର ବେହେରା, କୁଳସଚିବ କୁକୁମୀନା ଦାସ, କ୍ରୀଡା ପରିଷଦର ନିର୍ଦ୍ଦେଶକ ଡ଼କ୍ଟର ପବିତ୍ରମୋହନ ନାୟକ, ଉପନିର୍ଦ୍ଦେଶକ ଡ଼କ୍ଟର ଅମିତ କୁମାର ଶର୍ମା, ଛାତ୍ର କଲ୍ୟାଣ ନିର୍ଦ୍ଦେଶକ ଡ଼କ୍ଟର ନିହାର ରଞ୍ଜନ ରାଉତ, ସି.ଡି.ସି ନିର୍ଦ୍ଦେଶକ ଡ଼କ୍ଟର ସନ୍ତୋଷ ଅଗ୍ରୱାଲା, ଓ ଶାରୀରିକ ଶିକ୍ଷା ଅଧିକାରୀ ସଂଗ୍ରାମ କେଶରୀ ବିଶୋଇ ପ୍ରମୁଖ ଉପସ୍ଥିତ ରହିଥିଲେ। ସମସ୍ତେ ବିଜେତା ଓ ଉପବିଜେତା ଦଳକୁ ଟ୍ରଫି ପ୍ରଦାନ କରି ସମ୍ମାନିତ କରିଥିଲେ। ସେହିପରି ଆଜି ଆନ୍ତଃ-ମହାବିଦ୍ୟାଳୟ ବ୍ୟାଡମିଣ୍ଟନ୍ (ପୁରୁଷ) ଟୁର୍ନାମେଣ୍ଟରେ ବାଲେଶ୍ୱର ଓ ଭଦ୍ରକ ଜିଲ୍ଲାର ସାତଟି ଦଳ ଅଂଶଗ୍ରହଣ କରିଥିଲେ। ସିଙ୍ଗଲ୍ସ କ୍ୟାଟେଗୋରୀ ରେ ଏଫ.ଏମ୍. ଅଟୋନୋମସ୍ କଲେଜ୍, ବାଲେଶ୍ୱର ବିଜେତା ହୋଇଥିଲେ ଓ ଫକୀରମୋହନ ବିଶ୍ୱବିଦ୍ୟାଳୟ ପି.ଜି. କାଉନସିଲ୍ ଦଳ ରନର୍-ଅପ୍ ହୋଇଥିଲେ। ଡବଲ୍ସ କ୍ୟାଟେଗୋରୀ ରେ ଏଫ.ଏମ୍. ଅଟୋନୋମସ୍ କଲେଜ୍ ଦୁଇଟି ଟାଇଟଲ୍ ନିଜସ୍ୱ କରିଥିଲେ (ବିଜେତା ଓ ଉପବିଜେତା)। ସମାପନ ସମାରୋହରେ କୁଳପତି ପ୍ରଫେସର ତ୍ରିପାଠୀଙ୍କ ସହ ପବିତ୍ର ମୋହନ ନାୟକ, ଅମିତ କୁମାର ଶର୍ମା, ନିହାର ରଞ୍ଜନ ରାଉତ, ସନ୍ତୋଷ ଅଗ୍ରୱାଲା, ସଂଗ୍ରାମ କେଶରୀ ବିଶୋଇ, ବିବେକାନନ୍ଦ ନାୟକ ଓ ଅସିମ ଅମିତାଭ ପ୍ରଧାନ ପ୍ରମୁଖ ଉପସ୍ଥିତ ରହିଥିଲେ।


ଆପଣଙ୍କ ପୁରୁଣା ବ୍ୟାଙ୍କ ଖାତାରେ ଟଙ୍କା ରଖି ଭୁଲିଯାଇଛନ୍ତି କି?



ଯାହା ଆପଣଙ୍କର ତାହାକୁ ପ୍ରାପ୍ତ କରିବାରେ ଆର୍‌ବିଆଇ ଆପଣଙ୍କୁ ସାହାଯ୍ୟ କରିବ ।

ଆପଣଙ୍କ ବ୍ୟାଙ୍କରେ ଅଚଳ ଖାତା (2 ବର୍ଷରୁ ଅଧିକ ଓ 10 ବର୍ଷ ପର୍ଯ୍ୟନ୍ତ ସମୟ ଧରି ନିଷ୍କ୍ରିୟ ଥିବା)ରେ ପଡ଼ିରହିଥିବା ଟଙ୍କା / ଦାବିହୀନ ଜମା (10 ବର୍ଷରୁ ଅଧିକ ସମୟ ଧରି)ଗୁଡ଼ିକୁ ଆର୍‌ବିଆଇର ଡିଇଏ ପାଣ୍ଠିକୁ ସ୍ଥାନାନ୍ତର କରିଦିଆଯାଇଥାଏ । ଆପଣ କିମ୍ବା ଆପଣଙ୍କର ଆଇନଗତ ଉତ୍ତରାଧିକାରୀ ତାହାକୁ ଯେକୌଣସି ସମୟରେ ଦାବି କରିପାରିବେ ।

ନିଜ ଟଙ୍କାକୁ ଦାବି କରିବାର 3ଟି ସହଜ ସୋପାନ

1. ଆପଣଙ୍କ ବ୍ୟାଙ୍କର ଯେକୌଣସି ଶାଖା ପରିଦର୍ଶନ କରନ୍ତୁ, ତାହା ଆପଣଙ୍କ ନିୟମିତ ଶାଖା ନ ହୋଇଥିଲେ ମଧ୍ୟ କିଛି ଅସୁବିଧା ନାହିଁ
2. କେୱାଇସି ଦସ୍ତାବିଜ (ଆଧାର, ପାସ୍‌ପୋର୍ଟ, ମତଦାତା ପରିଚୟପତ୍ର କିମ୍ବା ଡ୍ରାଇଭିଂ ଲାଇସେନ୍ସ) ସହ ଏକ ଫର୍ମ ଦାଖଲ କରନ୍ତୁ
3. ଯାଞ୍ଚ ପରେ, ଯଦି ଆପଣଙ୍କର କୌଣସି ଅର୍ଥରାଶି ପ୍ରାପ୍ୟ ହୋଇଥାଏ ତେବେ ତାହାକୁ ସୁଧ ସହ ପ୍ରାପ୍ତ କରନ୍ତୁ

ଆପଣଙ୍କର ଦାବିହୀନ ଜମାକୁ ଠାବ କରିବା ପାଇଁ

ଆପଣଙ୍କ ବ୍ୟାଙ୍କର ୱେବ୍‌ସାଇଟ୍‌ରେ ସନ୍ଧାନ କରନ୍ତୁ କିମ୍ବା ସମ୍ପ୍ରତି 30ଟି ବ୍ୟାଙ୍କକୁ ଅନ୍ତର୍ଭୁକ୍ତ କରୁଥିବା ଆର୍‌ବିଆଇର ଉଦ୍‌ଗମ ପୋର୍ଟାଲ **(https://udgam.rbi.org.in)** ଯାଞ୍ଚ କରନ୍ତୁ ।

ଅକ୍ଟୋବରରୁ ଡିସେମ୍ବର 2025 ମଧ୍ୟରେ ସାରାଦେଶରେ ସମସ୍ତ ଜିଲ୍ଲାରେ ଆୟୋଜିତ ହେଉଥିବା ସ୍ୱତନ୍ତ୍ର ଦାବିହୀନ ପରିସମ୍ପତ୍ତି ଶିବିର ପରିଦର୍ଶନ କରନ୍ତୁ




ଅଧିକ ବିବରଣୀ ପାଇଁ, ପରିଦର୍ଶନ କରନ୍ତୁ: **https://rbikehtahai.rbi.org.in**
ମତାମତ ପାଇଁ, **rbikehtahai@rbi.org.in** କୁ ଲେଖନ୍ତୁ
କ୍ୟୁଆର୍ କୋଡ୍ ସ୍କାନ୍ କରନ୍ତୁ
ଆନୁଷ୍ଠାନିକ ହ୍ୱାଟ୍ସଆପ୍ ନମ୍ବର 99990 41935

ଜନହିତରେ ଜାରି କରିଛନ୍ତି
भारतीय रिज़र्व बैंक
RESERVE BANK OF INDIA
www.rbi.org.in

ସକାଳ
THE SAKALA

# ସମ୍ପାଦକୀୟ



ପ୍ରେମ ଓ କରୁଣା ବିନା ମାନବିକତା ମୂଲ୍ୟହୀନ
-ଦଲାଇ ଲାମା

## ଭତ୍ତା ଚିନ୍ତା

ଜନଆକାଂକ୍ଷିତ ଯୋଜନାଗୁଡ଼ିକୁ କେନ୍ଦ୍ର ସରକାର ସାଧାରଣତଃ କୌଣସି ରାଜ୍ୟ ବିଧାନସଭା ନିର୍ବାଚନ ଅବ୍ୟବହିତ ପୂର୍ବରୁ ଘୋଷଣା କରନ୍ତି ଏବଂ ଅପ୍ରତ୍ୟାଶିତ ସଫଳତା ମଧ୍ୟ ହାସଲ କରନ୍ତି । ଏହିକ୍ରମରେ ଆସନ୍ନ ବିହାର ବିଧାନସଭା ନିର୍ବାଚନ ପୂର୍ବରୁ ଆଶା କରାଯାଉଥିଲା ଯେ ସଂଗଠିତ ଅଣସରକାରୀ କ୍ଷେତ୍ରରେ କାର୍ଯ୍ୟରତ କର୍ମଚାରୀଙ୍କ ସାମାଜିକ-ଆର୍ଥିକ ନିରାପତ୍ତା ପାଇଁ ଉଦ୍ଦିଷ୍ଟ କର୍ମଚାରୀ ଭବିଷ୍ୟନିଧି ପାଣ୍ଠି(ଇପିଏଫ୍) ଅନ୍ତର୍ଗତ ଅବସରକାଳୀନ ଭତ୍ତା ରାଶିରେ କିଛିଟା ବୃଦ୍ଧି ଘଟିବ । କିନ୍ତୁ ଇପିଏଫ୍ଓର ସଦ୍ୟତମ ବାର୍ଷିକ ବୈଠକରେ ଏହା ଆଜେଣ୍ଡାରେ ମଧ୍ୟ ସାମିଲ୍ ହୋଇନାହିଁ । ଏହାଛଡ଼ା ଏଭଳି କେତେକ ନିଷ୍ପତ୍ତି ନିଆଯାଇଛି, ଯାହା ଏତେ ଦ୍ୱନ୍ଦ୍ୱ ସୃଷ୍ଟି କରୁଛି ଯେ ସାଧାରଣ କର୍ମଚାରୀ କିମ୍ବା ନିଯୁକ୍ତିଦାତାଙ୍କ ପାଇଁ ମଧ୍ୟ ବୁଝି ବୁଝାଇବା କଷ୍ଟକର ହୋଇପଡୁଛି । ସେହିପରି ମୋଟ ଜମା ପରିମାଣର ଶତପ୍ରତିଶତ ଉଠାଣ ନିଷ୍ପତ୍ତିକୁ ନେଇ ମଧ୍ୟ ବିବାଦ ଉଠିଛି । ଯଦି ଅବସର ପୂର୍ବରୁ ସମ୍ପୂର୍ଣ୍ଣ ରାଶି ଉଠାଇ ନିଆଯାଏ ତେବେ ବାର୍ଦ୍ଧକ୍ୟ ଅସୁରକ୍ଷିତ ହୋଇପଡ଼ିବ ବୋଲି ଅଭିଯୋଗ ଆସିଛି ।

ବୈଠକର ନିଷ୍କର୍ଷ ଅନୁଯାୟୀ, ଜମା ଉଠାଣ ଓ ବିବାଦ ସମାଧାନ ପ୍ରକ୍ରିୟା ସରଳ ଓ ସର୍ତ୍ତରହିତ ହୋଇଛି ସତ; କିନ୍ତୁ ଦୀର୍ଘବର୍ଷ ଧରି ହୋଇଆସୁଥିବା ଅବସର ପରବର୍ତ୍ତୀ ଭତ୍ତା ବୃଦ୍ଧି ଦାବି ପ୍ରତି ଦୃଷ୍ଟି ନ ପଡ଼ିବା କ୍ଷୋଭର ବିଷୟ । ସମ୍ପ୍ରତି ଇପିଏଫ୍‌କୁ ଦରମା ଯୋଗଦାନ ଆଧାରରେ ଅବସର ଭତ୍ତା ସର୍ବନିମ୍ନ ୧ ହଜାରରୁ ସର୍ବାଧିକ ୬ ହଜାର ଟଙ୍କା ପର୍ଯ୍ୟନ୍ତ ମିଳୁଛି । ସାମ୍ପ୍ରତିକ କ୍ରମବର୍ଦ୍ଧିଷ୍ଣୁ ମହଙ୍ଗା ଯୁଗରେ ଏତିକି ରାଶି ସମୁଦ୍ରକୁ ଶଙ୍ଖେ ଭଳି । ବୋଧହୁଏ ସରକାର ଅନ୍ୟାନ୍ୟ ସାମାଜିକ ଭତ୍ତା ଯୋଜନାକୁ ତୁଳନା କରି ଇପିଏଫ୍ ପେନ୍‌ସନ୍ ରାଶି ବୃଦ୍ଧି କରିବାକୁ ଉଚିତ ମଣୁ ନାହାନ୍ତି । ବିଭିନ୍ନ ସାମାଜିକ ଯୋଜନାରେ ମିଳୁଥିବା ଭତ୍ତା ନିର୍ବାଚନ ରାଜନୀତିର ଏକ ଅଂଶବିଶେଷ । ଅପରପକ୍ଷରେ ଇପିଏଫ୍ ସମ୍ପୂର୍ଣ୍ଣ ରୂପେ କର୍ମଚାରୀଙ୍କ ଝାଳବୁହା ଧନର ଯୋଗଦାନରେ ଗଠିତ । ସମ୍ପ୍ରତି ଦେଶରେ ୩୦ କୋଟି ଇପିଏଫ୍ ଆକାଉଣ୍ଟଧାରୀ ଥିବା ବେଳେ ସେମାନଙ୍କର ଏବଂ ସେମାନଙ୍କ ନିଯୁକ୍ତିଦାତାଙ୍କ ଯୋଗଦାନ ପରିମାଣ ୨୬ ଲକ୍ଷ କୋଟି ଟଙ୍କା । ସରକାରୀ କର୍ମଚାରୀମାନଙ୍କୁ ଦିଆଯାଉଥିବା ପେନ୍‌ସନ୍ ପ୍ରକ୍ରିୟା ଅନୁସରଣରେ ଇପିଏଫ୍ଓ ଏହି ବିପୁଳ ରାଶିକୁ ଲାଭଦାୟକ ପ୍ରତିଭୂତି ଅଂଶଧନରେ ନିବେଶ କଲେ ଆକାଉଣ୍ଟଧାରୀମାନେ ଅବସର ପରେ ଉପକୃତ ହୁଅନ୍ତେ ।

ଇପିଏଫ୍ ଆକାଉଣ୍ଟଧାରୀଙ୍କ ମଧ୍ୟରୁ ସିଂହଭାଗ ମଧ୍ୟବିତ୍ତ-ନିମ୍ନମଧ୍ୟବିତ୍ତ ଶ୍ରେଣୀର, ଯେଉଁମାନେ ସରକାରୀ ମାଗଣା ଯୋଜନା ଏବଂ ବିଭିନ୍ନ ଗରିବ କଲ୍ୟାଣ ଯୋଜନାରୁ ବଞ୍ଚିତ । ସମ୍ପ୍ରତି ଜୀବନ ଧାରଣର ଅତ୍ୟାବଶ୍ୟକ ସାମଗ୍ରୀ, ଶିକ୍ଷା ଓ ସ୍ୱାସ୍ଥ୍ୟ ଖର୍ଚ୍ଚ ଏତେ ବଢ଼ିଯାଇଛି ଯେ ଦରମା ଗଣ୍ଡିକ ଘରକୁ ଆସିବାର ପ୍ରଥମ ସପ୍ତାହରେ ହିଁ ସରିଯାଉଛି । ଏଭଳି ଅବସ୍ଥାରେ ଭବିଷ୍ୟତ ପାଇଁ ସଞ୍ଚୟ ଜମା ସୁଯୋଗ ମଧ୍ୟ ସଂକୁଚିତ । ତେଣୁ ଅବସର ପରେ ଖଟିଖିଆମାନେ କେମିତି ବଞ୍ଚିବେ ସେ ବିଷୟରେ ଅନ୍ତତଃ ସରକାର ସହୃଦୟତାର ସହ ମାନବିକ ଦୃଷ୍ଟିକୋଣରୁ ଚିନ୍ତା କରିବା ଉଚିତ ହେବ ।

## ବିପଦ ଟଳିନି

ନୋବେଲ୍ ବିଳାସୀ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ମଧ୍ୟସ୍ଥତାରେ ଇସ୍ରାଏଲ୍ ଓ ହମାସ୍ ମଧ୍ୟରେ ଯୁଦ୍ଧବନ୍ଦୀ ପ୍ରତ୍ୟର୍ପଣ ପ୍ରକ୍ରିୟା ଆରମ୍ଭ ହୋଇଛି । ଏଥିସହିତ ଗାଜାରେ ଶାନ୍ତି ବାହାଲ୍ ହେବାର ଆଶାର ଝଲକ୍‌ଟିଏ କେବଳ ଦେଖାଦେଇଛି, କିନ୍ତୁ ଅସ୍ଥିରତା ଓ ଅନିଶ୍ଚିତତାର ବାଦଲ୍ ଏ ପର୍ଯ୍ୟନ୍ତ ହଟିନାହିଁ । ଏହାପୂର୍ବରୁ ମଧ୍ୟ ଉଭୟ ପକ୍ଷରୁ ଅସ୍ତ୍ରବିରତି ଓ ଯୁଦ୍ଧବନ୍ଦୀ ପ୍ରତ୍ୟର୍ପଣ ପ୍ରୟାସ ଭଣ୍ଡୁର ହୋଇଥିଲା । ସମ୍ପ୍ରତି ବିଶ୍ୱର ବଡ଼ଭାଇ ଆମେରିକା ଉପସ୍ଥିତିରେ ଏହି ପ୍ରକ୍ରିୟା ସମ୍ପାଦିତ ହେଉଛି । କିନ୍ତୁ ଏହାର ଅର୍ଥ ନୁହେଁ ଯେ ଉଭୟ ପକ୍ଷ ମନରେ ଜଳୁଥିବା ନିଆଁ ପ୍ରଶମିତ ହୋଇସାରିଛି । ଅନ୍ତତଃ କ୍ଷମତାଲିପ୍‌ସୁ ଓ ଯୁଦ୍ଧଖୋର ବେଞ୍ଜାମିନ୍ ନେତାନ୍ୟାହୁ ଇସ୍ରାଏଲ୍ ଶାସନ ମୁଖ୍ୟ ଥିବା ପର୍ଯ୍ୟନ୍ତ ଇସ୍ରାଏଲ୍-ପାଲେଷ୍ଟାଇନ୍ ମଧ୍ୟରେ ସମ୍ପୂର୍ଣ୍ଣ ଶାନ୍ତି ସହାବସ୍ଥାନ ସାକାର ହେବ ବୋଲି ବିଶ୍ୱାସ ଆସୁନାହିଁ ।

ଗାଜାପଟିରେ ଟ୍ରମ୍ପ ନିଜର ଯେଉଁ ସ୍ୱପ୍ନ-ପ୍ରକଳ୍ପ ପରିକଳ୍ପନା କରିଛନ୍ତି, ତା'କୁ ସାକାର କରିବା ପାଇଁ ସେହି ଅଞ୍ଚଳରେ ଶାନ୍ତି ଫେରିବା ତାଙ୍କ ପାଇଁ ଅପରିହାର୍ଯ୍ୟ । କିନ୍ତୁ ସେ ଯେ ମଧ୍ୟପ୍ରାଚ୍ୟରେ ଶାନ୍ତି ଚାହାନ୍ତି ତାହା କଳ୍ପନାତୀତ । ମଧ୍ୟପ୍ରାଚ୍ୟରେ ଶାନ୍ତି ଓ ସ୍ଥିରତା ବାହାଲ ହେଲେ ଆମେରିକାର ଆଣବିକ-ଇନ୍ଧନ ଓ ଯୁଦ୍ଧାସ୍ତ୍ର ବାଣିଜ୍ୟର ମହତାକାଂକ୍ଷା ସାକାର ହୋଇପାରିବ ନାହିଁ କି ଇରାନ୍‌କୁ କାବୁ କରିହେବ ନାହିଁ । ତେଣୁ ନିଜକୁ ବିଶ୍ୱ ଶାନ୍ତିଦୂତ ଭାବେ ଉପସ୍ଥାପନା କରୁଥିଲେ ମଧ୍ୟ ମଧ୍ୟପ୍ରାଚ୍ୟକୁ ସର୍ବଦା ଅଶାନ୍ତ ଓ ଅସ୍ଥିର ରଖିବା ପାଇଁ ଆମେରିକାର ସର୍ବକାଳୀନ ବୈଦେଶିକ ନୀତି ବିରୋଧରେ ଟ୍ରମ୍ପ ଯିବେ ନାହିଁ । ଅପରପକ୍ଷରେ ଆମେରିକା ବିରୋଧରେ ଯାଇ ଜାତିସଂଘର ସଂଖ୍ୟାଗରିଷ୍ଠ ସଦସ୍ୟ ପାଲେଷ୍ଟାଇନ୍‌ର ସାର୍ବଭୌମତ୍ୱ ସପକ୍ଷରେ ଭୋଟ ଦେଇଛନ୍ତି । ପାଲେଷ୍ଟାଇନ୍ ବିଧିବଦ୍ଧ ଭାବେ ସାର୍ବଭୌମ ରାଷ୍ଟ୍ର ଘୋଷିତ ହେଲେ ହମାସ୍‌ଙ୍କ ନିରାପଦ ଆଶ୍ରୟସ୍ଥଳୀ ହେବା ନିଶ୍ଚିତ, ଯାହାକୁ ନେତାନ୍ୟାହୁ ବରଦାସ୍ତ କରିବେ ନାହିଁ କି ଇସ୍ରାଏଲ୍ ବିରୋଧରେ ଆମେରିକା ମଧ୍ୟ ଯିବ ନାହିଁ । ତେଣୁ ଏହି ପ୍ରସଙ୍ଗ ଆଗାମୀ ଦିନରେ ପୁଣି ଉତ୍ତେଜନା ଓ ହିଂସା ସୃଷ୍ଟି କରିବାର ଆଶଙ୍କା ରହିଛି । ଇତିମଧ୍ୟରେ ଟ୍ରମ୍ପ ପ୍ରାୟୋଜିତ ଏହି ଯୁଦ୍ଧବିରତି ଚୁକ୍ତିକୁ ଆଫଗାନିସ୍ତାନ ଓ ପାକିସ୍ତାନର କେତେକ ଅଞ୍ଚଳରେ ତୀବ୍ର ବିରୋଧ ହେଉଛି । ହମାସ ମଧ୍ୟ ଚୁକ୍ତିର କେତେକ ସର୍ତ୍ତକୁ ବିରୋଧ କରିଛି ଅଥଚ ବାଧ୍ୟବାଧକତାରେ କାର୍ଯ୍ୟକାରୀ କରୁଛି । ତେଣୁ ଏହି ବିରୋଧ ଓ ଅସନ୍ତୋଷ ପୁଣି ଏକ ଆତଙ୍କବାଦୀ ଆକ୍ରମଣ, ହିଂସା ଓ ଯୁଦ୍ଧକୁ ଜନ୍ମ ଦେବା ଅସମ୍ଭବ ନୁହେଁ ।

ଇସ୍ରାଏଲ୍-ପାଲେଷ୍ଟାଇନ ବିବାଦର ମୂଳ ସମସ୍ୟାର ସମାଧାନ ନ ହେବା ଯାଏଁ ମଧ୍ୟପ୍ରାଚ୍ୟରେ ଶାନ୍ତି ଓ ସ୍ଥିରତା କେବଳ ଏକ ସ୍ୱପ୍ନ ମାତ୍ର । କେବଳ ଯୁଦ୍ଧବନ୍ଦୀ ପ୍ରତ୍ୟର୍ପଣ ଓ ଅସ୍ତ୍ରବିରତି ଭଳି ତାଳିପକା ପ୍ରୟାସରେ ଏହି ମହତ୍ ଲକ୍ଷ୍ୟ ପୂରଣ ହୋଇପାରିବ ନାହିଁ । ଚତୁର ଆମେରିକା ଓ ବାଚାଳ ଟ୍ରମ୍ପ ଏହା ବୁଝି ମଧ୍ୟ ଅବୁଝା ରହିବାର ଛଳନା କରୁଛନ୍ତି । ବେଲୁନ୍‌ର ଗୋଟିଏ ସ୍ଥାନରେ ଚାପ ପଡ଼ିଲେ ଅନ୍ୟ ପଟ ଫୁଲି ଉଠିବା ଭଳି ଗାଜା ଶାନ୍ତ ହେଲେ ମଧ୍ୟ ଅଶାନ୍ତି, ଆତଙ୍କ ଓ ହିଂସା ଅନ୍ୟ ସ୍ଥାନରେ ମୁଣ୍ଡ ଟେକିପାରେ ।

## ଗଣତନ୍ତ୍ରର ଅପ୍ରତିହତ ସ୍ୱର: ମ୍ୟାଁମାର୍‌ରୁ ଭେନ୍‌ଜୁଏଲା

ମନୋରଂଜନ ମହାନ୍ତି

ବିଶ୍ୱ-ଇତିହାସରେ ଦୁଇଟି ସ୍ୱର୍ଣ୍ଣିମ ଅଧ୍ୟାୟ । ମଣିଷର ଗଣତାନ୍ତ୍ରିକ ଅଧିକାର ପାଇଁ ସାମରିକ ଶାସନ ବିରୋଧରେ ସଂଗ୍ରାମ କରି ମ୍ୟାଁମାର୍‌ର ଅଙ୍ଗ୍ ସାନ୍ ସୁକୀ ପାଇଥିଲେ ନୋବେଲ ଶାନ୍ତି ପୁରସ୍କାର ୧୯୯୧ ମସିହାରେ । ତିନି ଦଶନ୍ଧିରୁ ଉର୍ଦ୍ଧ୍ୱ କାଳ ପରେ ୨୦୨୫ ମସିହାର ନୋବେଲ୍ ଶାନ୍ତି ପୁରସ୍କାର ପାଇଁ ମନୋନୀତ ହୋଇଛନ୍ତି ଭେନ୍‌ଜୁଏଲାର ବିପ୍ଳବିଣୀ ଲୌହମାନବୀ ରୂପେ ପରିଚିତା ମ୍ୟାରିଆ କୋରିନା ମାଚାଡ଼ୋ । ସେଠାରେ ଏକଛତ୍ରବାଦୀ ଶାସନର ବିଲୋପ କରି ଜନସାଧାରଣଙ୍କ ଗଣତାନ୍ତ୍ରିକ ଅଧିକାର ପାଇଁ ଦୀର୍ଘ ଏକ ଦଶନ୍ଧି ଧରି ଚାଲିଥିବା ଆନ୍ଦୋଳନର ନେତୃତ୍ୱ ସେ ନେଉଛନ୍ତି । ଭେନ୍‌ଜୁଏଲା ଦକ୍ଷିଣ-ଆମେରିକାର ଏକ ରାଷ୍ଟ୍ର । ତା' ସୀମାକୁ ଲାଗିଛି କ୍ୟାରିବୀୟ ସାଗର ଓ ଉତ୍ତରଆଟ୍‌ଲାଣ୍ଟିକ୍ ମହାସାଗର । ତା'ର କ୍ଷେତ୍ରଫଳ ୯, ୧୬, ୪୪୫ ବର୍ଗ କି.ମି. । ଜନସଂଖ୍ୟା ମାତ୍ର ୩୦.୫ ନିୟୁତ । ଅଥଚ ଦେଶଟି ସଂପ୍ରତି ଘୋର ସଂକଟ ମଧ୍ୟରେ ଗତି କରୁଛି ।

ହ୍ୟୁଗୋ ଚାଭେଜ୍ ରାଷ୍ଟ୍ରପତି ଥିଲାବେଳେ ସାମାଜିକ, ଅର୍ଥନୈତିକ, ରାଜନୈତିକ ସଂକଟ ଆରମ୍ଭ ହୋଇ ଏବର ରାଷ୍ଟ୍ରପତି ନିକୋଲାସ୍ ମାଦୁରୋ ଓ ଉପରାଷ୍ଟ୍ରପତି ଡେଲ୍‌ସି ରୋଡ୍ରିଗେଜ୍‌ଙ୍କ ଶାସନ ସମୟରେ ବହୁଗୁଣିତ ହୋଇଛି । ମୁଦ୍ରାସ୍ଫୀତି, ଅନାହାର, ରୋଗ, ଅପରାଧ, ମୃତ୍ୟୁହାର ବୃଦ୍ଧି, ଦେଶାନ୍ତର ଗମନ ଦୃଷ୍ଟିରୁ ଭେନ୍‌ଜୁଏଲା ହେଉଛି ଲାଟିନ୍-ଆମେରିକା ଓ କ୍ୟାରିବୀୟ ଅଞ୍ଚଳରେ ଦ୍ୱିତୀୟ ଦରିଦ୍ର ରାଷ୍ଟ୍ର । ସେଠି ପ୍ରଚୁର ତୈଳସମ୍ପଦ ଭରିରହିଛି । 'ପେଟ୍ରୋଲିଅସ୍ ଡି ଭେନ୍‌ଜୁଏଲା ଏସ୍.ଏ' ନାମକ ରାଷ୍ଟ୍ରାୟତ୍ତ ତୈଳ ଓ ପ୍ରାକୃତିକ ବାଷ୍ପ କମ୍ପାନୀ ତା'ର ପରିଚାଳନା ଦାୟିତ୍ୱରେ ଅଛି । କିନ୍ତୁ ସରକାରୀ କୁ-ପରିଚାଳନା ହେତୁ ତୈଳ ଉତ୍ପାଦନ ହ୍ରାସ ପାଉଛି । ଏଣେ ତୈଳ ରପ୍ତାନି ଉପରେ ନିର୍ଭରଶୀଳତା ମାତ୍ରାଧିକ ହେଉଛି । ତୈଳ ମୂଲ୍ୟ ହ୍ରାସ ପାଉଛି । ସର୍ବବୃହତ୍ ତୈଳସମ୍ପଦ ଥାଇ ମଧ୍ୟ ଦେଶବାସୀ ଦରିଦ୍ର ।

ରାଜନୈତିକ ଅସ୍ଥିରତା ସାଙ୍ଗକୁ ଭ୍ରଷ୍ଟାଚାର, ଦୁର୍ବଳ ନେତୃତ୍ୱ, ଅମଲାତନ୍ତ୍ରର ଅଧିନାୟକବାଦୀ ଶୈଳୀ ଜନସାଧାରଣଙ୍କ ଦୁର୍ଦ୍ଦଶା ପାଇଁ ପୂର୍ଣ୍ଣତଃ ଦାୟୀ । ବ୍ୟକ୍ତି-ସ୍ୱାଧୀନତା ଓ ନିରାପତ୍ତାର ଘୋର ଅଭାବ । ଖାଦ୍ୟାଭାବ, ପାନୀୟଜଳ ସଂକଟ, ସ୍ୱାସ୍ଥ୍ୟ ସୁବିଧାର ଅଭାବ ହେତୁ ୫ନିୟୁତ ଲୋକ ଦେଶାନ୍ତର ହେଲେଣି । ବେଆଇନ୍ ଭାବରେ ଆମେରିକାରେ ରହୁଥିବା ଭେନ୍‌ଜୁଏଲା-ଅଧିବାସୀଙ୍କ ସଂଖ୍ୟା ୨୦୦୭ରେ ଥିଲା ୫୫, ୦୦୦, ୨୦୨୧ରେ ୧, ୯୫, ୦୦୦, ୨୦୨୩ରେ ୬, ୫୦, ୦୦୦, ୨୦୨୫ରେ ୭ଲକ୍ଷ । କୃଷି ଓ ଉତ୍ପାଦନ କ୍ଷେତ୍ର ସମ୍ପୂର୍ଣ୍ଣ ଅବହେଳିତ । ପରିସଂଖ୍ୟାନ ଅନୁଯାୟୀ ୩୦ନିୟୁତ ଜନସଂଖ୍ୟାବିଶିଷ୍ଟ ଭେନ୍‌ଜୁଏଲାରେ ପ୍ରାୟ ଏକ-ତୃତୀୟାଂଶ ଅର୍ଥାତ୍ ୯.୩ ନିୟୁତ ଲୋକ ଖାଦ୍ୟାଭାବରେ ପୀଡ଼ିତ । ଚିକନ୍‌ଗୁନିଆ, ଡେଙ୍ଗୁ, ହେପାଟାଇଟିସ୍-ଏ, ହେପାଟାଇଟିସ୍-ବି, ମ୍ୟାଲେରିଆ, ମିଳିମିଳା ରୋଗୀଙ୍କ ସଂଖ୍ୟା ବଢ଼ିବଢ଼ି ଚାଲିଛି । ଅଥଚ ଆବଶ୍ୟକ ଔଷଧର ଉତ୍କଟ ଅଭାବ । ବେକାରୀ, ବେରୋଜଗାରୀ ବଢୁଥିବାରୁ ଅପରାଧ ବୃଦ୍ଧି ପାଉଛି । ଏକଛତ୍ରବାଦୀ ଶାସକଙ୍କ ସ୍ୱେଚ୍ଛାଚାର ହେତୁ ମାନବାଧିକାର ଉଲ୍ଲଙ୍ଘନ ହେଉଛି । ଫଳତଃ ନାଗରିକ ଅସନ୍ତୋଷ ବୃଦ୍ଧି ପାଉଛି । ଭେନ୍‌ଜୁଏଲାକୁ ଯାଉଥିବା ଲୋକଙ୍କୁ ବେଆଇନ୍ ଅଟକ ରଖାଯାଉଛି, ଯନ୍ତ୍ରଣା ଦିଆଯାଉଛି । ଆତଙ୍କବାଦ ଓ ଅପହରଣ ଭଳି ମାମଲାରେ ଜଡ଼ିତ କରାଇ ସ୍ଥାନୀୟ ଆଇନ୍‌ର ମନମୁଖି ପ୍ରୟୋଗ କରାଯାଉଛି ।

ସ୍ୱଳ୍ପ ଜନସଂଖ୍ୟା ବିଶିଷ୍ଟ ଗୋଟେ କ୍ଷୁଦ୍ର ରାଷ୍ଟ୍ରର ଏପରି ଦୁଃସ୍ଥିତି କାଳରେ ରାଷ୍ଟ୍ରନାୟକଙ୍କ ଏକଛତ୍ରବାଦ ବିରୋଧରେ ବଜ୍ର ସ୍ୱର ଜାଗ୍ରତ କରି ସାଧାରଣ ଜନତାଙ୍କ ଗଣତାନ୍ତ୍ରିକ ଅଧିକାର ପାଇଁ ଜନ-ଆନ୍ଦୋଳନ ଜରିଆରେ ନିରବଚ୍ଛିନ୍ନ ପ୍ରୟାସ କରୁଥିବା ମ୍ୟାରିଆ କୋରିନା ମାଚାଡ଼ୋ ଚଳିତ ବର୍ଷର ନୋବେଲ୍ ଶାନ୍ତି ପୁରସ୍କାର ବିଜୟିନୀ । ମ୍ୟାରିଆ ଜଣେ ଇଣ୍ଡଷ୍ଟ୍ରିଆଲ୍ ବା ଔଦ୍ୟୋଗିକ ଇଂଜିନିୟର୍ ଓ ବିତ୍ତକ୍ଷେତ୍ର (ଫାଇନାନ୍ସ)ରେ ସ୍ନାତକୋତ୍ତର ଉପାଧିପ୍ରାପ୍ତ । 'ସୁମେଟ୍' ସଂଗଠନର ପ୍ରତିଷ୍ଠାତ୍ରୀ ଭାବରେ ନିଜର ରାଜନୈତିକ ଜୀବନ ସେ ଆରମ୍ଭ କରିଥିଲେ । ସେଥିସହିତ 'ଭେଣ୍ଟେ ଭେନ୍‌ଜୁଏଲା' ନାମକ ରାଜନୈତିକ ଦଳର ଜାତୀୟ ସଂଯୋଜିକା ଅଛନ୍ତି । ୨୦୧୪ରୁ ଏପର୍ଯ୍ୟନ୍ତ ରାଷ୍ଟ୍ରପତି ନିକୋଲାସ୍ ମାଦୁରୋଙ୍କ ସରକାର ବିରୋଧରେ ଏକ ଶକ୍ତିଶାଳୀ ସାମାଜିକ ଆନ୍ଦୋଳନର ନେତୃତ୍ୱ ନେଉଛନ୍ତି ମ୍ୟାରିଆ । ୨୦୨୪ରୁ ଗୋପନବାସରେ ଅଛନ୍ତି । ଏକ ଦଶନ୍ଧି ବ୍ୟାପୀ ତାଙ୍କର ସଂଗ୍ରାମକୁ ସ୍ୱୀକୃତି ଜଣାଇ ନୋବେଲ୍ କମିଟି ତାଙ୍କୁ ପ୍ରଦାନ କରିଛି ଅନ୍ତଃରାଷ୍ଟ୍ରୀୟ ସ୍ତରରେ ସର୍ବଶ୍ରେଷ୍ଠ ଶାନ୍ତି ପୁରସ୍କାର ।

ଗଣତାନ୍ତ୍ରିକ ଅଧିକାର ପାଇଁ ମ୍ୟାରିଆଙ୍କ ସଂଗ୍ରାମ ଆମକୁ ମନେପକାଇ ଦେଉଛି ଆଜିକୁ ପ୍ରାୟ ଚାରି ଦଶନ୍ଧି ତଳେ ବର୍ମା (ଆଧୁନିକ ମ୍ୟାଁମାର୍)ରେ ସାମରିକ ଶାସନକର୍ତ୍ତା ଜେନେରାଲ୍ ନି ୱିନ୍‌ଙ୍କ ବିରୋଧରେ ଜନଆନ୍ଦୋଳନକୁ କିଭଳି ତୀବ୍ରତର କରିଥିଲେ ବିପ୍ଳବିଣୀ ଅଙ୍ଗ୍‌ସାନ୍ ସୁକୀ । ଜେନେରାଲ ନି ୱିନ୍‌ଙ୍କ ସାମରିକ ଶାସନରେ ବର୍ମାର ଅଧିବାସୀମାନେ ଅତ୍ୟନ୍ତ ଅତିଷ୍ଠ ଓ ଅସ୍ଥିର ହୋଇପଡ଼ିଥିଲେ । ୧୯୮୮ ମସିହାରେ ସୁକୀ ରେଙ୍ଗୁନ୍‌ରେ ପହଞ୍ଚି ବର୍ମାବାସୀଙ୍କ ଦୁରବସ୍ଥାକୁ ହୃଦୟଙ୍ଗମ କଲେ । ସୁକୀ ଲକ୍ଷ୍ୟ କଲେ ଛାତ୍ରମାନେ ନି ୱିନ୍‌ଙ୍କ ବିରୋଧରେ ଆନ୍ଦୋଳନ କରୁଛନ୍ତି । ସୁତରାଂ ସେ ନିଜକୁ ସେହି ଆନ୍ଦୋଳନରେ ସାମିଲ କରାଇଲେ ।

ସାରା ଦେଶରେ ସାମରିକ ଶାସନ ବିରୋଧରେ ପ୍ରତିବାଦର ସ୍ୱର ଜାଗି ଉଠିଲା । ୧୯୮୮ ଜୁଲାଇ ୨୩ ତାରିଖରେ ନି ୱିନ୍ 'ବର୍ମିଜ୍ ସୋସିଆଲିଷ୍ଟ ପ୍ରୋଗ୍ରାମ୍ ପାର୍ଟି'ର ନେତୃତ୍ୱରୁ ଓହରିଯିବାକୁ ସ୍ଥିରକଲେ । ୧୯୮୮ ଅଗଷ୍ଟ ୧୫ ତାରିଖରେ ସୁକୀ ନିଜର ଏକ ଲେଖା ସାମରିକ ଶାସନକର୍ତ୍ତାଙ୍କୁ ଦେଲେ । ସେହି ଲେଖାର ଶୀର୍ଷକ ଥିଲା - 'ଦି ଫର୍‌ମେସନ୍ ଅଫ୍ ଏ ପିପୁଲ୍‌ସ୍ କନ୍‌ସଲ୍‌ଟେଟିଭ୍ କମିଟି' । ଶାନ୍ତିପୂର୍ଣ୍ଣ ଓ ନିରସ୍ତ୍ର ଆନ୍ଦୋଳନକାରୀମାନଙ୍କ ବିରୋଧରେ ଦମନମୂଳକ ପନ୍ଥା ଗ୍ରହଣ ନକରିବା ପାଇଁ ଏବଂ ସମସ୍ତ ରାଜନୈତିକ ବନ୍ଦୀଙ୍କୁ ଖଲାସ କରିଦେବା ପାଇଁ ଉକ୍ତ ଲେଖାରେ ସୁକୀ ସାମରିକ ଶାସନକର୍ତ୍ତାଙ୍କୁ ନିବେଦନ କରିଥିଲେ । ଏହି ଲେଖାରେ ମଧ୍ୟ ବର୍ମାର କେତେକ ବିଶିଷ୍ଟ ନାଗରିକ ସ୍ୱାକ୍ଷର କରିଥିଲେ ।

ସମଗ୍ର ଦେଶରେ ଶାନ୍ତିପୂର୍ଣ୍ଣ ଓ ଅହିଂସ ଆନ୍ଦୋଳନ ଏକ ବିରାଟ ଆକାର ଧାରଣ କରିବାରୁ ଜେନେରାଲ ନି ୱିନ୍ କ୍ଷମତାରୁ ଓହରିଗଲେ । ୧୯୮୮ ସେପ୍ଟେମ୍ବର ୧୮ ତାରିଖରେ ଜେନେରାଲ ସ'-ମାଉଙ୍ଗ୍ ସାମରିକ ଶାସନକର୍ତ୍ତା ହେଲେ । ସେତିକିବେଳେ ସୁକୀ ଏକ ଦଳ ଗଢ଼ିଲେ ଯାହାର ନାମ ହେଲା 'ନେସ୍‌ନାଲ୍ ଲିଗ୍ ଫର୍ ଡେମୋକ୍ରେସି' । ୧୯୮୮ ଅଗଷ୍ଟ ୧୫ତାରିଖରୁ ୧୯୮୯ ଜୁଲାଇ ୨୦ ତାରିଖ ପର୍ଯ୍ୟନ୍ତ ସୁକୀ ନିରବଚ୍ଛିନ୍ନ ଭାବରେ ସଂଗ୍ରାମ କଲେ ସାମରିକ ଏକଛତ୍ରବାଦ ବିରୋଧରେ । ସୁକୀଙ୍କର ଜନପ୍ରିୟତା ସମଗ୍ର ଦେଶରେ କ୍ରମଶଃ ବୃଦ୍ଧି ପାଇବାକୁ ଲାଗିଲା । ୧୯୯୦ ମେ ୨୭ ତାରିଖରେ ବର୍ମା (ଆଧୁନିକ ମ୍ୟାଁମାର୍)ରେ ସାଧାରଣ ନିର୍ବାଚନ ଅନୁଷ୍ଠିତ ହେଲା । ସେଥିରେ ୪୮୫ଟି ଆସନ ମଧ୍ୟରୁ ସୁକୀଙ୍କ 'ନେସ୍‌ନାଲ୍ ଲିଗ୍ ଫର୍ ଡେମୋକ୍ରେସି' ଦଳ ୩୯୨ଟି ଆସନରେ ବିଜୟ ହାସଲ କଲେ । ସମୁଦାୟ ୧୩ ନିୟୁତ ଭୋଟ ମଧ୍ୟରୁ ସୁକୀଙ୍କ ଦଳ ଶତକଡ଼ା ୭୨ ଭାଗ ଭୋଟ୍ ପାଇ ନିରଙ୍କୁଶ ସଂଖ୍ୟାଗରିଷ୍ଠତା ହାସଲ କଲେ । ନିର୍ବାଚନ ପୂର୍ବରୁ ମାସ ମାସ ଧରି ସୁକୀ ୧୦୦୦ରୁ ଉର୍ଦ୍ଧ୍ୱ ସଭାରେ ଉଦ୍‌ବୋଧନ ଦେଇଥିଲେ ।

ନିର୍ବାଚନରେ ସୁକୀଙ୍କ 'ଗଣତନ୍ତ୍ର-ଦଳ'ର ବିପୁଳ ବିଜୟ ଦେଖି ସାମରିକ ଶାସକମାନେ କ୍ରୋଧାନ୍ୱିତ ଓ ଈର୍ଷାପରାୟଣ ହୋଇଉଠିଲେ । ଗଣତନ୍ତ୍ର ସପକ୍ଷରେ ମ୍ୟାଁମାର୍‌ର ଅଧିବାସୀଙ୍କ ରାୟକୁ ସାମରିକ ଶାସକମାନେ ଅସ୍ୱୀକାର ଓ ଅସମ୍ମାନ କଲେ । ୧୯୯୦ ଅକ୍ଟୋବର ମାସରୁ ୧୯୯୨ ଜାନୁଆରୀ ମଧ୍ୟରେ ସୁକୀଙ୍କ 'ନେସ୍‌ନାଲ୍ ଲିଗ୍ ଫର୍ ଡେମୋକ୍ରେସି' ଦଳର ପାର୍ଲାମେଣ୍ଟ ସଭ୍ୟମାନଙ୍କର ବିଚାର ହୋଇ ପ୍ରତ୍ୟେକଙ୍କୁ ୧୦ରୁ ୨୫ବର୍ଷ ପର୍ଯ୍ୟନ୍ତ କାରାଦଣ୍ଡରେ ଦଣ୍ଡିତ କରାଗଲା । ବନ୍ଦୀଶାଳାରେ ରାଜନୈତିକ ବନ୍ଦୀମାନଙ୍କ ପ୍ରତି ଅକଥନୀୟ ଅତ୍ୟାଚାର କରାଗଲା । ୧୯୯୧ ଜୁଲାଇ ୨୦ତାରିଖରୁ ସୁକୀଙ୍କୁ ଗୃହବନ୍ଦୀ କରି ରଖାଗଲା ।

ମ୍ୟାଁମାର୍‌ରେ ଗଣତନ୍ତ୍ର ଶାସନ ପ୍ରତିଷ୍ଠା କରିବା ଉଦ୍ଦେଶ୍ୟରେ ସୁକୀ ଯେପରି ନିରବଚ୍ଛିନ୍ନ ସଂଗ୍ରାମ ଓ ସାଧନା କରି ଆସିଥିଲେ, ଯେପରି ଚରମ ତ୍ୟାଗ ସ୍ୱୀକାର କରିଥିଲେ, ଇତିହାସରେ ତାହା ଅତୁଳନୀୟ । ୧୯୯୧ର ନୋବେଲ୍ ଶାନ୍ତି ପୁରସ୍କାର ତାଙ୍କୁ ପ୍ରଦାନ କରାଯାଇଥିଲା । ମଣିଷର ଗଣତାନ୍ତ୍ରିକ ଅଧିକାର ପାଇଁ ସାମରିକ ଓ ଏକଛତ୍ରବାଦୀ ଶାସନ ବିରୋଧରେ ସାହସିକ ସଂଗ୍ରାମ କରିଥିବା ଏହି ଦୁଇଜଣ ବିପ୍ଳବିଣୀ ନାରୀ ବିଶ୍ୱ ଇତିହାସରେ ଚିର ସ୍ମରଣୀୟ ହୋଇ ରହିବେ । ଏକଛତ୍ରବାଦ ବିରୋଧରେ ଅବଳା ରୂପେ ବିଦିତ ନାରୀମାନଙ୍କର ଉପରୋକ୍ତ ଯୁଗାନ୍ତକାରୀ ସଂଗ୍ରାମକୁ ନୋବେଲ୍ ସ୍ୱୀକୃତି ନାରୀ ସଶକ୍ତୀକରଣର ଦୃଢ଼ ବାର୍ତ୍ତା, ସର୍ବୋପରି ପୁରୁଷପ୍ରାଧାନ୍ୟ ସମାଜକୁ ଏକ ଭିନ୍ନ ସଂକେତ ଦେଉଛି ।

(ଅବସରପ୍ରାପ୍ତ ପ୍ରାଧ୍ୟାପକ)
ଧର୍ମଶାଳା(ଯାଜପୁର),
ମୋ: ୯୮୫୩୨୮୨୯୬୨

## ଜ୍ଞାନର ଅହଙ୍କାର ଓ ଅହଙ୍କାରର ଜ୍ଞାନ

ଶ୍ରୀବତ୍ସ ନାୟକ

ଏମିତି ଏକ ସମୟ ଆସିବ ଯେଉଁ ସମୟରେ ତୁମ ପାଖରେ ଚପଲ ଥିବ, କିନ୍ତୁ ପାଦରେ ବଳ ନଥିବ । ହାତ ଥିବ, କିନ୍ତୁ ଯୋଡ଼ିବାକୁ ଶକ୍ତି ନଥିବ । ସମସ୍ତେ ଥାଇ ବି ପାଖରେ କେହି ନଥିବେ । ସମୟ ଆସିବ ଯୌବନରେ ବାର୍ଦ୍ଧକ୍ୟର ଛାଇ ଖେଳିଯିବ, ସ୍ୱପ୍ନ ଦେଖୁଥିବ ହେଲେ ରାତି ନଥିବ । ସମୟ ଆସିବ ତୁମକୁ ବି କେହି ଉପହାସ କରିବେ । ତୁମେ ବି କାହା ନିର୍ଦ୍ଦେଶକୁ ଅପେକ୍ଷା କରିବ । ନିରସ୍ତ୍ର ସୈନିକ ଭଳି ମୂକ ପାଲଟିଯିବ । ବିରହ ବିଚ୍ଛେଦର ଯନ୍ତ୍ରଣା ଭୋଗିବାକୁ ପଡ଼ିବ, ସମସ୍ତ କୁକର୍ମର ପଶ୍ଚାତାପ କରିବାକୁ ପଡ଼ିବ । ତେଣୁ ଏତେ ଗର୍ବ ଅହଙ୍କାର କାହିଁକି? ସମୟ ଆସିବ ସବୁ ଅହଙ୍କାର ଚୂରମାର ହୋଇଯିବ ।

ମଣିଷ ମନର ଅହଂ ଭାବନାରେ ଆତ୍ମଗର୍ବ ଅତିଶୟ । ଏ ମଣିଷ ଅହଂ ଭାବନାରେ ବୁଡ଼ି ନିଜକୁ ମଣେ ମହାନ । ନମ୍ରତା ଭାବନା ପ୍ରତି ବୀତସ୍ପୃହ ହୋଇ ଆତ୍ମଗର୍ବେ ବଳୀୟାନ ହୁଏ । ଅଜ୍ଞାନ ଅନ୍ଧକାର ରହିତ ମଣିଷ ଅହଙ୍କାର କରିବା ସ୍ୱାଭାବିକ । କିନ୍ତୁ ଯେତେବେଳେ ଜ୍ଞାନୀ ଲୋକମାନେ ନିଜ ଜ୍ଞାନକୁ ନେଇ ଗର୍ବ ଓ ଅହଙ୍କାର କରିଥା'ନ୍ତି, ସେତେବେଳେ ସମାଜ ବିନାଶ ଆଡ଼କୁ ଗତି କରିଥାଏ । କିଏ ନିଜର ଧନକୁ ନେଇ ଗର୍ବ କରେ ତ କିଏ ପୁଣି ନିଜର ସୌନ୍ଦର୍ଯ୍ୟକୁ ନେଇ ଗର୍ବ କରେ । କିଏ ଜ୍ଞାନକୁ ନେଇ ଗର୍ବ କରେ ତ କିଏ ପୁଣି ନିଜର ଦାନ ଓ ଭକ୍ତିକୁ ନେଇ ଗର୍ବ କରେ । ଅଧୁନା ସମାଜରେ ଅହଙ୍କାରୀ ଜ୍ଞାନୀମାନଙ୍କର ଅଭାବ ନାହିଁ । ଏହି ଅହଙ୍କାରୀ ଜ୍ଞାନୀମାନେ ନିଜର ଜ୍ଞାନର ଦ୍ୱାହି ଦେଇ ବିକାଶ ଆଳରେ ସମାଜକୁ ବିନାଶ ଆଡ଼କୁ ନେଇଯାଉଛନ୍ତି ।

ଲଙ୍କାପତି ରାବଣ ବେଦ, ଶାସ୍ତ୍ର ଓ ସଙ୍ଗୀତରେ ବେଶ୍ ପାରଙ୍ଗମ ଥିଲେ । ସେ ଶିବଭକ୍ତ ମଧ୍ୟ ଥିଲେ । ତାଙ୍କର ତପସ୍ୟାରେ ସ୍ୱୟଂ ଶିବଙ୍କୁ ସନ୍ତୁଷ୍ଟ କରିଥିଲେ । ସେ ବ୍ରହ୍ମଜ୍ଞାନୀ ଥିଲେ, କିନ୍ତୁ ସେଇ ଜ୍ଞାନକୁ ସେ ବିନମ୍ରତାରେ ବ୍ୟବହାର କରି ନ ଥିଲେ । ସୀତାଙ୍କୁ ହରଣ କରିବା, ନିଜକୁ ସବୁଠାରୁ ଶ୍ରେଷ୍ଠ ଭାବିବା ସେଇ ଅହଙ୍କାରର ପରିଣାମ ସ୍ୱରୂପ ତାଙ୍କର ସ୍ୱର୍ଣ୍ଣ ଲଙ୍କା ଧ୍ୱଂସ ହେଲା । ଜ୍ଞାନ ସହିତ ବିନମ୍ରତା ନଥିଲେ ସେଇ ଜ୍ଞାନ ବିନାଶକାରୀ ସଦୃଶ । ଦୁର୍ବାସା ଋଷି ବଡ଼ ଜ୍ଞାନୀ ଓ ତପସ୍ୱୀ ଥିଲେ । କିନ୍ତୁ କ୍ରୋଧ ଓ ଅହଙ୍କାରବଶତଃ ତାଙ୍କର ଶାପରେ ଅନେକ ରାଜ୍ୟ, ଅନେକ ପରିବାର ଦୁର୍ଭୋଗରେ ପଡ଼ିଥିଲା । ରାଜା ବଳୀଙ୍କ ଦାନ ଦେବାର ଅହଙ୍କାର ଓ ଆତ୍ମବଡ଼ିମା ଯୋଗୁଁ ପାତାଳ ପୁରକୁ ଗଲେ । ଅହଙ୍କାର ପାଇଁ ମହର୍ଷି ନାରଦ ମଧ୍ୟ ଶ୍ରେଷ୍ଠ ଭକ୍ତ ହେବାର ଯୋଗ୍ୟତା ହରେଇଛନ୍ତି । ଯେତେବେଳେ ଜ୍ଞାନ କ୍ରୋଧ ସହିତ ମିଶେ ସେଥିରୁ କେବଳ ଦୁଃଖ ଜନ୍ମେ । ମହାଭାରତର ଦୁର୍ଯ୍ୟୋଧନ ଯୁଦ୍ଧଶାସ୍ତ୍ର, ରାଜନୀତି ଓ କୌଶଳରେ ଥିଲେ ଅପାର ଜ୍ଞାନୀ । ସେ ଶିକ୍ଷା ଓ ଶକ୍ତିରେ ସମ୍ପନ୍ନ ଥିଲେ ମଧ୍ୟ ଅହଙ୍କାରରେ ପାଣ୍ଡବମାନଙ୍କୁ ଦ୍ୱେଷ କରି ତାଙ୍କ ସମସ୍ତ ଜ୍ଞାନକୁ ଅନ୍ୟାୟରେ ବ୍ୟୟ କଲେ । ଶେଷରେ କୁରୁକ୍ଷେତ୍ରରେ ତାଙ୍କର ପରାଜୟ ହେଲା । ଜ୍ଞାନ ଯଦି ସତ୍ୟରେ ନ ଥାଏ, ସେଥିରୁ ଅବଶ୍ୟ ବିନାଶ ଆସେ ।

ହିଟଲର୍ ଅସାଧାରଣ ରାଜନୀତିକ ଜ୍ଞାନ, ସମ୍ବୋଧନ କରିବାର କଳା ଓ ସେନାନୀତିରେ ନିପୁଣ ଥିଲେ । ସେହି ଜ୍ଞାନକୁ ଯଦି ସେ ମାନବସେବାରେ ବ୍ୟବହାର କରିଥା'ନ୍ତେ, ସମଗ୍ର ବିଶ୍ୱ ଉନ୍ନତିର ପଥରେ ଯାଇପାରିଥା'ନ୍ତା । କିନ୍ତୁ ସେ ଅହଙ୍କାର, ହିଂସା ଓ ଅନ୍ୟଜାତି ପ୍ରତି ଦ୍ୱେଷରେ ସେଇ ଜ୍ଞାନକୁ ବ୍ୟବହାର କଲେ । ପରିଣାମ ସ୍ୱରୂପ ବିଶ୍ୱ ଦେଖିଲା ଦ୍ୱିତୀୟ ବିଶ୍ୱଯୁଦ୍ଧ । ଏଠାରେ ଜ୍ଞାନ ରହିତ ଅହଙ୍କାର ପ୍ରଳୟଙ୍କାରୀ ବିଶ୍ୱବ୍ୟାପୀ ଯୁଦ୍ଧକୁ ନିମନ୍ତ୍ରଣ କରିଥିଲା । ମୋଗଲ୍ ସମ୍ରାଟ୍ ଔରଙ୍ଗଜେବ ରାଜନୀତି, ଶାସନ ଓ ଧର୍ମଶାସ୍ତ୍ରରେ ଜ୍ଞାନୀ ଥିଲେ । କିନ୍ତୁ ସେଇ ଜ୍ଞାନକୁ ସେ ସହିଷ୍ଣୁତାରେ ନୁହେଁ, କଠୋରତାରେ ବ୍ୟବହାର କଲେ । ତାଙ୍କର ଅହଙ୍କାରୀ ନୀତି ସମଗ୍ର ମୋଗଲ ସାମ୍ରାଜ୍ୟକୁ ଦୁର୍ବଳ କରିଦେଲା । ଶାସନରେ ଜ୍ଞାନ ଅହଙ୍କାରରେ ବ୍ୟବହୃତ ହେଲେ, ସାମ୍ରାଜ୍ୟ ଧ୍ୱଂସ ନିଶ୍ଚିତ । ଇତିହାସ ସାକ୍ଷୀ ଅଛି ଯେ ଏହିଭଳି ଅନେକ ଜ୍ଞାନୀମାନଙ୍କର ଅହଙ୍କାର ଯୋଗୁଁ ସେମାନଙ୍କର ପତନ ହୋଇଛି ଏବଂ ସମଗ୍ର ସମାଜ ଧ୍ୱଂସାବିମୁଖୀ ହୋଇଛି ।

ଜ୍ଞାନର ଅହଙ୍କାର ମଣିଷକୁ ତଳିତଳାନ୍ତ କରିଦିଏ । କିନ୍ତୁ ଅହଙ୍କାରର ଜ୍ଞାନ ମଣିଷର ଶ୍ରେଷ୍ଠତାକୁ ପ୍ରତିପାଦିତ କରିଥାଏ । ଯେଉଁ ମଣିଷ ପାଖରେ ଅହଙ୍କାର ବିଷୟରେ କିଛି ନା କିଛି ଜ୍ଞାନ ଥିବ ସେମାନେ ହେଲେ ପ୍ରକୃତ ଜ୍ଞାନୀ । ମର୍ଯ୍ୟାଦାପୁରୁଷ ଶ୍ରୀରାମ ଜ୍ଞାନୀ ଥିଲେ, କିନ୍ତୁ ତାଙ୍କର ଜ୍ଞାନ ଥିଲା ଅହଙ୍କାର ବର୍ଜନ ଉପରେ । ଅବତାରୀ ପୁରୁଷ ଶ୍ରୀକୃଷ୍ଣ କେବେ ବି ନିଜକୁ ଭାଗବାନ ବୋଲି ସମ୍ବୋଧିତ କରିନାହାନ୍ତି । ସକ୍ରେଟିସ୍ ନିଜ ମହାନତାର ପ୍ରମାଣ ଦେବାକୁ ଯାଇ କହିଛନ୍ତି ଯେ ମୁଁ ଏତିକି ଜ୍ଞାନ ଆହରଣ କରିଛି ଯେ ମୁଁ କିଛି ଜାଣିନାହିଁ । ଏହା ହିଁ ପ୍ରକୃତ ଜ୍ଞାନ । ଏହି ବିନମ୍ରତାରୁ ସେ ମହାନ୍ । ପ୍ରକୃତ ଜ୍ଞାନୀ ସିଏ, ଯିଏ ଜ୍ଞାନକୁ ଅହଙ୍କାରରେ ନୁହେଁ, ସେବାରେ ବ୍ୟବହାର କରେ ।

ଜ୍ଞାନ ହେଉଛି ମଣିଷର ସର୍ବୋତ୍କୃଷ୍ଟ ସମ୍ପଦ । ଜ୍ଞାନର ଆଲୋକରେ ମଣିଷ ନିଜେ ସଚେତନ ହୁଏ ଏବଂ ସମାଜକୁ ଆଗକୁ ନେଇଯାଏ । କିନ୍ତୁ କେବେ କେବେ ଏହି ଜ୍ଞାନ ମଣିଷକୁ ବିନମ୍ର କରିବାରୁ ବ୍ୟର୍ଥ ହୋଇ ଅହଙ୍କାରର ସୃଷ୍ଟି କରେ । ଏହି ଜ୍ଞାନର ଅହଙ୍କାର ସମସ୍ତଙ୍କ ପାଇଁ କ୍ଷତିକାରକ । ଜ୍ଞାନର ସତ୍ୟ ସ୍ୱରୂପ ଯଥାର୍ଥ ଜ୍ଞାନ ମଣିଷକୁ ନମ୍ରତା, ସହିଷ୍ଣୁତା ଓ ସେବାଭାବୀ କରିଥାଏ । 'ବିଦ୍ୟା ଦଦାତି ବିନୟମ୍' । ଅର୍ଥାତ୍, ସତ୍ୟ ଜ୍ଞାନ ବିନମ୍ରତାକୁ ଜନ୍ମ ଦେଇଥାଏ । ତେଣୁ ଜ୍ଞାନର ଅହଙ୍କାରକୁ ପରିତ୍ୟାଗ କରି ଅହଙ୍କାର ବିଷୟରେ ଜ୍ଞାନ ଆହରଣ କଲେ ସମାଜର ମଙ୍ଗଳ ସାଧିତ ହେବ ।

କଟକ, ମୋ: ୯୪୩୮୦୭୦୮୪୯

## ରାଧା ଦାମୋଦର ବ୍ରତ

ସ୍ୱପ୍ନେଶ୍ୱର

### ଲୋକକଥାରେ ଲୋକଦେବତା

ଦ୍ୱାପର ଯୁଗର କଥା । ମାମୁ କଂସର ନିମନ୍ତ୍ରଣ ପାଇ କୃଷ୍ଣବଳରାମ ଅକ୍ରୁରଙ୍କ ସହ ରଥାରୋହଣ କରି ମଥୁରା ଯିବା ପାଇଁ ବାହାରିଲେ । କୃଷ୍ଣ ଥିଲେ ଗୋପୀଗୋପାଳମାନଙ୍କର ପ୍ରାଣର ପ୍ରାଣ । ତେଣୁ ଗୋପୀମାନେ ଏକତ୍ରିତ ହୋଇ କୃଷ୍ଣଙ୍କର ପଥରୋଧ କଲେ । ଶ୍ରୀକୃଷ୍ଣ ସେମାନଙ୍କୁ ରାସ୍ତା ଛାଡ଼ି ଦେବାକୁ ଅନୁରୋଧ କରି କହିଲେ- '...ମନରେ ନ ଭାଳ, ଗୋପୀଗୋପାଳ ଭେଟ ସର୍ବକାଳ ।' କିନ୍ତୁ ଗୋପୀମାନେ ଥିଲେ ନଛୋଡ଼ବନ୍ଧା । କେବେ ଓ କେଉଁଠାରେ ଦେଖାହେବ ବୋଲି ସେମାନେ କୃଷ୍ଣଙ୍କ ପାଖରେ ଅଳି କଲେ । ତହୁଁ ଶ୍ରୀକୃଷ୍ଣ କହିଲେ, ... 'ଚଳ ନୀଳଗିରି, ରତ୍ନ ସିଂହାସନେ ଥିବୁ ବିହରି / ସବୁହୁଁ ଅଧିକ ଅତି ପୁଣ୍ୟ ମାସ ଅଟେ କାର୍ତ୍ତିକ / ମୋତେ କାର୍ତ୍ତିକ ମାସରେ ଭେଟିବ, ରାଇ ଦାମୋଦର କରି ପୂଜିବ / ସିନ୍ଧୁକୂଳରେ ରାଇ ଦାମୋଦର, ମୋତେ ପୂଜିବ ଥିବି ମୁଁ ସେଠାର / ମୋର କାର୍ତ୍ତିକେ ଦାମୋଦର ମୂର୍ତ୍ତି. ମୋତେ ପୂଜିବ ଗୋ ଗୋପ ଯୁବତୀ(ଓଡ଼ିଆ ଓଷାବ୍ରତ କଥା) ।'

ଶ୍ରୀକୃଷ୍ଣଙ୍କ ଉପଦେଶ ଅନୁସାରେ ନୀଳାଚଳରେ କାର୍ତ୍ତିକ ମାସରେ ରାଧାଦାମୋଦରଙ୍କର ଯୁଗଳ ମୂର୍ତ୍ତିର ଆରାଧନା କରି ରାଧାଦାମୋଦର ବ୍ରତ ପାଳନ କରାଯାଏ । ମହାପ୍ରଭୁ ଜଗନ୍ନାଥ ବ୍ରତଧାରୀମାନଙ୍କର ଆରାଧନା ଶ୍ରଦ୍ଧାର ସହ ଗ୍ରହଣ କରନ୍ତି ବୋଲି ବିଶ୍ୱାସ କରାଯାଏ ଏବଂ ସେ ବିଷୟରେ ଶ୍ରୀକ୍ଷେତ୍ରରେ ଏକ ରୋଚକ ଲୋକକଥା ଶୁଣିବାକୁ ମିଳେ । ପୁରୀର ଶ୍ୱେତଗଙ୍ଗା ନିକଟରେ ବାସୁଦେବ ନାମକ ଜଣେ ବ୍ରାହ୍ମଣ ବାସ କରୁଥିଲେ । ତାଙ୍କ ମାଆ ଶ୍ରୀୟା, ପତ୍ନୀ ରାଧା ଓ ଭଉଣୀ ସୁମେଧାଙ୍କୁ ନେଇ ତାଙ୍କର ଚାରିଜଣର ପରିବାର । ରାଧା ଓ ସୁମେଧା ଥିଲେ ମହାପ୍ରଭୁ ଜଗନ୍ନାଥଙ୍କର ଭକ୍ତ । ସବୁ ବର୍ଷ କାର୍ତ୍ତିକ ମାସରେ ଦୁହେଁ ନିଷ୍ଠାର ସହ ରାଧାଦାମୋଦର ବ୍ରତ ପାଳନ କରୁଥିଲେ । କିନ୍ତୁ ବୁଢ଼ୀ ଶ୍ରୀୟାଙ୍କୁ ଏ ସବୁ ଭଲ ଲାଗୁ ନ ଥିଲା । ସକାଳୁ ସକାଳୁ ଘରର କାମଦାମ ଛାଡ଼ି ଝିଅ ଓ ବୋହୁର ପୂଜା କରି ଯିବାକୁ ଶ୍ରୀୟା ପସନ୍ଦ କରୁ ନଥିଲେ । ଦିନେ ନଣନ୍ଦ ଭାଉଜ ପୂଜା ପାଇଁ ବାହାରିବା ବେଳକୁ ଶ୍ରୀୟା ଭୀଷଣ ଝଗଡ଼ା କଲେ । ରାଧା ଓ ସୁମେଧାଙ୍କ ପୂଜାରେ ବିଳମ୍ବ ଘଟିଲା । ସମୟ ଗଡ଼ି ଯାଉଥିବାରୁ ଦୁହେଁ ମହାପ୍ରଭୁଙ୍କୁ ପ୍ରାର୍ଥନା କଲେ । ମହାପ୍ରଭୁ ଶ୍ରୀଜଗନ୍ନାଥ ତାଙ୍କ କାତର ପ୍ରାର୍ଥନା ଶୁଣିଲେ । ତାଙ୍କ ଆଦେଶରେ ମାତା ସରସ୍ୱତୀ ବୁଢ଼ୀର କଣ୍ଠରେ ବିଜେ ହେଲେ ଏବଂ ପୂଜା ପାଇଁ ଅନୁମତି ଦେଲେ । ନଣନ୍ଦ ଭାଉଜ ଡେରିରେ ସମୁଦ୍ର କୂଳକୁ ଯାଇ ପୂଜା ଆରାଧନା ଆରମ୍ଭ କଲେ । ସେମାନଙ୍କ ଭକ୍ତି ଓ ପୂଜାରେ ନିଷ୍ଠା ଦେଖି ମହାପ୍ରଭୁ ମୁଗ୍ଧ ହେଲେ ଓ ସେଠାରେ ଅନେକ ସମୟ ପର୍ଯ୍ୟନ୍ତ ରହିଗଲେ ।

ଏଣେ ଶ୍ରୀମନ୍ଦିରରେ ସକାଳ ଧୂପ ପାଇଁ ଗର୍ଭଗୃହରେ ପ୍ରସାଦ ବଢ଼ା ହେଲା ଏବଂ ଟେରା ପଡ଼ିଲା । ଧୂପ ପରେ ମହାପ୍ରଭୁଙ୍କୁ ଦର୍ଶନ କରିବା ପାଇଁ ଭକ୍ତମାନଙ୍କ ସହିତ ଗଜପତି ମହାରାଜା ମଧ୍ୟ ଅପେକ୍ଷା କରିଥିଲେ । ପ୍ରସାଦ ଅର୍ପଣ ପୂର୍ବରୁ ପଣ୍ଡା ମହାପ୍ରଭୁଙ୍କୁ ଆବାହନ କରି ଚଳୁରେ ଦର୍ଶନ କରନ୍ତି । ତା' ପରେ ଭୋଜନ ପ୍ରସାଦ ସମର୍ପଣ ହେବା ଶ୍ରୀମନ୍ଦିରର ପରମ୍ପରା । କିନ୍ତୁ ସେ ଦିନ ମହାପ୍ରଭୁ ରାଧା ଓ ସୁମେଧାର ପୂଜା ସମୁଦ୍ର କୂଳରେ ଗ୍ରହଣ କରୁଥିବାରୁ ଚଳୁରେ ଦର୍ଶନ ଦେଲେ ନାହିଁ । ଗଜପତି ଭାବିଲେ ଯେ ସେବକମାନେ କିଛି ଅନ୍ୟାଚାର କରି ଥିବାରୁ ଠାକୁର ଚଳୁରେ ଆସୁ ନାହାନ୍ତି । ତେଣୁ ସେ ତତକ୍ଷଣାତ୍ ସଂପୃକ୍ତ ସେବକମାନଙ୍କୁ ବହିଷ୍କାର କରି ଶାସନୀ ବ୍ରାହ୍ମଣମାନଙ୍କୁ ନିଯୁକ୍ତ କଲେ । ସେବକ ପ୍ରିୟ ଜଗନ୍ନାଥ ସତ୍ୟାଗ୍ରହ କଲେ । ସେ ନବନିଯୁକ୍ତ ସେବକମାନଙ୍କର ସେବା ଗ୍ରହଣ କଲେ ନାହିଁ । ତାହା ଦେଖି ଗଜପତି, ସେବକ, ସାଧୁସନ୍ଥ ଓ ଭକ୍ତମାନେ ମଧ୍ୟ ଉପବାସରେ ରହିଲେ । ତୃତୀୟ ଦିନ ରାତିରେ ମହାପ୍ରଭୁ ରାଜାଙ୍କୁ ସ୍ୱପ୍ନରେ କହିଲେ- 'ତିନିଦିନ ହେଲା ମୋ ଉପବାସ, ମୋର ପଣ୍ଡାଙ୍କୁ କରିଅଛୁ ବସ / ତୁ ଯେ ବୋଲିଲୁ ଉଚ୍ଛୁର ହୋଇଲା, ତହିଁ ପଣ୍ଡାଙ୍କର ଦୋଷ ନୋହିଲା / ମୋତେ ଦେଖିଲେ ସିନା ଚଳୁ ଦେବେ, ମୁଁ ତ ସେଠାରେ ନ ଥିଲି ଦଇବେ / ସେଇଠାରେ ମୋର ବଡ଼ ଶରଧା, ଯହିଁ ପୂଜନ୍ତି ଦାମୋଦର ରାଧା ।'(ଓଡ଼ିଆ ଓଷାବ୍ରତ କଥା) । ତା' ପରଦିନ ରାଜା ନିଜେ ମନ୍ଦିରକୁ ଯାଇ ପ୍ରଥମେ ମହାପ୍ରଭୁଙ୍କୁ କ୍ଷମା ପ୍ରାର୍ଥନା କଲେ । ତା' ପରେ ପଣ୍ଡାମାନଙ୍କୁ କ୍ଷମା ମାଗି ପୁଣି ସେମାନଙ୍କୁ ସେବାରେ ନିଯୁକ୍ତି ଦେଲେ । ମନ୍ଦିରର ନୀତିକାନ୍ତି ପୂର୍ବବତ୍ ସୁରୁଖୁରୁରେ ଚାଲିଲା ।

ମୋ: ୯୯୦୦୦୮୩୪୩୩

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ । ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ ।

## ଜୟ ଢ଼ୋଲକିଆ ହେବେ ବିଜେପି ପ୍ରାର୍ଥୀ

# ବୃହତ୍ ବ୍ୟବଧାନରେ ବିଜୟୀ ହେବୁ: ବିଜେଡି

### ପ୍ରତାରକଙ୍କୁ ଉଚିତ୍ ଜବାବ ଦେବେ ନୂଆପଡ଼ାବାସୀ

ଭୁବନେଶ୍ୱର,୧୪।୧୦(ସମିସ): ଚଳିତ ବର୍ଷ ଦଶହରା ପରେ ପରେ ରାଜ୍ୟର ପାଣିପାଗ ନରମ ହେଉଥିବାବେଳେ ନୂଆପଡ଼ା ରାଜନୀତି ଉଷ୍ମ ହେବାରେ ଲାଗିଛି। ପୂର୍ବରୁ କଂଗ୍ରେସ ଘାସିରାମ ମାଝୀଙ୍କୁ ପ୍ରାର୍ଥୀ ଘୋଷଣା କରିଥିବାବେଳେ ବିଜେପି ଜୟ ଢ଼ୋଲକିଆଙ୍କୁ ପ୍ରାର୍ଥୀ କରିବାକୁ ନିଷ୍ପତ୍ତି ନେଇଛି । ଆସନ୍ତା ୧୭ ତାରିଖରେ ଜୟ ଢୋଲକିଆ ବିଜେପି ପ୍ରାର୍ଥୀଭାବେ ନାମାଙ୍କନ ଦାଖଲ କରିବେ। ଏହି ଅବସରରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ, ରାଜ୍ୟ ସଭାପତି ମନମୋହନ ସାମଲ,

**ଉଷ୍ମ ହେଉଛି ନୂଆପଡ଼ା ରାଜନୀତି**

ଦଳର ମନ୍ତ୍ରୀ, ସାଂସଦ ଓ ବିଧାୟକମାନେ ଉପସ୍ଥିତ ରହିବେ ବୋଲି ବିଜେପି ସାଂସଦ ସୁଜିତ୍ କୁମାର ସୂଚନା ଦେଇଛନ୍ତି ।

ଅନ୍ୟପକ୍ଷରେ ନୂଆପଡ଼ା ଉପନିର୍ବାଚନ ପ୍ରସଙ୍ଗରେ ବିଜେଡିର ବରିଷ୍ଠ ନେତା ତଥା ବିଧାୟକ ଅରୁଣ କୁମାର ସାହୁ ବିଜେପିକୁ ତେରଛା ବାଣ ମାରିବା ସହ ଅକଳ୍ପନୀୟ ବ୍ୟବଧାନରେ ବିଜେଡି ବିଜୟ ହେବ ବୋଲି ଦୃଢ଼ୋକ୍ତି ପୋଷଣ କରିଛନ୍ତି। ସେ କହିଛନ୍ତି ଯେ ଗତକାଲି ଉପନିର୍ବାଚନ ବିଜ୍ଞପ୍ତି ପ୍ରକାଶ ପାଇଛି। ବିଜେଡି ଠିକଣା ସମୟରେ ବଢ଼ିଆ ପ୍ରାର୍ଥୀ ଦେବ, ସେ ନେଇ ସନ୍ଦେହ ପ୍ରକାଶ କରିବାର ଆବଶ୍ୟକତା ନାହିଁ।ନୂଆପଡାରେ ଜିତାପଟ ହାସଲ କରିବା ବିଜେଡିର ଆଭିମୁଖ୍ୟ । ସେହି ଅନୁଯାୟୀ ଦଳ କାର୍ଯ୍ୟ କରୁଛି। ଜଣେ ଚାଲିଗଲା ପରେ ତାଙ୍କ ପରିବାରରୁ ଜଣଙ୍କୁ ପ୍ରାର୍ଥୀ ଦେବା ପରମ୍ପରା ବନ୍ଦ ହେବା ଆବଶ୍ୟକ ବୋଲି ସେ ମତବ୍ୟକ୍ତ କରିଛନ୍ତି।

ଅନୁରୂପ ଭାବରେ ବିଜେଡିର ଅନ୍ୟତମ ବିଧାୟକ ସାରଦା ପ୍ରସନ୍ନ ଜେନା କହିଛନ୍ତି ଯେ ବିଜେଡି ଓ ନବୀନ ପଟ୍ଟନାୟକଙ୍କ ସହ ନୂଆପଡ଼ାବାସୀ ଅଛନ୍ତି। ପ୍ରତାରଣା କରୁଥିବା ଲୋକଙ୍କ ସହ ନୂଆପଡ଼ାବାସୀ ରହିବେ ନାହିଁ ବୋଲି ନିଷ୍ପତ୍ତି ନେଇ ସାରିଛନ୍ତି।ରାଜ୍ୟ ବିଜେପି ସରକାର ରାଜ୍ୟ ସହ ପ୍ରତାରଣା କରୁଥିବା ବେଳେ ଜୟ ଢୋଲକିଆ ନୂଆପଡ଼ାବାସୀଙ୍କ ସହ ପ୍ରତାରଣା କରିଛନ୍ତି। ଉଭୟଙ୍କୁ ଭୋଟର ଠିକଣା ସମୟରେ ଜବାବ୍ ଦେବେ। ନୂଆପଡା ଉପ ନିର୍ବାଚନ ପାଇଁ ବଡ଼ ଷ୍ଟ୍ରାଟେଜି ବିଜେଡି କରିଛି। ବିଜେଡି ଯେଉଁ ଷ୍ଟାଇଲରେ ଲଢ଼ିବ ବିଜେପି ତାହା ପରିକଳ୍ପନା ବି କରି ପାରିବ ନାହିଁ। ପ୍ରାର୍ଥୀ ଚୟନ କୁ ନେଇ ଦଳରେ କୌଣସି ଅଡୁଆ ନାହିଁ। ଠିକ ସମୟରେ ସଭାପତି ପ୍ରାର୍ଥୀଙ୍କ ନାମ ଘୋଷଣା କରିବେ ବୋଲି ସେ କହିଛନ୍ତି।

## ବଡ଼ଧରଣର ନିଶା କାରବାର ରାକେଟ ପର୍ଦ୍ଦାଫାସ

# ୫୧୦୦ ବୋତଲ କଫ୍‌ସିରପ୍ ଜବତ, ୨୦ ଗିରଫ

ସମ୍ବଲପୁର, ୧୪।୧୦(ସମିସ): ସମ୍ବଲପୁର ପୁଲିସ ଆଜି ଏକ ବଡ଼ଧରଣର ନିଶା କାରବାର ରାକେଟ୍‌ର ପର୍ଦ୍ଦାଫାସ କରିଛି। ବରେଇପାଲି ଥାନା ଅଞ୍ଚଳରେ ବେଆଇନ ଭାବେ ଚାଲାଣ ହେଉଥିବା ୫୧୦୦ ବୋତଲ କଫସିରପ୍ ଜବତ କରିବା



ସହ ଏଥିରେ ସମ୍ପୃକ୍ତ ୨୦ ଜଣଙ୍କୁ ଗିରଫ କରିଛି। ସେମାନଙ୍କ ମଧ୍ୟରୁ ପାଞ୍ଚଜଣ ଏହି କାରବାରର ମାଷ୍ଟରମାଇଣ୍ଡ ବୋଲି ଜଣାଯାଇଛି। ଅଭିଯୁକ୍ତମାନେ ହେଲେ, ଲୋକେଶ ପଧାନ ଓରଫ୍ ଆକାଶ (୩୦), ମନୀଷ ସିଂହ (୨୭), ମହିନ୍ଦ୍ର କିସାନ(୨୫), ପ୍ରଭାତ ଭୋଇ ଓରଫ୍ ଟିଟୁ (୨୩), ଅମୋଦ କରାଲି (୩୨), ତ୍ରିନାଥ ବେହେରା ଓରଫ୍ ଟିନୁ (୩୧), ଶେଖ ଫିରୋଜ ଓରଫ୍ ସୋନୁ (୨୯), ପୀତବାସ ସାହୁ (୪୦), ସତ୍ୟମ ନାଗ (୩୩), ଚିଣ୍ଟୁ ସୁନା (୨୫), ସଞ୍ଜୀବ ମେହେର (୨୦), ରବି ଦାସ ଓରଫ ସାହୁ (୨୫) ଓ ସତ୍ୟମ ସ୍ୱାଇଁ (୩୦), ଦୁର୍ଗା ଦୀପ (୪୦), ବସନ୍ତ ଗୁରୁ (୨୭), ସୁଦର୍ଶନ ରାଉତ ଓରଫ୍ ସୋନୁ (୨୩), ହାସାନ ରାଜା (୨୪), ପପି ବିଭାର (୨୫), ଅମନ ଦୀପ (୨୧) ଓ ଅନିଲ ଯାଦବ (୩୨)। ସେମାନଙ୍କଠାରୁ ଗୋଟିଏ କାର, ଗୋଟିଏ ପିକ୍‌ଅପ୍ ଭ୍ୟାନ, ୧୭ଟି ଜରିବ୍ୟାଗ୍‌ରେ ୫୧୦୦ ବୋତଲ ଏସ୍‌କଫ୍ କଫସିରପ୍, ୫ଟି ମୋବାଇଲ ଓ ନଗଦ ୪୦,୯୨୦ ଟଙ୍କା ଜବତ କରାଯାଇଛି। ଜବତ କଫସିରପ୍‌ର ମୂଲ୍ୟ ପାଖାପାଖି ୧୫ ଲକ୍ଷ ଟଙ୍କା ହେବ ବୋଲି ଆକଳନ କରାଯାଉଛି। ଜିଲ୍ଲା ପୁଲିସ କାର୍ଯ୍ୟାଳୟରେ ଆରକ୍ଷୀ ଅଧୀକ୍ଷକ ମୁକେଶ କୁମାର ଭାମୁ ଆଜି ଏକ ସାମ୍ବାଦିକ ସମ୍ମିଳନୀରେ ଏହି ସୂଚନା ଦେଇଛନ୍ତି। ଏହି ମାମଲାର ତଦନ୍ତ ଜାରି ରହିଛି ଏବଂ ଆଗକୁ ଗିରଫଦାରୀ ସଂଖ୍ୟା ବଢ଼ିବ ବୋଲି ସେ କହିଛନ୍ତି। ବରେଇପାଲି ପୁଲିସ ଏକ ମାମଲା ରୁଜୁ କରି ଅଭିଯୁକ୍ତମାନଙ୍କୁ କୋର୍ଟଚାଲାଣ କରିଛି।

ଏସ୍‌ପି ଶ୍ରୀ ଭାମୁ କହିଛନ୍ତି, ଅଭିଯୁକ୍ତ ଲୋକେଶ, ମହିନ୍ଦ୍ର, ପ୍ରଭାତ, ଅମୋଦ ଓ ମନୀଷ ଗୋଟିଏ ପିକ୍‌ଅପ୍ ଓ କାର୍‌ରେ କଟକରୁ ଏହି ବେଆଇନ କଫସିରପ୍ ଆଣିଥିଲେ। ଏହି କଫସିରପ୍‌କୁ ସେମାନେ

**କଟକକୁ ଲମ୍ବିଛି ଚେର**

ବିଭିନ୍ନ ପଡ଼ାରେ ବେଆଇନ ବିକ୍ରୟକାରୀଙ୍କୁ ଦେଉଥାନ୍ତେ। ପଚରାଉଚରା ସମୟରେ ଲୋକେଶ କହିଛି ଯେ ସେ ସ୍ଥାନୀୟ କଫସିରପ ଚାଲାଣକାରୀମାନଙ୍କଠାରୁ ଟଙ୍କା ସଂଗ୍ରହ କରି ପରଧିଆପାଲିର ଚନ୍ଦ୍ରଶେଖର ନାଏକକୁ ଦେଉଥିଲା। ସେ ୟୁପିଆଇ ଜରିଆରେ କଟକର ଡ୍ରଗ୍ ଯୋଗାଣକାରୀକୁ ଟଙ୍କା ପଠାଉଥିଲା। ଏହି ମାମଲାର ତଦନ୍ତ ଜାରି ରହିଛି। ଫେରାର୍ ଥିବା କିଛି ଅଭିଯୁକ୍ତଙ୍କୁ ଖୁବ୍‌ଶୀଘ୍ର ଗିରଫ କରାଯିବ ବୋଲି ଏସ୍‌ପି କହିଛନ୍ତି। ମୁଖ୍ୟ ଅଭିଯୁକ୍ତ ୫ ଜଣ ଧରାପଡ଼ିଥିବାବେଳେ ୨ଜଣ ଫେରାର ଅଛନ୍ତି। ଏହିଭଳି ନିଶା କାରବାରକୁ କିଛି ଲୋକ ଆର୍ଥିକ ସହଯୋଗ ଦେଉଛନ୍ତି, ସେମାନଙ୍କ ପର୍ଦ୍ଦାଫାସ କରାଯିବା ସହ ସେମାନଙ୍କ ସମ୍ପତ୍ତି ବ୍ୟାଜ୍ୟାପ୍ତ କରାଯିବ। ପ୍ରାୟ ସମସ୍ତଙ୍କ ନାମରେ ଅପରାଧିକ ମାମଲା ରହିଛି।

# ପୂର୍ଣ୍ଣଗର୍ଭା ହୀରାକୁଦ

**ଜଳସ୍ତର ୬୩୦ ଫୁଟ୍**

ସମ୍ବଲପୁର, ୧୪।୧୦ (ସମିସ): ପୂର୍ଣ୍ଣଗର୍ଭା ହୀରାକୁଦ। ମଙ୍ଗଳବାର ସନ୍ଧ୍ୟା ୬ଟା ସୁଦ୍ଧା ଜଳଭଣ୍ଡାରର ସର୍ବୋଚ୍ଚ ଜଳଧାରଣ କ୍ଷମତା ୬୩୦ ଫୁଟ୍ ଛୁଇଁଛି। ନଦୀବନ୍ଧର ବାମପାର୍ଶ୍ୱରେ ୨ଟି ଓ ଡାହାଣ ପାର୍ଶ୍ୱର ଗୋଟିଏ; ଏହିଭଳି ମୋଟ ୩ଟି ସ୍ଲୁଇସ୍ ଗେଟ୍ ଦେଇ ବନ୍ୟାଜଳ ନିଷ୍କାସନ ଜାରି ରହିଛି। ଜଳଭଣ୍ଡାରକୁ ସେକେଣ୍ଡ ପ୍ରତି ୮୧,୭୮୭ ଘନଫୁଟ୍ ଜଳ ପ୍ରବେଶ କରୁଥିବା ବେଳେ ପାୱାର ଚ୍ୟାନେଲ, ଶିଳ୍ପାନୁଷ୍ଠାନ, କେନାଲ ଆଦି ଦେଇ ସମାନ ପରିମାଣର ଜଳ ନିଷ୍କାସିତ ହେଉଛି। ସ୍ପିଲୱେ ଦେଇ ୪୯,୩୨୦ ଘନଫୁଟ୍ ଜଳ ନିଷ୍କାସିତ ହେଉଥିବା ବେଳେ ପାୱାର ଚ୍ୟାନେଲ ଦେଇ ୨୭,୭୦୭ ଘନଫୁଟ, ଶିଳ୍ପାନୁଷ୍ଠାନ ସକାଶେ ୨୩୬ ଘନଫୁଟ, କେନାଲ ପାଇଁ ୪,୫୨୪ ଘନଫୁଟ ଜଳ ନିଷ୍କାସିତ ହେଉଛି। ଗତବର୍ଷ ଆଜିର ଦିନରେ ହୀରାକୁଦ ଜଳଭଣ୍ଡାରର ଜଳସ୍ତର ୬୨୮.୫୦ ଫୁଟ୍ ରହିଥିବା ନଦୀବନ୍ଧ ସୂତ୍ରରୁ ପ୍ରକାଶ।


**PUJA OFFER SALE**

Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.

**9437015112**


**ପୂର୍ବ ତଟ ରେଳପଥ**

**ଶୁଦ୍ଧିପତ୍ର ସଂ. - 01**

ଟେଣ୍ଡର ବିଜ୍ଞପ୍ତି ସଂ. ETCECONIBBS2025044
ତା. 25.09.2025 ରିଖ

ଉପରୋକ୍ତ ଟେଣ୍ଡର ବିଜ୍ଞପ୍ତିରେ ନିମ୍ନଲିଖିତ ସଂଶୋଧନ କରାଯାଇଛି, ଯାହାକୁ ଦୟାକରି ଧ୍ୟାନ ଦେବା ଆବଶ୍ୟକ।

**ବିଷୟ :** ଟେଣ୍ଡର ବନ୍ଦ ହେବା ତାରିଖ ଓ ସମୟ :-

| ପ୍ରକାଶିତ ଅନୁଯାୟୀ | ବର୍ତ୍ତମାନ ପଢ଼ାଯିବା ଆବଶ୍ୟକ |
|---|---|
| ତା.28.10.2025 ରିଖ 1200 ଘଟିକାରେ | ତା.07.11.2025ରିଖ 1200 ଘଟିକାରେ |

ବିସ୍ତୃତ ବିବରଣୀ ନିମନ୍ତେ ଦୟାକରି ୱେବସାଇଟ୍ : www.ireps.gov.in ଅବଲୋକନ କରନ୍ତୁ।

ମୁଖ୍ୟ ପ୍ରଶାସନିକ ଅଧିକାରୀ (ନିର୍ମାଣ)/
ଭୁବନେଶ୍ୱର
PR-133/CI/25-26

**AFFIDAVIT**

By Virtue of an affidavit sworn before The Notary Public, Bhubaneswar Vide CF No 743, date- 16/09/2025 I , Elieo harijan, resident of At- Tikirachura, Po-Binjili, Po-Kosagumunda,Dist-Nabarangapur ,Pin-764058, declare that I have changed my daughter 's name from Suhana Abha Rani to Suhana Abharani Chalki. Hens,Suhana Abharani Chalki She shall be know as For all future purposes.
**SUHANA ABHARANI CHALKI**

**AFFIDAVIT**

By Virtue of an affidavit Sl. No. 437/25, dtd. 14.05.2025 before the Notary Public, Bhubaneswar, I, Ruksana Begum, At- Ray No.90, Shanti Nagar, Sikharchandi, Po. KIIT, Ps.-Infocity, Bhubanesar have changed my minor son's name from Rajaya Mustafa to Mir Raza E Mustafa for all purposes. Henceforth he shall be known as **Mir Raza E Mustafa** for all purposes.
**Sd/- Ruksana Begum**

# ଚୌଦ୍ୱାର କଏଦୀ ଫେରାର ପଛରେ ଆନ୍ତରାଜ୍ୟ ଗ୍ୟାଙ୍ଗ!

ଭୁବନେଶ୍ୱର,୧୪।୧୦(ସମିସ):ଚୌଦ୍ୱାର ଜେଲ୍‌ରୁ ଫେରାର ଦୁଇ କୁଖ୍ୟାତ ଅପରାଧୀଙ୍କ ପତ୍ତା ଏଯାଏ ପୁଲିସ ପାଇନାହିଁ । ମାତ୍ର ଏହି ଘଟଣାକୁ ନେଇ ଯେଉଁ ନୂଆ ନୂଆ ତଥ୍ୟ ଆସୁଛି ତାହା ଅତ୍ୟନ୍ତ ସାଂଘାତିକ ବୋଲି କୁହାଯାଉଛି । ଆନ୍ତରାଜ୍ୟ ଅପରାଧୀ ଗୋଷ୍ଠୀର

- ମାସକ ତଳୁ ଯୋଜନା, ଜେଲ କର୍ମଚାରୀଙ୍କ ସଂପୃକ୍ତି ସନ୍ଦେହ
- ଫେରାର ଘଟଣା ପରେ ପଶିଲା ଜେଲ ବିଭାଗର ଚେତା
- ଏଣିକି ନିୟମିତ ଜେଲ ବୁଲିବେ ଜିଲ୍ଲାପାଳ ଆଉ ଏସ୍‌ପି

ମୁଖ୍ୟ କୁହାଯାଉଥବା ସୁବ୍ରତ ସିଂହ ପ୍ରାୟ ମାସକ ତଳୁ ଏଥିପାଇଁ ଯୋଜନା କରିଥିଲା ଓ ଶେଷରେ ଦୁଇ ଅପରାଧୀଙ୍କୁ ଫେରାର କରିବାରେ ସଫଳ ହୋଇଥିଲା। ଯେଉଁପରି ଭାବରେ ଦୁଇ ଅପରାଧୀ ଫେରାର ହେଲେ, ସେଥିରେ ଜେଲ ବିଭାଗ କର୍ମଚାରୀଙ୍କ ସହଯୋଗ ଥିବା ଜଳଜଳ ଦିଶୁଛି । ଜେଲ କର୍ମଚାରୀଙ୍କ ସହଯୋଗ ବିନା ଦୁଇ ହତ୍ୟା ଅଭିଯୁକ୍ତ ଅପରାଧୀ କେବେ ବି ଫେରାର ହୋଇ ପାରି ନ ଥାନ୍ତେ ବୋଲି ମଧ୍ୟ ଅଭିଯୋଗ ହୋଇଛି ।

ଏହାପରେ ଜେଲ ବିଭାଗର ଚେତା ପଶିଛି। ରାଜ୍ୟରେ ଥିବା ସବୁ ଜେଲକୁ ଅଚାନକ ପରିଦର୍ଶନ କରିବାକୁ ସବୁ ଜିଲ୍ଲାର ଜିଲ୍ଲାପାଳ ଓ ଏସ୍‌ପିଙ୍କୁ ନିର୍ଦ୍ଦେଶ ଦେଇଛନ୍ତି ଜେଲ ଡିଜି ସୁଶାନ୍ତ ନାଥ। ଜେଲରେ ରହୁଥିବା ଅଭିଯୁକ୍ତ, ବିଚାରାଧୀନ କଏଦୀଙ୍କୁ ମୌଳିକ ସୁବିଧା ମିଳୁଛି କି ନାହିଁ ତାହାର ତଦାରଖ କରିବେ ଜିଲ୍ଲାପାଳ ଓ ଏସପି। ଜିଲ୍ଲାସ୍ତରର ଏହି ଦୁଇ ଅଧିକାରୀ ନିୟମିତ ବ୍ୟବଧାନରେ ଜେଲକୁ ଅଚାନକ ପରିଦର୍ଶନ କରିବେ ଓ ଏହାଦ୍ୱାରା ଜେଲ ପରିଚାଳନାରେ ସ୍ୱଚ୍ଛତା ଏବଂ ଶୃଙ୍ଖଳା ବଜାୟ ରହିପାରିବ ବୋଲି ସେ କହିଛନ୍ତି। ଉଚ୍ଚ ଅଧିକାରୀଙ୍କ ପରିଦର୍ଶନ ଫଳରେ ଜେଲ୍ କର୍ମଚାରୀ ଦାୟିତ୍ୱସମ୍ପନ୍ନ ହେବେ ଓ କଏଦୀମାନେ ଆଉ ଫେରାର ହେବାକୁ ସାହାସ ଜୁଟାଇବେ ନାହିଁ ବୋଲି ଜେଲ ବିଭାଗ ମନେ କରୁଛି। ଅବଶ୍ୟ ଜେଲ ମାନୁଆଲରେ ପୂର୍ବରୁ ବ୍ୟବସ୍ଥା ଥିଲେ ମଧ୍ୟ ଏହାକୁ କାର୍ଯ୍ୟକାରୀ କରାଯାଉ ନ ଥିଲା। ମାତ୍ର ଚୌଦ୍ୱାର ଜେଲରୁ ଦୁଇ କଏଦୀ ଫେରାର ହେବା ପରେ ଜେଲ ବିଭାଗ ତତ୍ପର ହୋଇ ଉଠିଛି। ଗତକାଲି ଜେଲରଙ୍କୁ ବଦଳି କରାଯିବା ପରେ ଆଜି ସମସ୍ତ ଜେଲକୁ ବୁଲିବା ପାଇଁ ଜିଲ୍ଲାପାଳ ଏବଂ ଏସ୍‌ପିଙ୍କୁ ଜେଲ୍ ଡ଼ିଜି ଚିଠି ଲେଖିଛନ୍ତି ।

**GOVERNMENT OF ODISHA**
**"e" PROCUREMENT NOTICE** A-729
**Bid Identification No: S.E. KCD-I (KIP)-07/2025-26**
**(Pertaining to Kanpur Canal Division-I, Jhumpura)**

| | | |
|---|---|---|
| 1. | Name of the Work | "M/R to Kanupur Irrigation Colony, Jhumpura for the FY 1st June 2025 to 31 March 2026." |
| 2 | Estimated cost | Rs.6,26,590.00 |
| 3 | Period of completion | 06 (Six) Calendar Months including rainy season. |
| 4 | Date & time of availability of bid document in the portal | Dt.15.10.2025 from 10.00 Hours to Dt.29.10.2025 up to 17.00 Hours |
| 5 | Last date / Time for receipt of bids in the portal | 29.10.2025 up to 17.00 Hours. |
| 6 | Date & Time of opening of tender | 30.10.2025 at 11.00 Hours. |
| 7 | Name and address of the Officer Inviting Bid | Er Duryodhan Kisan Superintending Engineer, Kanpur Canal Division-I, At/PO- Jhumpura, Dist- Keonjhar, Odisha-758031 |

Further details can be seen from the e-Procurement portal "https://www.tendersodisha.gov.in."

(Er. Duryodhan Kisan)
Superintending Engineer,
Kanpur Canal Division-I,
Jhumpura, Keonjhar, Odisha..

OIPR-32157/11/0005/2526

**AFFIDAVIT**

By virtue of an affidavit (Date.22/09/2025) sworn before the Executive Magistrate, Padampur. I, **Mamata Bhoi** (new name), W/o Late Himanshu Sekhar Sahoo, permanent & current resident of AT/PO- Kanut, Dist- Balangir, PIN- 767026, Odisha declare that I have changed my name from **Mamata Sahoo** (old name) to **Mamata Bhoi** (new name). Henceforth, I shall be known as **Mamata Bhoi** (new name) for all purposes.
**Mamata Bhoi**

**AFFIDAVIT**

By virtue of an affidavit sworn before Notary Public, Bhubaneswar, on dated 10.10.2025, I Sangram Kishore Rout, Resident At- Panamurga, Po- Ghatipiri, Dist- Dhenkanal, Odisha, PIN- 759015, declare that I have changed my son's name from Saubhagya Jena to Soubhagya Rout. Henceforth, He shall be known as **SOUBHAGYA ROUT** for all future purposes.

**AFFIDAVIT**

I, Jabir Mohammed, S/o- Late Sagir Mohammad, resident of Paikerapur, Post-Chhatia, Ps- Byree, Dist- Jajpur, PIN-754023, Odisha declare by this affidavit No. 312, dtd- 27.09.2025 that now onwards I shall be known as **JABIR MOHAMMAD** for all future purposes.

**AFFIDAVIT**

I, Smt. Kamalesh Kumari Parida, W/o- Lingraj Parida, at Adarshmarg, Po/Ps– Ainthapali, Dist.: Sambalpur, declare by this affidavit before Notary Public, Sambalpur that my maiden name was Kamalesh Kumari Dang as per my Voter ID. After married with Lingraj Parida, my name changed from Kamalesh Kumari Dang to Kamalesh Kumari Parida. Henceforth, I shall be known as **Kamalesh Kumari Parida** for all purposes.

## ■ ଏମ୍‌କେସିଜି ଇଣ୍ଟରମେଡିସ୍ ପ୍ରତିଯୋଗିତାରେ ଅଘଟଣ

# ଦୁଇ ଛାତ୍ରଗୋଷ୍ଠୀଙ୍କ ମଧ୍ୟରେ ରକ୍ତାକ୍ତ ସଂଘର୍ଷ

ବ୍ରହ୍ମପୁର, ୧୪।୧୦ (ସମିସ): ଏମ୍‌କେସିଜି ମେଡିକାଲ କଲେଜ ଛାତ୍ର ସଂସଦ ପକ୍ଷରୁ ଆୟୋଜିତ ଇଣ୍ଟର୍ ମେଡିସ୍ ପ୍ରତିଯୋଗିତାରେ ସୋମବାର ମଧ୍ୟରାତ୍ରିରେ ୨ଛାତ୍ର ଗୋଷ୍ଠୀଙ୍କ ମଧ୍ୟରେ ରକ୍ତାକ୍ତ ସଂଘର୍ଷ ଘଟିଛି। ଏଥିରେ କଟକ ଏସ୍‌ସିବି, ବୁର୍ଲା ଭିମ୍‌ସାର ଓ ଏମ୍‌କେସିଜି ମେଡିକାଲ କଲେଜର ୬ରୁ ଊର୍ଦ୍ଧ୍ୱ ଛାତ୍ର ଆହତ ହୋଇଛନ୍ତି।

- ଭାଙ୍ଗିଲେ ଏସ୍‌ସିବି ଓ ଏମ୍‌କେସିଜିର ବସ୍
- ବିଭିନ୍ନ ମେଡିକାଲ କଲେଜର ୬ରୁ ଊର୍ଦ୍ଧ୍ୱ ଛାତ୍ର ଆହତ

ଏମ୍‌କେସିଜି ଓ ଏସ୍‌ସିବି ମେଡିକାଲ ଛାତ୍ରଙ୍କ ମଧ୍ୟରେ ପ୍ରଥମେ କଥା କଟାକଟି ଓ ପରେ ଉଭୟଙ୍କ ମଧ୍ୟରେ ମାରପିଟ ମଧ୍ୟ ହୋଇଥିଲା। ଏଥିରେ ଏସ୍‌ସିବି, ଭିମ୍‌ସାର ଓ ଏମ୍‌କେସିଜି ମେଡିକାଲ୍ କଲେଜର ୬ରୁ ଊର୍ଦ୍ଧ୍ୱ ଛାତ୍ର ଆହତ ହୋଇଥିବା ବେଳେ ୩ଜଣ ଛାତ୍ର ରକ୍ତାକ୍ତ ହୋଇ ମେଡ଼ିକାଲର ଆଶୁ ଚିକିତ୍ସା ବିଭାଗରେ ଭର୍ତ୍ତି ହୋଇଥିଲେ। ପରେ ଉଭୟ ଗୋଷ୍ଠୀଙ୍କ ପକ୍ଷରୁ ହୋଇଥିବା ଢେଲା ଓ କାଚ ବୋତଲ ମାଡ଼ରେ ଏମ୍‌କେସିଜି ଓ ଏସ୍‌ସିବି ମେଡ଼ିକାଲ୍ କଲେଜର ବସ୍ ଭାଙ୍ଗିଥିଲା। ଖବର ପାଇ ମେଡିକାଲ କଲେଜର କିଛି ବରିଷ୍ଠ ଡାକ୍ତର ଘଟଣାସ୍ଥଳରେ ପହଞ୍ଚି ଉଭୟ ଗୋଷ୍ଠୀର ଛାତ୍ରଙ୍କୁ ବୁଝାସୁଝା କରିଥିଲେ। ପରେ କଟକ ଏସ୍‌ସିବି ଛାତ୍ରମାନେ ଏମକେସିଜି ମେଡିକାଲ ଛାଡ଼ି ପଳାଇଥିଲେ।

**ଯାନ୍ତ୍ରିକ ପଦ୍ଧତିରେ ଧାଡ଼ି ବୁଣା ଧାନ ଯନ୍ତ୍ର**

ଚଳିତ ବର୍ଷ ରାଜ୍ୟ ସରକାଙ୍କ ଦ୍ୱାରା ରାଜ୍ୟ ଯୋଜନା ଅନ୍ତର୍ଗତ ଧାଡ଼ିରେ ଧାନ ବୁଣା ଯନ୍ତ୍ର ୨୦୨୫ - ୨୬ ବର୍ଷରେ ଆମ୍ଭ ଢେଙ୍କାନାଳ ଜିଲ୍ଲାରେ ୮୮୦ ହେକ୍ଟର ଚାଷ ଜମିରେ ଧାଡ଼ି ପ୍ରଣାଳୀରେ ଧାନ ବୁଣା ଯନ୍ତ୍ର ଦ୍ୱାରା ଚାଷ କରାଯାଇଅଛି । ଆମ୍ଭ ଜିଲ୍ଲାର ସାତଟି ବ୍ଲକ ତଥା ସଦର, ଗଁଦିଆ, ଓଡ଼ାପଡ଼ା, ହିନ୍ଦୋଳ, କାମାକ୍ଷାନଗର, ଭୁବନ ଓ କଙ୍କଡ଼ାହାଡ଼ ବ୍ଲକରେ ଏହି ଯୋଜନା ଚାଲୁଅଛୁ ।

ଏହି ଅତ୍ୟାଧୁନିକ ପ୍ରଣାଳୀ ଦ୍ୱାରା ଜମିରେ ପାଣିର ଅବଶ୍ୟକତା କମ୍ ଥାଏ ଉପଯୁକ୍ତ ଗଭୀରତାରେ ଗଛକୁ ଗଛକୁ ଦୂରତାରେ ବିହନ ବୁଣା ଯାଏ । ଅଙ୍କୁରୋଦଗମ ଗଜା ଶକ୍ତି ବୃଦ୍ଧି ହୁଏ ଏବଂ ଅଧିକ ଲାଭ ମିଳେ । ଏହା ଦ୍ୱାରା ଖର୍ଚ୍ଚ କମ୍, ଶୀଘ୍ର ଅମଳ ଏବଂ ଶ୍ରମ କମ୍ ହୋଇଥାଏ । ସରକାରଙ୍କ ଦ୍ୱାରା ପ୍ରତି ଚାଷୀ ମାନେ ଏହି ଯୋଜନା ଦ୍ୱାରା ଉପକୃତ ହେବେ ।

ମୁଖ୍ୟ ଜିଲ୍ଲା କୃଷି ଅଧିକାରୀ
ଢେଙ୍କାନାଳ

**AFFIDAVIT**

By virtue of an affidavit sworn before Notary public Bhubaneswar on dated, 13.10.2025, I Binod Kumar Behera, resident At- Haridagahir, Ps- Karikol, Sub Dist- Athagad, Dist- Cuttack, Odisha, PIN-754209 declare that I have changed my name from Binod Kumar Beura to Binod Kumar Behera. Henceforth I shall be known as **BINOD KUMAR BEHERA** for all purposes.

**AFFIDAVIT**

By virtue of an affidavit before the Notary Public, Titilagarh, on dated- 13/09/2025. I, **Pradyumna Benia** (new name), formerly called as **Pradyumna Jenia** (old name), S/o Madana Benia, permanent resident of AT- Amurla, PO-Binekela, PS- Titilagarh, Dist- Balangir, (Odisha), PIN- 767033 now residing at the same place declare that I have changed my name from **Pradyumna Jenia** (old name) to **Pradyumna Benia** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion I shall be known as **Pradyumna Benia** (new name) for all purposes.
**Pradyumna Benia**

## ଡିସେମ୍ବର ୧୩ରୁ ୭ମ ବାରିପଦା ଜାତୀୟ ଆଦିବାସୀ କ୍ଷୁଦ୍ର ଚଳଚ୍ଚିତ୍ର ଉତ୍ସବ



ବାରିପଦା,୧୪।୧୦(ସମିସ): ସାନ୍ତାଳୀ ଆର୍ଟ ଆଣ୍ଡ ଫିଲ୍ମ ଡେଭେଲପମେଣ୍ଟ ଫାଉଣ୍ଡେସନ୍ ଆନୁକୂଲ୍ୟରେ ୭ମ ବାରିପଦା ଜାତୀୟ ଆଦିବାସୀ କ୍ଷୁଦ୍ର ଚଳଚ୍ଚିତ୍ର ଉତ୍ସବ ଡିସେମ୍ବର ୧୩ ଓ ୧୪ ତାରିଖରେ ଅନୁଷ୍ଠିତ ହେବ। ଜାତୀୟସ୍ତରୀୟ ଏହି ପ୍ରତିଯୋଗିତାରେ ପ୍ରତିବର୍ଷ ପରି ଏବର୍ଷ ମଧ୍ୟ ଦୁଇଟି ବିଭାଗ ଯଥା କ୍ଷୁଦ୍ର ଚଳଚ୍ଚିତ୍ର (୩୦ମିନିଟ) ଓ ଡକ୍ୟୁମେଣ୍ଟାରି (୪୫ମିନିଟ) ଫିଲ୍ମଗୁଡ଼ିକ ଅଂଶଗ୍ରହଣ କରିପାରିବେ। ଇଚ୍ଛୁକ ପ୍ରଯୋଜକମାନେ ଅନଲାଇନ୍‌ରେ ନଭେମ୍ବର ୨୦ତାରିଖ ସୁଦ୍ଧା ପଞ୍ଜୀକରଣ କରିପାରିବେ ବୋଲି ଫାଉଣ୍ଡେସନ୍‌ର ପ୍ରତିଷ୍ଠାତା ଦୀପକ କୁମାର ବେଶ୍ରା ଜଣାଇଛନ୍ତି। ଫାଉଣ୍ଡେସନ୍‌ର ପ୍ରମୁଖ ପୃଷ୍ଠପୋଷକ ତଥା ପୂର୍ବତନ ମନ୍ତ୍ରୀ ସରୋଜିନୀ ହେମ୍ବ୍ରମ ଉତ୍ସବର ସଫଳତା କାମନା କରିବା ସହ ବହୁ ସଂଖ୍ୟାରେ କାର୍ଯ୍ୟକ୍ରମରେ ଅଂଶଗ୍ରହଣ କରିବା ପାଇଁ ଅନୁରୋଧ କରିଛନ୍ତି। ପ୍ରତିଯୋଗିତାରେ ସର୍ବଶ୍ରେଷ୍ଠ କ୍ଷୁଦ୍ର ଚଳଚ୍ଚିତ୍ର, ଡକ୍ୟୁମେଣ୍ଟାରୀ, ଡେବ୍ୟୁ ନିର୍ଦ୍ଦେଶକ, ଛାତ୍ର ଚଳଚ୍ଚିତ୍ର, ଶିଶୁ ଚଳଚ୍ଚିତ୍ର ଓ ମହିଳା ନିର୍ଦ୍ଦେଶିକାଙ୍କୁ ପୁରସ୍କୃତ କରାଯିବା ସହ ନିର୍ଦ୍ଦିଷ୍ଟ ବ୍ୟକ୍ତିବିଶେଷଙ୍କୁ ଗୌରବ ଓ ଆଜୀବନ ସଫଳତା ସମ୍ମାନରେ ସମ୍ମାନିତ କରାଯିବ ବୋଲି ଶ୍ରୀ ବେଶ୍ରା କହିଛନ୍ତି।

**ନଭେମ୍ବର ୨୦ ସୁଦ୍ଧା ପଞ୍ଜୀକରଣ**

**କଟକ କ୍ଲବ୍**

ପଞ୍ଜିକୃତ କାର୍ଯ୍ୟାଳୟ: ବାରବଟି ଫୋର୍ଟ, ବାରବାଟୀ ଷ୍ଟାଡିୟମ ନିକଟ, କଟକ – ୭୫୩୦୦୧, ଓଡିଶା
ଫୋନ୍: ୦୬୭୧-୨୩୦୧୦୪୧, ୭୯୭୮୨୬୭୬୫୦
CIN: U91990OR1949NPL000181
ୱେବସାଇଟ୍: www.cuttackclub.com, ଇ-ମେଲ୍: info@cuttackclub.com

କଟକ କ୍ଲବର ସଦସ୍ୟମାନଙ୍କ ପାଇଁ ସୂଚନା
(କମ୍ପାନୀ (ପରିଚାଳନା ଓ ପ୍ରଶାସନ) ନିୟମାବଳୀ, 2014 ର ନିୟମ 20(4)(v) ଅନୁଯାୟୀ)

ଏତଦ୍ୱାରା ସୂଚିତ କରାଯାଉଛି ଯେ, ୭୬ତମ ବାର୍ଷିକ ସାଧାରଣ ସଭା (AGM) ରବିବାର, ୨୫ ଅକ୍ଟୋବର ୨୦୨୫ ରେ ସକାଳ ୧୦.୦୦ ଟାରେ, କଟକ କ୍ଲବର ସେଣ୍ଟେନାରୀ ହଲ୍ (ଆନେକ୍ସ-୧), ବାରବଟି ଫୋର୍ଟ, ବାରବାଟୀ ଷ୍ଟେଡିୟମ ନିକଟରେ, କଟକ - ୭୫୩୦୦୧, ଓଡିଶା ଠାରେ ଆୟୋଜିତ ହେବ। ସଦସ୍ୟମାନଙ୍କୁ ନିମ୍ନଲିଖିତ ବିଷୟ ସୂଚନା ଦିଆଯାଉଛି

1) AGM ର ନୋଟିସ, ଏଜେଣ୍ଡା, ଯୋଗ୍ୟତା ମାନଦଣ୍ଡ ଓ ପ୍ରସ୍ତାବ ସମ୍ବନ୍ଧୀୟ ନିୟମାବଳୀ ସଦସ୍ୟମାନଙ୍କ ନିବନ୍ଧିତ ଇ-ମେଲ ଆଇ.ଡି. ଏବଂ WhatsApp ମାଧ୍ୟମରେ ପଠାଯାଇଛି।
2) କମ୍ପାନୀ ନ୍ୟାସନାଲ ସିକ୍ୟୁରିଟିଜ ଡିପୋଜିଟୋରି ଲିମିଟେଡ୍ (NSDL) କୁ ସଦସ୍ୟମାନଙ୍କ ପାଇଁ ଇ-ଭୋଟିଂ ସୁବିଧା ପ୍ରଦାନ କରିବାକୁ ନିଯୁକ୍ତ କରିଛି। ବ୍ୟବସାୟଗୁଡିକ ଇଲେକ୍ଟ୍ରୋନିକ ମାଧ୍ୟମରେ ରିମୋଟ୍ ଭୋଟିଂ (E-voting) ଓ ଶାରୀରିକ ଭୋଟିଂ (Physical voting) ଦୁହିଟି ମାଧ୍ୟମରେ ସମ୍ପାଦିତ ହେବ।
3) ରିମୋଟ୍ ଇ-ଭୋଟିଂ ଅବଧି ୨୪.୧୦.୨୦୨୫ (ଶୁକ୍ରବାର) ସକାଳ 09:00 ଠାରୁ ସନ୍ଧ୍ୟା 17:00 (IST) ପର୍ଯ୍ୟନ୍ତ ରହିବ। ଉକ୍ତ ସମୟସୀମା ପରେ ରିମୋଟ୍ ଭୋଟିଂ ଅନୁମତି ନହେବ।
4) ଶାରୀରିକ ଭୋଟିଂ ୨୫.୧୦.୨୦୨୫ (ଶନିବାର) ଦିନ କ୍ଲବ ପ୍ରାଙ୍ଗଣରେ ଦୁପର 12.00 ଠାରୁ ଆରମ୍ଭ ହେବ। ଯେ ସଦସ୍ୟମାନେ ପୂର୍ବରୁ ଇ-ଭୋଟିଂ କରିଥିବେ ସେମାନେ ସଭାରେ ଯୋଗ ଦେଇପାରିବେ, କିନ୍ତୁ ପୁଣିଥରେ ଭୋଟ ଦେଇପାରିବେ ନାହିଁ।
5) ରିମୋଟ୍ ଇ-ଭୋଟିଂ ପାଇଁ User ID ଓ Password ସହିତ ନିର୍ଦ୍ଦେଶନାମା NSDL ଦ୍ୱାରା ସଦସ୍ୟମାନଙ୍କ ନିବନ୍ଧିତ ଇମେଲ ଓ ମୋବାଇଲ ନମ୍ବରକୁ ପଠାଯିବ (କଟଅଫ ତାରିଖ ୩୧ ଅଗଷ୍ଟ ୨୦୨୫ ଅନୁସାରେ)। ଯଦି ଇ-ଭୋଟିଂରେ କୌଣସି ଅସୁବିଧା ହୁଏ, କ୍ଲବ ତାହା ପାଇଁ ଦାୟୀ ନହେବ।
6) NSDL ର ଇମେଲ ପାଇଲେ, ସେମାନଙ୍କ ୱେବସାଇଟ୍ https://www.evoting.nsdl.com କୁ ଯାଆନ୍ତୁ। "Login" ବିକଳ୍ପକୁ ଚୟନ କରନ୍ତୁ (Shareholder/Member ଶିରୋନାମାର ତଳେ ଉପଲବ୍ଧ)। ତାହାପରେ ସିଷ୍ଟମ ଆପଣଙ୍କୁ User ID ପ୍ରବେଶ କରିବାକୁ ପଚାରିବ- NSDL ଦ୍ୱାରା ପ୍ରଦାନିତ User ID ଓ Password ପ୍ରବେଶ କରନ୍ତୁ।
7) ସଫଳତାର ସହିତ ଲଗଇନ୍ କଲାପରେ, e-voting ପୃଷ୍ଠାରେ "EVEN" ବିକଳ୍ପ ଚୟନ କରନ୍ତୁ ଓ ଭୋଟ ଦିଅନ୍ତୁ। ପସନ୍ଦ କରାଯାଇଥିବା ବିକଳ୍ପ ଚୟନ କରି "Submit" ଏବଂ "Confirm" କ୍ଲିକ୍ କରନ୍ତୁ। "Vote cast successfully" ବାର୍ତ୍ତା ଦେଖାଯିବ।
8) ଏକଥର ଭୋଟ ନିଶ୍ଚିତ କଲାପରେ ତାହାକୁ ପରିବର୍ତ୍ତନ କରିପାରିବେ ନାହିଁ।
9) ଯଦି କୌଣସି ସମସ୍ୟା ବା ଅସୁବିଧା ହୁଏ, ଦୟାକରି ଯୋଗାଯୋଗ କରନ୍ତୁ।
Ph.: 022-48867000, 022-24997000, Email: evoting@nsdl.co.in

କଟକ କ୍ଲବ ପକ୍ଷରୁ ଓ ତାହାର ପକ୍ଷରେ
ସୁଭେନ୍ଦୁ ମୋହନ ପଟ୍ଟନାୟକ
ମାନ୍ୟବର ସଚିବ ତଥା ନିର୍ଦ୍ଦେଶକ
DIN: 02407792

ପଞ୍ଚାୟତ ସମିତି, ମାଲକାନଗିରି
**PANCHAYAT SAMITI, MALKANGIRI**
Dist.: Malkangiri
Pin-764048, Ph./Fax : 06861-231219
Email: ori-bmalkangiri@nic.in

**ବିଜ୍ଞାପନ**

ଏତଦ୍‌ଦ୍ୱାରା ପଞ୍ଚାୟତ ସମିତି, ମାଲକାନଗିରି ଅଧିନସ୍ଥ ସମସ୍ତ ଗ୍ରାମ ପଞ୍ଚାୟତର ସର୍ବସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି କି ଯେ , ମହାତ୍ମା ଗାନ୍ଧୀ ଜାତୀୟ ଗ୍ରାମୀଣ ନିଶ୍ଚିତ କର୍ମ ନିଯୁକ୍ତି ଯୋଜନା ଅଧିନରେ ଆର୍ଥିକ ବର୍ଷ(୨୦୨୫-୨୬) ୦୧.୦୪.୨୦୨୫ ଠାରୁ ୩୦.୦୯.୨୦୨୫ ଓ ପ୍ରଧାନମନ୍ତ୍ରୀ ଆବାସ ଯୋଜନା - ଗ୍ରାମୀଣ ଯୋଜନା ଅଧିନରେ କାର୍ଯ୍ୟକାରୀ କରାଯାଇ ଥିବା ପଞ୍ଚାୟତ ସମିତି , ଲାଇନ ଡିପାର୍ଟମେଣ୍ଟ , ଗ୍ରାମ ପଞ୍ଚାୟତ ସ୍ତରୀୟ କିମ୍ବା ଅନ୍ୟାନ୍ୟ କାର୍ଯ୍ୟକାରୀ ସଂସ୍ଥା ମାନଙ୍କ ଦ୍ୱାରା କାର୍ଯ୍ୟକାରୀ କରାଯାଇ ଥିବା ସମସ୍ତ ଆବଶ୍ୟକୀୟ ନଥିପତ୍ର ସହ କାର୍ଯ୍ୟକୁ ତନଖି ଦେଖିବେ ଓ ସାମାଜିକ ସମୀକ୍ଷା କାର୍ଯ୍ୟକ୍ରମ ନିମ୍ନ ନିର୍ଧାରିତ କାର୍ଯ୍ୟସୂଚୀ ଅନୁସାରେ ଅନୁଷ୍ଠିତ ହେବ । ଜିଲ୍ଲା ମୁଖ୍ୟ ଉନ୍ନୟନ ଅଧିକାରୀ ତଥା କାର୍ଯ୍ୟନିର୍ବାହୀ ଅଧିକାରୀ ଜିଲ୍ଲା ପରିଷଦ ମାଲକାନଗିରି ଙ୍କ ପତ୍ର ସଂଖ୍ୟା ୫୨୦୩ ତାରିଖ ୧୦.୧୦.୨୦୨୫ ପ୍ରକାରେ ନିମ୍ନ ନିର୍ଧାରିତ କାର୍ଯ୍ୟସୂଚୀ ଅନୁସାରେ ଅନୁଷ୍ଠିତ ହେବ । ଏଣୁ ସମସ୍ତ ଗ୍ରାମ ପଞ୍ଚାୟତ କାର୍ଯ୍ୟକାରୀ ଅଧିକାରୀ, କନିଷ୍ଠ ଯନ୍ତ୍ରୀ, ଗ୍ରାମ ପଞ୍ଚାୟତ ରୋଜଗାର ସହାୟକ, ମେଟ୍ ଓ ଅନ୍ୟାନ୍ୟ କାର୍ଯ୍ୟକାରୀ ସଂସ୍ଥା ଅଧିକାରୀ ମାନଙ୍କୁ ନିଜ ନିଜ ଗ୍ରା.ପ. ଅଫିସରେ କାର୍ଯ୍ୟସୂଚୀ ଅନୁସାରେ ସମସ୍ତ ଆବଶ୍ୟକୀୟ ନଥିପତ୍ର ସହ ଉପସ୍ଥିତ ରହିବାକୁ ଅନୁରୋଧ କରାଗଲା । ଏଥିସହ ପ୍ରଧାନମନ୍ତ୍ରୀ ଆବାସ ଯୋଜନା - ଗ୍ରାମୀଣ ଯୋଜନାରେ ଅନ୍ତର୍ଭୁକ୍ତ ଥିବା ସମସ୍ତ ନଥିପତ୍ର ଗୁଡ଼ିକୁ ଯାଞ୍ଚ କରିବା ପାଇଁ ସମୀକ୍ଷା ଦଳକୁ ପ୍ରଦାନ କରିବେ ।

ମାଲକାନଗିରି ଅଧିନସ୍ଥ ସମସ୍ତ ଗ୍ରାମ ପଂଚାୟତର ସରପଞ୍ଚ ଓ ସର୍ବସାଧାରଣଙ୍କୁ ଅନୁରୋଧ କରା ଯାଉଛି ଯେ ଏଥିରେ ସହଯୋଗ କରିବା ହେବେ ।

| କ୍ରମିକ ନମ୍ବର | ଗ୍ରାମ ପଞ୍ଚାୟତ | ସାମାଜିକ ସମୀକ୍ଷା ଆରମ୍ଭ ତାରିଖ | ସାମାଜିକ ସମୀକ୍ଷା ଶେଷ ତାରିଖ | ଗ୍ରାମସଭା ତାରିଖ | ନୋଡାଲ ଅଧିକାରି | ବ୍ଲକ୍ ସ୍ତରୀୟ ଜନଶୁଣାଣୀ ତାରିଖ |
|---|---|---|---|---|---|---|
| ୧ | ଟାଲାନଗୁଡା | ୧୫.୧୦.୨୦୨୫ | ୩୦.୧୦.୨୦୨୫ | ୩୦.୧୦.୨୦୨୫ | ଏମ୍. ଆଇ | |
| ୨ | ତଣ୍ଡିକି | ୧୫.୧୦.୨୦୨୫ | ୩୦.୧୦.୨୦୨୫ | ୩୦.୧୦.୨୦୨୫ | ବି.ପି.ଏମ୍ (ଓ.ଏଲ.ଏମ୍) | |
| ୩ | ପଡ଼ୁଗିରି | ୧୫.୧୦.୨୦୨୫ | ୩୦.୧୦.୨୦୨୫ | ୩୦.୧୦.୨୦୨୫ | ଡବ୍ଲ.ଇ.ଓ | |
| ୪ | ସିନ୍ଧିମାଲା | ୩୧.୧୦.୨୦୨୫ | ୧୭.୧୧.୨୦୨୫ | ୧୭.୧୧.୨୦୨୫ | ଏମ୍. ଆଇ | |
| ୫ | ଉଡୁପା | ୩୧.୧୦.୨୦୨୫ | ୧୭.୧୧.୨୦୨୫ | ୧୭.୧୧.୨୦୨୫ | ଏ.ଇ.ଇ | |
| ୬ | ଗଙ୍ଗଲା | ୩୧.୧୦.୨୦୨୫ | ୧୭.୧୧.୨୦୨୫ | ୧୭.୧୧.୨୦୨୫ | ଡବ୍ଲ.ଇ.ଓ | |
| ୭ | ପେଦାୱାଡା | ୧୮.୧୧.୨୦୨୫ | ୦୩.୧୨.୨୦୨୫ | ୦୩.୧୨.୨୦୨୫ | ଏ.ପି.ଓ | |
| ୮ | ଗୌଡ଼ଗୁଡା | ୧୮.୧୧.୨୦୨୫ | ୦୩.୧୨.୨୦୨୫ | ୦୩.୧୨.୨୦୨୫ | ଏ.ବି.ଡି.ଓ | |
| ୯ | ଝରାପାଲି | ୧୮.୧୧.୨୦୨୫ | ୦୩.୧୨.୨୦୨୫ | ୦୩.୧୨.୨୦୨୫ | ବି.ପି.ଏମ୍ (ଓ.ଏଲ.ଏମ୍) | ୩୦.୦୩.୨୦୨୬ |
| ୧୦ | ତମସା | ୦୪.୧୨.୨୦୨୫ | ୨୨.୧୨.୨୦୨୫ | ୨୨.୧୨.୨୦୨୫ | ବି.ପି.ସି (ଆର.ଏଚ୍) | |
| ୧୧ | ତଣ୍ଡାପାଲି | ୦୪.୧୨.୨୦୨୫ | ୨୨.୧୨.୨୦୨୫ | ୨୨.୧୨.୨୦୨୫ | ଏ.ଇ.ଇ | |
| ୧୨ | ଗୋରାଖୁଣ୍ଟା | ୦୪.୧୨.୨୦୨୫ | ୨୨.୧୨.୨୦୨୫ | ୨୨.୧୨.୨୦୨୫ | ଏମ୍. ଆଇ | |
| ୧୩ | ଶିଖପାଲି | ୦୨.୦୨.୨୦୨୬ | ୧୮.୦୨.୨୦୨୬ | ୧୮.୦୨.୨୦୨୬ | ଏ.ପି.ଓ | |
| ୧୪ | ମାଟାପାକା | ୦୨.୦୨.୨୦୨୬ | ୧୮.୦୨.୨୦୨୬ | ୧୮.୦୨.୨୦୨୬ | ଏ.ବି.ଡି.ଓ | |
| ୧୫ | ସେରପାଲି | ୦୨.୦୨.୨୦୨୬ | ୧୮.୦୨.୨୦୨୬ | ୧୮.୦୨.୨୦୨୬ | ସି.ଡି.ପି.ଓ | |
| ୧୬ | ପେଡ଼ାକୋଣ୍ଡା | ୨୦.୦୨.୨୦୨୬ | ୦୬.୦୩.୨୦୨୬ | ୦୬.୦୩.୨୦୨୬ | ଏମ୍. ଆଇ | |
| ୧୭ | ବିରଲକ୍ଷ୍ମଣପୁର | ୨୦.୦୨.୨୦୨୬ | ୦୬.୦୩.୨୦୨୬ | ୦୬.୦୩.୨୦୨୬ | ବି.ପି.ଏମ୍ (ଓ.ଏଲ.ଏମ୍) | |
| ୧୮ | ପାଣ୍ଡ୍ରିପାଣି | ୨୦.୦୨.୨୦୨୬ | ୦୬.୦୩.୨୦୨୬ | ୦୬.୦୩.୨୦୨୬ | ବି.ପି.ସି (ଆର.ଏଚ୍) | |
| ୧୯ | ମାର୍ଦାପାଲି | ୦୯.୦୩.୨୦୨୬ | ୨୫.୦୩.୨୦୨୬ | ୨୫.୦୩.୨୦୨୬ | ଏ.ଇ.ଇ | |

ଗୋଷ୍ଠୀ ଉନ୍ନୟନ ଅଧିକାରୀ
ମାଲକାନଗିରି

**AFFIDAVIT**

By virtue of an affidavit (No. 605/25) sworn before the Notary Public, Borigumma on dated- 12/10/2025. I, **Sri Padu Jani,** S/o Late Ghana Jani, Address: Village- Phundaguda, Khudiguda, PO/PS-Borigumma, Dist- Koraput, Pin-764056, Odisha declare that I have changed my son's name from **Kamandan Jani** to **Kamaladan Jani** in his Aadhar Card (vide No. 8139 7095 7497). Henceforth, he shall be known as **Kamaladan Jani** (new name) for all purposes.
**Sri Padu Jani**

**AFFIDAVIT**

By virtue of an affidavit No. 5822, sworn before the Executive Magistrate Champua on dated-14/10/2025. I **Jasabati Munda,** W/o-Markanda Munda, resident of Vill/Po-Bankia, Ps- Champua, Dist-Keonjhar Pin- 758044, Odisha declare that I have changed my name from **Joshabati Munda** (old name) to **Jasabati Munda** (new name). Henceforth she shall be known as **Jasabati Munda** for all future purposes.
**Jasabati Munda**

**AFFIDAVIT**

I, Bimla Nandi, W/O Late-Ram Chandra Nandi, resident of Chhancha, Ward No.25, Po/Ps-Baripada Town, Dist.-Mayurbhanj, Pin.No.-757001, Odisha, declared by this affidavit No-1043 dtd. 14.10.2025 that now onwards I shall be known as Bimala Nandi (67) for all future purposes.
**Bimla Nandi**

**AFFIDAVIT**

By virtue of an affidavit sworn before Notary public Bhubaneswar on dated, 13.10.2025, I Kanchan Mohanty, W/o- Susanta Kumar Mohanty resident At- Bisunipada, Po-Jhintisasan, Balakati, Dist-Khordha, Odisha, PIN- 752100 declare that I have changed my name from Kanchan Vishwakarma to Kanchan Mohanty. Henceforth I shall be known as **KANCHAN MOHANTY** for all purposes.

**AFFIDAVIT**

By Virtue of an affidavit sworn before The Notary Public, Bhubaneswar Vide CF No 744, date- 16/09/2025 I , Elieo harijan, resident of At- Tikirachura, Po-Binjili, Po-Kosagumunda,Dist-Nabarangapur ,Pin-764058, declare that I have changed my Son's name from Lucky sawan kumar to Lucky sawan Chalki.Hens ,Lucky sawan chalki. He shall be know as for all future purposes.
**LUCKY SWAIN CHALKI**

# ବିଦ୍ୟାଳୟ ପରିସର କର୍ଦ୍ଦମାକ୍ତ; ଛାତ୍ରଛାତ୍ରୀ ହଟହଟା




**ଚମ୍ପୁଆ,୧୪।୧୦(ସମିସ):** ଚମ୍ପୁଆ ଶିକ୍ଷା ବିଭାଗ ରଜିଆ ପଞ୍ଚାୟତର ଚତରିସାହି ପ୍ରାଥମିକ ବିଦ୍ୟାଳୟର ଅବସ୍ଥା ଦିନକୁ ଦିନ ଦୟନୀୟ ହେବାରେ ଲାଗିଛି। ଅସରାଏ ବର୍ଷା ହେଲେ ବିଦ୍ୟାଳୟର ପ୍ରବେଶ ଦ୍ୱାରଠାରୁ ଆରମ୍ଭ କରି ଶ୍ରେଣୀ ଗୃହ ପର୍ଯ୍ୟନ୍ତ ଆଣ୍ଠୁଏ ଲେଖାଏଁ ପାଣି ଜମା ରହୁଛି। ବିଦ୍ୟାଳୟକୁ ଆସୁଥିବା ଛାତ୍ରଛାତ୍ରୀ ଓ ଶିକ୍ଷକଠାରୁ ଆରମ୍ଭ କରି ଅଭିଭାବକମାନେ ନାନା ସମସ୍ୟାର ସମ୍ମୁଖୀନ ହେଉଛନ୍ତି। ସୂଚନା ଅନୁସାରେ, ୨୦୦୦ ମସିହାରେ ଏହି ସାହିଠାରେ ଶିକ୍ଷାଦାନ ପାଇଁ ସରକାରୀ ପ୍ରାଥମିକ ବିଦ୍ୟାଳୟ ସ୍ଥାପନ ହୋଇଥିଲା। ଚଳିତ ବର୍ଷ ଲଗାଣ ବର୍ଷା ଫଳରେ ଜନଜୀବନ ଅସ୍ତବ୍ୟସ୍ତ ହୋଇପଡିଥିବା ବେଳେ ଅସରାଏ ବର୍ଷା ହେଲେ ଏହି ବିଦ୍ୟାଳୟ ପରିସରରେ ଅଣ୍ଠୁଏ ଲେଖାଏଁ ପାଣି ଜମା ହୋଇରହୁଛି। ଏଥିପ୍ରତି ଶିକ୍ଷା ବିଭାଗ ବା ପଞ୍ଚାୟତ ଅଧିକାରୀଙ୍କ ନଜର ପଡିପାରୁ ନାହିଁ। କୁନିକୁନି ପିଲାମାନେ ବିଦ୍ୟାଳୟକୁ ଆସୁଥିବା ବେଳେ ଏହି ପାଣି ଭିତରେ ପଶି କାଦୁଅ ସରସର ହୋଇ ବିଦ୍ୟାଳୟକୁ ଆସୁଛନ୍ତି। ଏନେଇ ସରପଞ୍ଚ ସନ୍ତୋଶ ନାଏକ କହିଛନ୍ତି ଯେ ତାଙ୍କ ପାଖରେ ଏନେଇ କୌଣସି ସୂଚନା ନାହିଁ। ଉକ୍ତ ବିଦ୍ୟାଳୟକୁ ଯାଇ ଖର୍ଚ୍ଚ ଅଟକଳ କରାଯିବା ସହ ଚମ୍ପୁଆ ବିଡିଓଙ୍କ ଦୃଷ୍ଟିକୁ ଅଣାଯାଇ ତୁରନ୍ତ ପଦକ୍ଷେପ ଗ୍ରହଣ କରାଯିବ ବୋଲି କହିଛନ୍ତି।

### ପିଏମଜିଏସ୍‌ୱାଇ ନିର୍ମାଣ କାର୍ଯ୍ୟ ନିମ୍ନମାନର

# ଖଡ଼ିପାଳ-କାଠକଟା ରାସ୍ତା ଶୋଚନୀୟ

**ଆନନ୍ଦପୁର, ୧୪।୧୦ (ସମିସ)**

ପ୍ରଧାନମନ୍ତ୍ରୀ ଗ୍ରାମ୍ୟ ସଡକ ଯୋଜନାର ନିର୍ମାଣ କାର୍ଯ୍ୟ ଅତ୍ୟନ୍ତ ନିମ୍ନମାନର ହେଉଥିବାରୁ ବର୍ଷକ ମଧ୍ୟରେ ରାସ୍ତା ଅବସ୍ଥା ଅତ୍ୟନ୍ତ ଦୟନୀୟ ହୋଇପଡୁଥିବା ଅଭିଯୋଗ ହୋଇଛି; ଯାହାର ନିଛକ ଚିତ୍ର ଦେଖିବାକୁ ମିଳିଛି ଆନନ୍ଦପୁର ବ୍ଲକର ଖଡ଼ିପାଳ-କାଠକଟା ରାସ୍ତାରେ। ରାସ୍ତାର ବିଭିନ୍ନ ସ୍ଥାନରେ ବଡବଡ ଗାତ ହୋଇଥିବାରୁ ଯାତାୟାତରେ ବ୍ୟାଘାତ ସୃଷ୍ଟି ହେଉଛି। ବର୍ଷା ପାଣି ଏହି ଗାଡ଼ରେ ଜମି ରହୁଥିବାରୁ ବାଇକ ଆରୋହୀ ଓ ସ୍କୁଲ କଲେଜ ଛାତ୍ରଛାତ୍ରୀମାନେ ଯାତାୟାତରେ ବିଶେଷ ଅସୁବିଧା ଭୋଗ କରୁଛନ୍ତି। ଆଖପାଖ ୪ଟି ପଞ୍ଚାୟତର ଜନସାଧାରଣ ଏହିରାସ୍ତା ଉପରେ ନିର୍ଭର କରିଥାନ୍ତି। ନିର୍ମାଣକାରୀ ଠିକାଦାର ୩ ବର୍ଷ ପର୍ଯ୍ୟନ୍ତ ରାସ୍ତାର ରକ୍ଷଣାବେକ୍ଷଣ କରିବାର ଚୁକ୍ତିନାମା ଥିଲେ ମଧ୍ୟ ସାମାନ୍ୟ ମରାମତି କରାଯାଉନାହିଁ ଯାହାକି ଏହି ୭ କିଲୋମିଟର ବ୍ୟାପି ରାସ୍ତା ଅତ୍ୟନ୍ତ ଦୟନୀୟ ହୋଇପଡିଛି



ବୋଲି ଖଡ଼ିପାଳ କାଠ କଟା ପଟାଙ୍ଗ ଟାଙ୍ଗର ବରଗୋଠ ରାଇପାଳ ଗ୍ରାମବାସୀ ଅଭିଯୋଗ କରିଛନ୍ତି। ସେହିପରି ପଟାଙ୍ଗ ନିକଟରେ ହେବାକୁ ଥିବା କଲଭର୍ଟ ଅଧପନ୍ତରିଆ ହୋଇପଡ଼ିଥିବାରୁ ସାଧାରଣ ଲୋକଙ୍କ ପାଇଁ ବିପଦପୂର୍ଣ୍ଣ ହୋଇପଡିଛି। ଏଣୁ ବିଭାଗୀୟ କର୍ତ୍ତୃପକ୍ଷ ଏହି ରାସ୍ତାର ମରାମତି ଦିଗରେ ଉଚିତ ପଦକ୍ଷେପ ନେବାକୁ ଅଞ୍ଚଳବାସୀ ଦାବି ଜଣାଇଛନ୍ତି।

# ଗୋଶାଳା ଯୋଗୁଁ ଅସ୍ୱାସ୍ଥ୍ୟକର ପରିବେଶ ଅଭିଯୋଗ

**ତୁରୁମୁଙ୍ଗା, ୧୪।୧୦ (ସମିସ):** କେନ୍ଦୁଝର ଜିଲ୍ଲା ପାଟଣା ବ୍ଲକ ରାଜନଗର ପଞ୍ଚାୟତ ରାଜନଗର ଗ୍ରାମରେ ଥିବା ନନ୍ଦିନୀ ଗୋଶାଳାକୁ ନେଇ ଅସ୍ୱାସ୍ଥକର ପରିବେଶ ସାଙ୍ଗକୁ ପ୍ରଦୂଷଣ ହେଉଥିବା ନେଇ ରାଜନଗର ଗ୍ରାମବାସୀ ତୁରୁମୁଙ୍ଗା ଥାନାରେ ଅଭିଯୋଗକରିବାସହଗୋଶାଳାକୁବନ୍ଦକରିବାକୁଦାବିକରିଛନ୍ତି।ଜନବସତିରେ ଗୋଶାଳା ହୋଇଥିବା ଯୋଗୁଁ ଦୁର୍ଗନ୍ଧ ସାଙ୍ଗକୁ ଅଞ୍ଚଳରେ ମଶା ମାଛି ବଂଶ ବୃଦ୍ଧି ପାଉଛି। ଗୋଶାଳାରେ ମରୁଥିବା ଗାଈଗୁଡିକୁ ପୋତି ଦିଆଯାଉଥିବା ଅଭିଯୋଗ ଆଣିଛନ୍ତି ଗ୍ରାମବାସୀ। ଗ୍ରାମଦେଇ ପ୍ରବାହିତ ହୋଉଥିବା ପୁଣ୍ୟତୋୟା ବୈତରଣୀ ନଦୀରେ ଥିବା ଶୈବ୍ୟା କାବେରୀ ପୀଠକୁ ବର୍ଷ ସାରା ପର୍ଯ୍ୟଟକଙ୍କ ଆଗମନ ହୋଇଥାଏ। ଏଠାରେ ଆସୁଥିବା ପର୍ଯ୍ୟଟକ ବଣଭୋଜି ମଧ୍ୟ କରିଥାଆନ୍ତି ମାତ୍ର ୬ ମାସ ପୂର୍ବରୁ ଏଠାରେ ହୋଇଥିବା ଗୋଶାଳା ଯୋଗୁଁ ଏ ଅଞ୍ଚଳ ପଚା ଦୁର୍ଗନ୍ଧ ଯୋଗୁଁ ପର୍ଯ୍ୟଟକ ମୁହଁ ଫେରାଉଥିବା ଅଭିଯୋଗରେ ଦର୍ଶାଇଛନ୍ତି ଗ୍ରାମବାସୀ। ରାଜନଗର ପଞ୍ଚାୟତ ସରପଞ୍ଚ ସୁଧାଂଶୁ ଶେଖର ନାଏକ, ସମିତିସଭ୍ୟ ଅବନୀ ନାଏକ, ଶତ୍ରୁଘ୍ନ ସିଂହ ଧୀରେନ ଚକ୍ର ପ୍ରମୁଖ ଅଭିଯୋଗ କରିଛନ୍ତି।

# ଯୁବ ବ୍ୟବସାୟୀଙ୍କ ବିୟୋଗ



**ହାଟଡ଼ିହୀ,୧୪।୧୦(ସମିସ):** ହାଟଡ଼ିହୀ ବ୍ଲକ ହାଟଡ଼ିହୀ ଗ୍ରାମର ଯୁବ ବ୍ୟବସାୟୀ ବଳରାମ ପଣ୍ଡା(୩୮)ଙ୍କ ଅକାଳ ବିୟୋଗ ଘଟିଛି। ଲିଭର ଜଣ୍ଡିସ ରୋଗରେ ଆକ୍ରାନ୍ତ ହୋଇ ଚିକିତ୍ସାଧୀନ ଥିଲେ। ୫ଦିନ ପୂର୍ବରୁ ତାଙ୍କ ସ୍ୱାସ୍ଥ୍ୟାବସ୍ଥା ଗୁରୁତର ହୋଇପଡିବାରୁ ବାପା ହରେକୃଷ୍ଣ ପଣ୍ଡା ତାଙ୍କୁ କଟକ ମେଡିକାଲକୁ ନେଇଯାଇଥିଲେ। ସେଠାରେ ଚିକିତ୍ସାଧୀନ ଅବସ୍ଥାରେ ତାଙ୍କ ମୃତ୍ୟୁ ହୋଇଛି। ପରେ ସ୍ଥାନୀୟ ବ୍ୟବସାୟୀମାନେ ଗଭୀର ଶୋକ ପ୍ରକାଶ କରିଛନ୍ତି। ହାଟଡ଼ିହୀ ତହସିଲ କାର୍ଯ୍ୟାଳୟ ନିକଟରେ ବଳରାମ ଦୀର୍ଘବର୍ଷ ଧରି ଏକ ପାନ ଦୋକାନ ଦେଇ ନିଜ ପରିବାରର ଗୁଜୁରାଣ ମେଣ୍ଟାଇ ଆସୁଥିଲେ। ସେ ବାବା ହଟକେଶ୍ୱର ଶୈବ ମନ୍ଦିର ସହ ପାଖ ଗ୍ରାମର ବିଭିନ୍ନ ମନ୍ଦିରର ଜଣେ ଭଲ ପୂଜକ ଭାବେ ମଧ୍ୟ ବେଶ୍ ଲୋକପ୍ରିୟ ଥିଲେ। ବଳରାମଙ୍କ ହସଖୁସି ମିଜାଜ୍ ଓ ମେଳାପି ସ୍ୱଭାବ ପାଇଁ ସେ ସମସ୍ତଙ୍କର ଅତି ପ୍ରିୟପାତ୍ର ହୋଇ ପାରିଥିଲେ। ତାଙ୍କ ମରଶରୀର ଗାଁକୁ ଆସିଥିଲା ବେଳେ ପରିବାର, ବନ୍ଧୁପ୍ରିୟଜନ ଓ ଗ୍ରାମବାସୀଙ୍କ ଉପସ୍ଥିତିରେ ଗାଁ ମଶାଣିରେ ଶେଷକୃତ୍ୟ ସମ୍ପନ୍ନ ହୋଇଛି। ହାଟଡ଼ିହୀ ସରପଞ୍ଚ ଚିନ୍ମୟ ନାୟକ, ବରିଷ୍ଠ ସମାଜସେବୀ ଗୌରାଙ୍ଗ ରଣା, ଯୁବ ବ୍ୟବସାୟୀ ନିତ୍ୟାନନ୍ଦ ପହି, ପୂର୍ବତନ ପିସିସି ସଭାପତି ଜୟଦେବ ଜେନା, ଯୁବନେତା ଚିତ୍ତରଞ୍ଜନ ପାତ୍ର, ମାନସ ନାୟକ, ସମିତିସଭ୍ୟ କୈଳାସ ରାଉତ, ବିଜେପି ନେତା ଆଲୋକ ସେଠୀ, ଯୁବନେତା ବିଜୟ ଜେନା, ଅକ୍ଷୟ ମହାପାତ୍ର ପ୍ରମୁଖ ଗଭୀର ଶୋକ ପ୍ରକାଶ କରିଛନ୍ତି।

# ମାନସିକ ବିକୃତ ମହିଳା ଓ ଛୁଆର ଥଇଥାନ ଦାବି



**ହାଟଡ଼ିହୀ,୧୪।୧୦(ସମିସ):** ହାଟଡ଼ିହୀ ବ୍ଲକ ବାଙ୍ଗୋର ପଞ୍ଚାୟତସ୍ଥିତ ଓଏମସି ହଟିଂରେ ଜଣେ ମାନସିକ ବିକୃତ ମହିଳା ଏକ ଶିଶୁକୁ ଧରି ବିଭିନ୍ନ ଅଞ୍ଚଳରେ ବୁଲୁଥିବା ଦେଖାଯାଇଛି। ନିଜ ନାଁ ଓ ଗାଁ ଠିକଣା ଠିକ୍ ସେ କହି ପାରୁନଥିବା ବେଳେ ଓଏମସି ପଡ଼ିଆରେ ରହୁଥିବା ତା'ର ଜଣେ ସମ୍ପର୍କୀୟଙ୍କ ଘରେ ସେ ରହୁଥିବା ନେଇ କେବଳ କହୁଛି। ଏପରି ସ୍ଥିତିରେ ସେହି ମହିଳାଙ୍କ ନିକଟରେ ଥିବା ଶିଶୁର ଭବିଷ୍ୟତକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ସେହି ମାନସିକ ବିକୃତ ମହିଳା ଓ ତା' ଶିଶୁ ଉପରେ ପ୍ରଶାସନର ଦୃଷ୍ଟି ନପଡିବା ଦୁର୍ଭାଗ୍ୟ ବୋଲି କୁହାଯାଇଛି। ପ୍ରଶାସନ ଦ୍ୱାରା ଯଦି ଉକ୍ତ ମହିଳା ଏବଂ ତା' କୋଳରେ ଥିବା ଶିଶୁକୁ କୌଣସି ଥଇଥାନ କେନ୍ଦ୍ରରେ ଉପଯୁକ୍ତ ଲାଳନପାଳନର ବ୍ୟବସ୍ଥା କରାଯାଆନ୍ତା ତା'ହେଲେ ଉଭୟଙ୍କ ଭାଗ୍ୟ ପରିବର୍ତ୍ତନ ହୋଇପାରନ୍ତା ବୋଲି ସ୍ଥାନୀୟ ବୁଦ୍ଧିଜୀବୀ ଦାବି କରିଛନ୍ତି।

### ଗୋଧୂଳି ଗଜଲକ୍ଷ୍ମୀ ପୂଜା

# ନିଶାମୁକ୍ତି ପାଇଁ ଆହ୍ୱାନ ଦେଲେ ଉପଜିଲ୍ଲାପାଳ




**ଚମ୍ପୁଆ,୧୪।୧୦(ସମିସ):** ଚମ୍ପୁଆ ଏନଏସିର ୧ ନମ୍ବର ୱାର୍ଡ ଗୋଧୂଳି ଗ୍ରାମରେ ମା' ଗଜଲକ୍ଷ୍ମୀ ପୂଜାରେ ଉପଜିଲ୍ଲାପାଳ ଉମାକାନ୍ତ ପରିଡା ଯୋଗ ଦେଇଥିଲେ। କମିଟି ପକ୍ଷରୁ ଆୟୋଜିତ ସାଂସ୍କୃତିକ କାର୍ଯ୍ୟକ୍ରମରେ କଳା ଓ ପରିବେଶକୁ ଭଲପାଉଥିବା ଶ୍ରୀ ପରିଡା ଯୋଗଦେଇ ଗ୍ରାମାଞ୍ଚଳର ଉନ୍ନତି ହେଲେ ସହରାଞ୍ଚଳ ତଥା ଦେଶର ଉନ୍ନତି ହୋଇଥାଏ ବୋଲି କହିବା ସହିତ ପ୍ରତ୍ୟେକ ମା' ନିଜ ପିଲାମାନଙ୍କୁ ଶିକ୍ଷାଦାନ କ୍ଷେତ୍ରରେ ଗୁରୁତ୍ୱ ଦେବାକୁ ପରାମର୍ଶ ଦେଇଥିଲେ। ବିଶେଷ ଭାବରେ ଆଦିବାସୀ ଅଧ୍ୟୁଷିତ ଅଞ୍ଚଳରେ ବଢୁଥିବା ନିଶା ବ୍ୟବହାର ଯୁବ ପିଢିକୁ ଭୁଲ ବାଟକୁ ନେଉଥିବାରୁ ଯୁବ ପିଢି ସଠିକ ମାର୍ଗ ଅନୁସରଣ କରିବାକୁ ଆହ୍ୱାନ ଦେଇଥିଲେ। ଏପରିକି ଗୋଧୂଳି ଗ୍ରାମକୁ ଏକ ନିଶାମୁକ୍ତ ଗ୍ରାମ ଭାବେ ଗଠନ କରାଯାଉ ବୋଲି ୫୬ ବର୍ଷ ଧରି ପୂଜା କରିଆସୁଥିବା ଏହି ପୂଜା କମିଟିର ସଦସ୍ୟଙ୍କୁ ଏବଂ ଉପସ୍ଥିତ ମା'ମାନଙ୍କୁ ଆହ୍ୱାନ ଦେଇଥିଲେ। ଅନ୍ୟତମ ଅତିଥି ଭାବେ ପୂର୍ବତନ ଶିକ୍ଷକ ଲକ୍ଷ୍ମୀକାନ୍ତ ନାଏକ, ବୁଦ୍ଧିଜୀବୀ ଇଶ୍ୱର ନାଏକ, ଶିକ୍ଷକ ଅବିନାଶ ପ୍ରଧାନ ପ୍ରମୁଖ ଯୋଗ ଦେଇଥିଲେ। ଶ୍ରୀ ପରିଡା ଉକ୍ତ ମଞ୍ଚରେ ଏକ ଜଗନ୍ନାଥ ଭଜନ ପରିବେଶଣ କରିଥିଲେ। ପରେପରେ କୁନିକୁନି ପିଲାମାନଙ୍କ ଦ୍ୱାରା ନୃତ୍ୟ ସଂଗୀତ କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା।

# ଥାନା ଘେରିଲା ଭୀମ ଆର୍ମି ସଂଗଠନ



**ଆନନ୍ଦପୁର, ୧୪।୧୦ (ସମିସ):** ଆଦିବାସୀଙ୍କ ବିରୋଧରେ ମିଥ୍ୟା ମାମଲାକୁ ବିରୋଧ କରି ଘଷିପୁରା ଥାନା ଘେରଉ କରିଛି କେନ୍ଦୁଝର ଭିମ୍ ଆର୍ମି ସଂଗଠନ। ପୁଲିସ୍ ବଳୟକୁ ଭେଦକରି ଥାନା ମଧ୍ୟକୁ ଠେଲାପେଲା ଓ ଉତ୍ତେଜନା ମଧ୍ୟରେ ଧସେଇ ପଶିବାକୁ ଉଦ୍ୟାମ କରିଥିଲେ ଆନ୍ଦୋଳନକାରୀ। କିଛିଦିନ ତଳେ ନିର୍ଦ୍ଦିଷ୍ଟ ଏକ ଘଟଣାରେ କେତେକ ଅନୁସୂଚିତ ଜାତିର ଯୁବକଙ୍କ ନାମରେ ମାମଲା ରୁଜୁ କରିଥଲା ଘଷିପୁରା ପୁଲିସ। ସଂପୃକ୍ତ ଯୁବକଙ୍କ ସଂପୃକ୍ତି ନଥିବା ଓ ପୁଲିସ୍ ଉଦ୍ଦେଶ୍ୟମୂଳକ ଭାବେ ତାଙ୍କ ନାମ ଯୋଡିଥିବା ଅଭିଯୋଗରେ ଦର୍ଶାଇ ସଂଗଠନ ପକ୍ଷରୁ ଏହି ଆନ୍ଦୋଳନରେ ମହିଳା ଓ ବିଭିନ୍ନ କର୍ମକର୍ତ୍ତା ସାମିଲ ହୋଇଥିଲେ। ଘଷିପୁରା ଥାନା ସବଇନସପେକ୍ଟରଙ୍କ ନିଲମ୍ବନ ପାଇଁ ଦାବି କରିଛି ଭିମ୍ ଆର୍ମି। ସେପଟେ ଅଭିଯୋଗକୁ ଖଣ୍ଡନ କରିଛନ୍ତି କେନ୍ଦୁଝର ଜିଲ୍ଲା ଅତିରିକ୍ତ ଏସ୍‌ପି। ପୋଲିସ୍ ଦ୍ୱାରା କୈଣସି ଭୁଲ୍ ହୋଇନାହିଁ ବରଂ ସଂପୃକ୍ତ ଘଟଣାରେ ନିରପେକ୍ଷ ଭାବେ କାମ କରିଛି। ଦାବିକୁ ଏସ୍‌ପି ଆଉଥରେ ତଜମା କରି ଆବଶ୍ୟକ ପଦକ୍ଷେପେ ବେବେ ବୋଲି କହିଛନ୍ତି ଅତିରିକ୍ତ ଏସ୍‌ପି ହରପ୍ରିୟା ନାୟକ।

# ନୂତନ ପଞ୍ଚାୟତ ଗଠନ ପାଇଁ ଉପଜିଲ୍ଲାପାଳଙ୍କୁ ଦାବିପତ୍ର



**ଆନନ୍ଦପୁର, ୧୪।୧୦ (ସମିସ):** ଆନନ୍ଦପୁର ବ୍ଲକ୍ ବାଉଁଶଗଡ଼ ପଞ୍ଚାୟତର ତିନିଟି ଗ୍ରାମ ସମେତ ବୈତରଣୀ ନଦୀର ଅପାରପାର୍ଶ୍ୱରେ ଥିବା ବୀରଗୋବିନ୍ଦପୁର ପଞ୍ଚାୟତର ଦୁଇ ଗ୍ରାମକୁ ନେଇ ନୂତନ ପଞ୍ଚାୟତ ଗଠନ ପାଇଁ ଗ୍ରାମବାସୀ ଉପଜିଲ୍ଲାପାଳଙ୍କୁ ଦାବିପତ୍ର ପ୍ରଦାନ କରିଛନ୍ତି। ପଞ୍ଚାୟତ ପୁନର୍ଗଠନ ପ୍ରକ୍ରିୟା ଆରମ୍ଭ ହୋଇଥିବାରୁ ବାଉଁଶଗଡ଼ ପଞ୍ଚାୟତର ବାଙ୍ଗିଡ଼ି, ଷଡ଼ଙ୍ଗୀ ଓ ସୁନ୍ଦୁରିଆ ଗ୍ରାମକୁ ନେଇ ନୂତନ ପଞ୍ଚାୟତ ଗଠନ ପାଇଁ ଦାବି ହେଉଛି। ସୁନ୍ଦୁରିଆ ଗ୍ରାମରେ ୯୫୦, ବାଙ୍ଗିଡ଼ିରେ ୧୨୫୦, ଷଡ଼ଙ୍ଗୀରେ ୬୫୦ଜଣ ଭୋଟର ରହିଥିବାରୁ ତିନି ଗ୍ରାମର ଲୋକସଂଖ୍ୟା ପ୍ରାୟ ୫ ହଜାର ଆଦିବାସୀ ବହୁଳ ଅଞ୍ଚଳ। ଏଠାକାର ବିକାଶ ଠିକ୍‌ରେ ହୋଇପାରୁନି। ନୂତନ ପଞ୍ଚାୟତ ଗଠନ କରାଗଲେ ଲୋକେ ସରକାରୀ ଯୋଜନାର ସୁଫଳ ସହଜରେ ପାଇପାରିବେ ବୋଲି ଦାବିପତ୍ରରେ ଉଲ୍ଲେଖ କରାଯାଇଛି। ଏହାଛଡ଼ା ଗୋହିରାବଣୀ, କୁଣ୍ଡିବାହାଳି ଗ୍ରାମ ବୈତରଣୀ ନଦୀର ଅପରପାର୍ଶ୍ୱ ବୀରଗୋବିନ୍ଦପୁର ପଞ୍ଚାୟତରେ ରହିଛି। ଏହି ଦୁଇ ଗ୍ରାମର ଲୋକେ ବିଭିନ୍ନ ସରକାରୀ ସୁବିଧାରୁ ବଞ୍ଚିତ ହେଉଛନ୍ତି। ଏହି ଦୁଇ ଗ୍ରାମକୁ ନୂତନ ପଞ୍ଚାୟତରେ ସାମିଲ ହେବାକୁ ସହମତି ପ୍ରକାଶ କରିଛନ୍ତି। ଏନେଇ କେନ୍ଦୁଝର ଜିଲ୍ଲାପାଳ, ରାଜସ୍ୱ ମନ୍ତ୍ରୀ, ପଞ୍ଚାୟତିରାଜ ମନ୍ତ୍ରୀଙ୍କ ଦୃଷ୍ଟି ଆକର୍ଷଣ କରାଯାଇଛି।

# ଜରୁରୀ ପରିସ୍ଥିତି ରାଜବନ୍ଦୀଙ୍କୁ ତାମ୍ର ସନନ୍ଦ



**ଆନନ୍ଦପୁର, ୧୪।୧୦ (ସମିସ):** ଓଡିଶାରେ ଜରୁରୀ ପରିସ୍ଥିତି କାଳରେ ରାଜବନ୍ଦୀଙ୍କୁ କେନ୍ଦୁଝର ଜିଲ୍ଲା ପ୍ରଶାସନ ପକ୍ଷରୁ ସମ୍ମାନ ସ୍ୱରୂପ ତାମ୍ର ସନନ୍ଦ ପ୍ରଦାନ କରାଯାଇଛି। ଜିଲ୍ଲା ସଂସ୍କୃତି ବିଭାଗ ଆନୁକୂଲ୍ୟରେ ରାଜ୍ୟ ସରକାରଙ୍କ ପକ୍ଷରୁ କେନ୍ଦୁଝର ଏଡିଏମ ଏହି ବନ୍ଦୀଙ୍କୁ ନିଜ କାର୍ଯ୍ୟାଳୟ ପ୍ରକୋଷ୍ଠରେ ପୁଷ୍ପଗୁଚ୍ଛ ସହିତ ସମ୍ମାନପତ୍ର ସ୍ୱରୂପ ତାମ୍ର ସନନ୍ଦ ଅର୍ପଣ କରିଥିଲେ। ୧୯୭୫ ଡିସେମ୍ବର ୮ ତାରିଖ ତତ୍କାଳୀନ ପ୍ରଧାନମନ୍ତ୍ରୀ ଇନ୍ଦିରା ଗାନ୍ଧୀଙ୍କ ଜାତୀୟ ଜରୁରୀ ପରିସ୍ଥିତି ଜାରି କରିଥିଲେ। ଏହି ପରିପ୍ରେକ୍ଷୀରେ ଓଡିଶାର ଅନ୍ୟ ଜିଲ୍ଲା ସମେତ କେନ୍ଦୁଝର ଜିଲ୍ଲା ଓ ଆନନ୍ଦପୁର ଅଞ୍ଚଳରେ ତତ୍କାଳୀନ ଜନସଙ୍ଘର ଯୁବନେତା କ୍ଷୀରୋଦ ପ୍ରସାଦ ସ୍ୱାଇଁଙ୍କ ନେତୃତ୍ୱରେ ସତ୍ୟନାରାୟଣ ମହାପାତ୍ର, ଅରୁଣ କୁମାର ମିଶ୍ର, ରବୀନ୍ଦ୍ର ପ୍ରସାଦ ଚାନ୍ଦ, ଗଦାଧର ମିଶ୍ର, ଦୁର୍ଗାଚରଣ ଦଳେଇ, ନଗେନଚନ୍ଦ୍ର ଚାନ୍ଦ, ନିତ୍ୟାନନ୍ଦ ଦାସ, ହେମନ୍ତ କୁମାର ଜେନା ପ୍ରମୁଖ ତିନି ମାସରୁ ଊର୍ଦ୍ଧ୍ୱ କାଳ ଜେଲ କଟାଇଥିଲେ। ଆନନ୍ଦପୁର ଓ କେନ୍ଦୁଝରର ସମସ୍ତ ରାଜବନ୍ଦୀଙ୍କୁ ଏହି ଅବସରରେ ପ୍ରଶାସନ ପକ୍ଷରୁ ସମ୍ମାନିତ କରାଯାଇଥିବା ସୂଚନା ଦିଆଯାଇଛି।

# ଶହେ ପରିବାରରେ ସାଇ ଭଜନ ଅଭିଯାନ



**ଆନନ୍ଦପୁର, ୧୪।୧୦ (ସମିସ):** ଶ୍ରୀସତ୍ୟସାଇ ବାବାଙ୍କ ଜୟନ୍ତୀ ଉପଲକ୍ଷେ ପରିବାର ଭଜନ ଆରମ୍ଭ ହୋଇଛି। ଶହେ ପରିବାରରେ ହେବାକୁ ଥିବା ଏହି କାର୍ଯ୍ୟକ୍ରମ ଆନନ୍ଦପୁର କଣ୍ଟିପାଳ ଶୈଳଙ୍ଗ ସରେଇ ଗ୍ରାମରୁ ଆରମ୍ଭ ହୋଇଥିବା ବେଳେ ଆନନ୍ଦପୁର ସମିତି ଆବାହକ ନିତ୍ୟାନନ୍ଦ ସାମଲଙ୍କ ପରିବାର ରୁ ଶୁଭାରମ୍ଭ ହୋଇଛି। ପ୍ରତିଦିନ ଭାବ ଓ ଭକ୍ତିରେ ହେଉଥିବା ଏହି ପରିବାର ଭଜନରେ ଆବାହକ ଶ୍ରୀ ସାମଲଙ୍କ ତତ୍ତ୍ୱାବଧାନରେ ଡାକ୍ତର ଶିଶିର କୁମାର ଦାସ ଅଧ୍ୟାପକ ପ୍ରମୋଦ ରାଜ ହାଡିବନ୍ଧୁ ସି ବଂକିମ ପଟ୍ଟନାୟକ ମଦନ ପାଣି ଅସିତ ନାୟକ ବାବୁଲି ମିଶ୍ର ଦିଲୀପ ଧଳ ନନ୍ଦକିଶୋର ଦଳେଇ ରାଜେନ୍ଦ୍ର ସାହୁ ମନରଞ୍ଜନ ସିଂହ ଶ୍ରୀକାନ୍ତ ସାହୁ ଶତ୍ରୁଘ୍ନ ଶତପଥୀ ଅସିତ କୁମାର ନାୟକ ଗୋପରଞ୍ଜନ ପାଣି ନିରୁପମା ପଟ୍ଟନାୟକ ମାମା ମହାପାତ୍ର ଲିଲି ରାଉତ ସମେତ ସାଇ ପରିବାରର ଭାଇଭଉଣୀମାନେ ଯୋଗଦେଉଥିବା ଜଣାଯାଇଛି। ଏହି କାର୍ଯ୍ୟକ୍ରମ ଆସନ୍ତା ନଭେମ୍ବର ୨୩ ତାରିଖ ପର୍ଯ୍ୟନ୍ତ ପ୍ରତିଦିନ ଚାଲିବ ବୋଲି ସୂଚନା ମିଳିଛି।

# ଓଡ଼ିଶା ରାଜ୍ୟ ସମବାୟ ନୀତି ସମ୍ବନ୍ଧିତ ଆଞ୍ଚଳିକ କର୍ମଶାଳା

**କେନ୍ଦୁଝର, ୧୪।୧୦(ସମିସ)**




କେନ୍ଦୁଝର ପ୍ରେକ୍ଷାଳୟରେ ପାଞ୍ଚଟି ଜିଲ୍ଲା କେନ୍ଦୁଝର, ମୟୂରଭଞ୍ଜ, ବାଲେଶ୍ୱର, ଯାଜପୁର ଓ ଭଦ୍ରକକୁ ନେଇ ଓଡିଶା ରାଜ୍ୟ ସମବାୟ ନୀତି ୨୦୨୫ ଉପରେ ଏକ ଆଞ୍ଚଳିକ କର୍ମଶାଳା ଅନୁଷ୍ଠିତ ହୋଇଯାଇଛି। ସମବାୟ, ହସ୍ତତନ୍ତ ଓ ବୟନ ଶିଳ୍ପ ମନ୍ତ୍ରୀ ପ୍ରଦୀପ ବଳ ସାମନ୍ତ ମୁଖ୍ୟଅତିଥି ଭାବେ ନୂତନ ସମବାୟ ଚିଠା ନୀତି ସମ୍ପର୍କରେ ସୂଚନା ଦେଇଥିଲେ। ବିଧାୟକ, ତେଲକୋଇ ଡାକ୍ତର ଫକୀର ମୋହନ ନାଏକ, ବିଧାୟକ ପାଟଣା ଅଖିଳଚନ୍ଦ୍ର ନାଏକ, ବିଶିଷ୍ଟ ସମବାୟବିତ ତଥା ଓଡିଶା ରାଜ୍ୟ ସମବାୟ ନୀତି ୨୦୨୫ ଚିଠା କମିଟିର ପ୍ରମୁଖ ସଦସ୍ୟ ଯଜ୍ଞେଶ୍ୱର ବାବୁ, ପ୍ରଖ୍ୟାତ ସମବାୟବିତ ପ୍ରଫେସର ହରେକୃଷ୍ଣ ମିଶ୍ର, ଅବସରପ୍ରାପ୍ତ ପ୍ରଶାସନିକ ଅଧିକାରୀ ତଥା ଓଡିଶା ରାଜ୍ୟ ସମବାୟ ନୀତି ୨୦୨୫ ଚିଠା କମିଟିର ସଦସ୍ୟ ଗୋପବନ୍ଧୁ ଶତପଥୀ, ବରିଷ୍ଠ ସମବାୟବିତ ତଥା ଚିଠା କମିଟିର ସଦସ୍ୟ ଅଜୟ କୁମାର ସାହୁ, ପ୍ରମୋଦ ସାହୁ, ଯୁଗ୍ମ ନିବନ୍ଧକ, କୃଷ୍ଣଚନ୍ଦ୍ର ଦାସ, ଯୁଗ୍ମ ନିବନ୍ଧକ, ସମବାୟ ସମିତି ସମୂହ ଉପସ୍ଥିତ ଥିଲେ। ପାଞ୍ଚଟି ଜିଲ୍ଲାର ସମସ୍ତ ଉପନିବନ୍ଧକ, ସମବାୟ ସମିତି ସମୂହ ତଥା ଅନ୍ୟାନ୍ୟ ସମବାୟ ବିଭାଗର ଅଧିକାରୀ ସହଯୋଗ କରିଥିଲେ। ଉପନିବନ୍ଧକ କେନ୍ଦୁଝର ପର୍ଶୁରାମ ପାତ୍ରଙ୍କ ତତ୍ତ୍ୱାବଧାନରେ ସମବାୟ ବିଭାଗର ଅନ୍ୟାନ୍ୟ କର୍ମଚାରୀ ଏକାଦଶୀ ଦାସ, ସହକାରୀ ନିବନ୍ଧକ, ବାଲେଶ୍ୱର, ମଙ୍ଗଳ ସୋରେନ, ବରିଷ୍ଠ ସହକାରୀ ନିବନ୍ଧକ ଚମ୍ପୁଆ, ରାମଚନ୍ଦ୍ର ବିଶ୍ୱାଳ, ସହକାରୀ ନିବନ୍ଧକ ଅନନ୍ଦପୁର, ବସନ୍ତ ନାୟକ, ସହକାରୀ ନିବନ୍ଧକ କରଞ୍ଜିଆ, ସୁଶୀଲଚନ୍ଦ୍ର ନାଏକ, ହେମନ୍ତ ନାଏକ, ବିମ୍ବାଧର ନାଏକ, ଯତୀନ ମହାନ୍ତ, ବିଭୁତି ଭୂଷଣ ନାଏକ, ଦିବ୍ୟରଞ୍ଜନ ସେଠୀ, ରଞ୍ଜନ ନାଏକ ପ୍ରମୁଖ ସହଯୋଗ କରିଥିଲେ। ଉପନିବନ୍ଧକ ମୟୂରଭଞ୍ଜ ଅଶୋକ ପାଣି ଧନ୍ୟବାଦ ଅର୍ପଣ କରିଥିଲେ।

### ଠିକାସଂସ୍ଥାର ନିଘା ନାହିଁ

# ପାଇପ୍ ଫାଟି ରାସ୍ତାରେ ପାଣି



**ତେଲକୋଇ, ୧୪।୧୦(ସମିସ):** ବୃହତ ଜଳଯୋଗାଣ ପ୍ରକଳ୍ପ ଏଲ୍‌ଆଣ୍ଡଟି ସଂସ୍ଥାର ମନମୁଖୀ କାର୍ଯ୍ୟ ଯୋଗୁଁ ତେଲକୋଇ ବ୍ଲକ ଶିବନାରାୟଣପୁର ଗୋଡା ଗ୍ରାମ ଦୋଳମଣ୍ଡପ ସାହିଠାରୁ ତଳସାହି ପର୍ଯ୍ୟନ୍ତ ରାସ୍ତା ଅତ୍ୟନ୍ତ ଶୋଚନୀୟ ହୋଇ ପଡ଼ିଛି। ରାସ୍ତା କଡ଼ରେ ବିଛା ଯାଇଥିବା ପାଣି ପାଇପ ଫାଟି ଆଜକୁ ଦୁଇ ଦିନ ହେବ ରାସ୍ତା ଉପରେ ଆଣ୍ଠୁଏ ପାଣି ପ୍ରବାହିତ ହେଉଛି। ଫଳରେ ଦୋଳ ମଣ୍ଡପ ସାହିରୁ ତଳ ସାହି ପର୍ଯ୍ୟନ୍ତ ଦୀର୍ଘ ରାସ୍ତା ପାଣି ସର ସର ହେବା ସହିତ କାଦୁଅରେ ଭର୍ତ୍ତି ହୋଇଛି। ସ୍ଥାନୀୟ ବାସିନ୍ଦାଙ୍କ ସମେତ ଛାତ୍ରଛାତ୍ରୀ ବିଦ୍ୟାଳୟ ଯିବାଆସିବାରେ ବହୁ ଅସୁବିଧାର ସମ୍ମୁଖୀନ ହେଉଥିବା ଅଭିଯୋଗ ହୋଇଛି। ଅନ୍ୟପଟେ ଦୁଇ ଦିନ ଧରି ବ୍ୟାପକ ଜଳ ଅପଚୟ ହେଉଥିଲେ ସୁଦ୍ଧା ଜଳଯୋଗାଣକାରୀ ସଂସ୍ଥାର ନିଦ ଭାଙ୍ଗୁ ନାହିଁ। ଏଥିପ୍ରତି ବିଭାଗୀୟ ଅଧିକାରୀ ଦୃଷ୍ଟି ଦେବାକୁ ଦାବି ହୋଇଛି।

# ତାଳସାରୀ ବେଳାଭୂମିରେ ୩ ବିଭାଗର ମିଳିତ ସୀମା ଅନୁଧ୍ୟାନ

## ତୁରନ୍ତ ସମସ୍ୟାର ସମାଧାନ ପାଇଁ ମତ୍ସ୍ୟଜୀବୀଙ୍କ ଦାବି

ଚନ୍ଦନେଶ୍ୱର, ୧୪।୧୦(ସମିସ)

ବାଲେଶ୍ୱର ଜିଲ୍ଲାର ଭୋଗରାଇ ବ୍ଲକ ଅନ୍ତର୍ଗତ ମନୋରମ ବେଳାଭୂମି ତାଳସାରୀଠାରେ ଉନ୍ନୟନ ମୂଳକ କାର୍ଯ୍ୟ ଜଙ୍ଗଲ ବିଭାଗର କଟକଣା ଯୋଗୁଁ ଅଧାରେ ଅଟକି ଥିବାବେଳେ ସ୍ଥାନୀୟ ମତ୍ସ୍ୟଜୀବୀ ଓ ଗଙ୍ଗା ମାତା ଫିସାରମେନ କପୋରେଟିଭ ସୋସାଇଟି ତରଫରୁ ଗତ ସୋମବାର ଭୋଗରାଇ ବ୍ଲକର ମିଳିତ ଜନଶୁଣାଣିରେ ସମସ୍ୟାର ସମାଧାନ ପାଇଁ ଲିଖିତ ଅଭିଯୋଗ କରିବା ପରେ ଆଜି ରାଜସ୍ୱ, ଜଙ୍ଗଲ ଓ ମତ୍ସ୍ୟ ବିଭାଗ ତରଫରୁ ମିଳିତ ଭାବେ ଭିତ୍ତିଭୂମିର ପରିଦର୍ଶନ କରି ଫେରିଛନ୍ତି ।

ଉଲ୍ଲେଖ ଯୋଗ୍ୟ ଯେ, ଜଙ୍ଗଲ ବିଭାଗର କଟକଣା ଯୋଗୁଁ ଉଦୟପୁର-ତାଳସାରୀ ମେରାଇନ ଡ୍ରାଇଭ କାର୍ଯ୍ୟ ଅଧାପନ୍ତରିଆ ହୋଇ ପଡ଼ିଥିବା ବେଳେ ବେଳାଭୂମି ଆଲୋକୀକରଣ ହୋଇ ପାରୁନାହିଁ। ତାଳସାରୀ ବେଳାଭୂମିରେ ୧୯୯୬ ମସିହାରେ ଓଡିଶା ସରକାରଙ୍କ ମତ୍ସ୍ୟ ଏବଂ ପଶୁ ସମ୍ପଦ ବିଭାଗ ପକ୍ଷରୁ ୧ କୋଟି ୫୭ ଲକ୍ଷ ୪୨ ହଜାର ୩୯୮ ଟଙ୍କା ବ୍ୟୟରେ ଏକ ମତ୍ସ୍ୟ ଅବତରଣ କେନ୍ଦ୍ର ନିର୍ମାଣ ହୋଇଥିଲା। ଏଥିପାଇଁ ବେଳାଭୂମି ସଂଲଗ୍ନ ୨ ଏକର ୭୨ ଡେସିମିଲ ଜାଗାକୁ ଘେରାବନ୍ଦୀ କରି ଏହାର ରକ୍ଷଣା ବେକ୍ଷଣ ପାଇଁ ତାଳସାରୀ ଗଙ୍ଗାମାତା ସାମୁଦ୍ରିକ ମତ୍ସ୍ୟଜୀବୀ ସମବାୟ ସମିତିକୁ ତତକାଳୀନ ଜିଲ୍ଲାପାଳ ହସ୍ତାନ୍ତର କରିଥିଲେ। ସରକାରଙ୍କ ନିର୍ଦ୍ଦେଶ ମୁତାବକ ମତ୍ସ୍ୟଜୀବୀ ସମିତି ମତ୍ସ୍ୟ ଅବତରଣ କେନ୍ଦ୍ର ସମେତ ଉକ୍ତ ଜାଗାର ରକ୍ଷଣାବେକ୍ଷଣ କରି ଆସୁଛନ୍ତି। ଏହି ଜାଗାରେ ଶୁଖୁଆ ଖଳା, ମାଛ କ୍ରୟ କେନ୍ଦ୍ର, ଡଙ୍ଗା ମରାମତି, ନୂତନ ଡଙ୍ଗା ନିର୍ମାଣ, ଜାଲ ମରାମତି ସାଙ୍ଗକୁ କିଛି ଉଠା ଦୋକାନୀ ମଧ୍ୟ ବ୍ୟବସାୟ କରି ଜୀବନ ଜୀବିକା ନିର୍ବାହ କରି ଆସୁଛନ୍ତି। ୨୦୨୩/୨୪ ଆର୍ଥିକ ବର୍ଷରେ ଓଡିଶା ସରକାରଙ୍କ ମତ୍ସ୍ୟ ବିଭାଗ ପକ୍ଷରୁ ୧କୋଟି ୯୮ ଲକ୍ଷ ଟଙ୍କା ମଞ୍ଜୁର ହୋଇ ଠିକାଦାର ସଂସ୍ଥା କାର୍ଯ୍ୟ ଆରମ୍ଭ କରିଛନ୍ତି। ଏହି ଅର୍ଥରେ ଏକ ଦୁଇ ମହଲା ଘର ନିର୍ମାଣ ହେବା ସହିତ ମାଛ ବିକ୍ରି ଖଳା ଓ ଶୁଖୁଆ ଖଳା ଆଦି ନିର୍ମାଣ ପାଇଁ ପଦକ୍ଷେପ ଆରମ୍ଭ ହୋଇଛି। ମାତ୍ର ବନବିଭାଗ ଏହାକୁ ରୋକିବାକୁ ଉଦ୍ୟମ କରିବାରୁ ବିବାଦ ଆହୁରି ଘନେଇଛି। ଫଳରେ ମଙ୍ଗଳବାର ବାଲେଶ୍ୱର ଜିଲ୍ଲାପାଳଙ୍କ ନିର୍ଦ୍ଦେଶ କ୍ରମେ ୩ଟି ବିଭାଗର ଉପସ୍ଥିତିରେ ଭିତ୍ତିଭୂମିର ସୀମା ନିର୍ଦ୍ଧାରଣ ଆରମ୍ଭ ହୋଇଛି। ଏଥିରେ ଭୋଗରାଇ ତହସିଲଦାର ସୂର୍ଯ୍ୟ କୁମାର ନାୟକ, ବାଜିତପୁର ରାଜସ୍ୱ ନିରୀକ୍ଷକ ପ୍ରମୋଦ କୃଷ୍ଣ ସୋରେନ,ବନ ବିଭାଗର ଏସିଏଫ ଜୟଶ୍ରୀ ମୁର୍ମୁ, ଉଦୟପୁର ବନପାଳ ସଞ୍ଜୟ କୁମାର ମହାନ୍ତି, ଜିଲ୍ଲା ଅତିରିକ୍ତ ମତ୍ସ୍ୟ ଅଧିକାରୀ ସୌମ୍ୟ ପ୍ରକାଶ ରଥ,ଏସଏଫଟିଏ ଅନନ୍ତ କୁମାର ଜେନା,ଗଙ୍ଗା ମାତା ମତ୍ସ୍ୟଜୀବୀ କମିଟିର ସଭାପତି ସୁରେନ୍ଦ୍ର ନାଥ ଗଙ୍ଗାଇ,ସମ୍ପାଦକ ପୁଣ୍ଡରୀକାକ୍ଷ ଲାୟା ଏବଂ ଅନ୍ୟ ସଦସ୍ୟ ମାନେ ଉପସ୍ଥିତ ଥିଲେ। ବନପାଳ ଶ୍ରୀ ମହାନ୍ତିଙ୍କ କହିବା କଥା ମତ୍ସ୍ୟ ବିଭାଗ ବିନା ଅନୁମତିରେ କାର୍ଯ୍ୟ ଆରମ୍ଭ କରିଥିଲେ। ଜିଲ୍ଲା ବନ ଅଧିକାରୀ ପ୍ରଫୁଲ୍ଲ ମଲ୍ଲିକଙ୍କ ନିର୍ଦ୍ଦେଶ କ୍ରମେ ସୀମା ନିଦ୍ଧାରଣ ପାଇଁ ଯାଇଥିଲୁ। ପରେ ଉପରିସ୍ଥ ଅଧିକାରଙ୍କ ନିର୍ଦ୍ଦେଶ ମୂଳେ ଯାହା ହେବ। ସେହିଭଳି ବାଜିତପୁର ରାଜସ୍ୱ ନୀରିକ୍ଷକଙ୍କ କହିବା କଥା ନୂତନ ନିର୍ମାଣ ହୋଇଥିବା ଗୃହଟି ଗମ୍ଭାରିଆ ମୌଜାରେ ରହିଛି। ପରବର୍ତି ପଦକ୍ଷେପ କ'ଣ ହେବ ତାହା ଉପରିସ୍ଥ ଅଧିକାରୀ ନିଷ୍ପତ୍ତି ନେବେ। ସେହିଭଳି ମତ୍ସ୍ୟବିଭାଗ ତାଙ୍କ ଜାଗାରେ ଉନ୍ନୟନ ମୂଳକ କାର୍ଯ୍ୟ କରିବା ପାଇଁ ତତ୍ପର। ଏଭଳି ଘଡିସନ୍ଧି ମୂହୁର୍ତ୍ତରେ ସରକାରଙ୍କ ନିଷ୍ପତ୍ତି ଉପରେ ଅଞ୍ଚଳର ଉନ୍ନତି ନିର୍ଭର କରୁଛି।

## ଆମ୍ବଳିଆଠା କ୍ଲଷ୍ଟରସ୍ତରୀୟ ସୁରଭି ମେଳା



ଜଳେଶ୍ୱର ୧୪।୧୦(ସମିସ): ଜଳେଶ୍ୱର ବ୍ଲକର ଆମ୍ବଳିଆଠା କ୍ଲଷ୍ଟର ସ୍ତରୀୟ ସୁରଭି ମେଳା ଅଲାଲପୁରସ୍ଥିତ ନରେନ୍ଦ୍ରନାଥ ସରକାରୀ ଉ.ପ୍ରା ବିଦ୍ୟାଳୟରେ ଆଜି ଅନୁଷ୍ଠିତ ହୋଇ ଯାଇଛି। କ୍ଲଷ୍ଟର ଅଧିନରେ ଥିବା ୧୭ଟି ବିଦ୍ୟାଳୟରୁ ଆସିଥିବା ଛାତ୍ରଛାତ୍ରୀଙ୍କ ମଧ୍ୟରେ ଅନୁଷ୍ଠିତ ପ୍ରତିଯୋଗୀତାରେ କୃତିତ୍ୱ ଅର୍ଜନ କରିଥିବା ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯାଇଥିଲା। ଅନୁଷ୍ଠିତ ପୁରସ୍କାର ବିତରଣୀ ସଭାରେ ପ୍ରଧାନ ଶିକ୍ଷୟତ୍ରୀ ସାବିତ୍ରୀ ସେନ୍ ସଭାପତିତ୍ୱ କରିଥିଲେ। ମୁଖ୍ୟ ଅତିଥିଭାବେ ପୂର୍ବତନ ଏବିଇଓ କପିଳେଶ୍ୱର ମହାନ୍ତି ଯୋଗଦେଇ ଛାତ୍ରଛାତ୍ରୀମାନେ ପାଠପଢା ସହିତ ଅନ୍ୟାନ୍ୟ କ୍ଷେତ୍ରରେ ପାରଦର୍ଶିତା ହାସଲ କରିବା ଉଚିତ ବୋଲି କହିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଅବସରପ୍ରାପ୍ତ ପ୍ରଧାନ ଶିକ୍ଷକ ସୁନିଲ ନାୟକ, ପ୍ରଦୀପ କୁମାର ଜେନା, ଗୌରୀଶଂକର ପରିଡା, ପ୍ରମୋଦ କୁମାର ପରିଡା, ଅଜିତ୍ କୁମାର ପାତ୍ର, ମାନସ କୁମାର ଦାସ, ସୁବ୍ରତ କୁମାର ସେନାପତି ପ୍ରମୁଖ ଯୋଗଦେଇ ଛାତ୍ରଛାତ୍ରୀଙ୍କୁ ଉତ୍ସାହିତ କରିଥିଲେ। ପ୍ରଧାନ ଶିକ୍ଷକ ସୁଶାନ୍ତ କୁମାର ଦାସ ମଂଚ ଆହ୍ୱାନ କରିଥିବା ବେଳେ ସିଆର୍‌ସିସି ମହେନ୍ଦ୍ର କୁମାର ପାତ୍ର ପ୍ରାରମ୍ଭିକ ସୂଚନା ଓ ଉଦ୍ଦେଶ୍ୟ ଜ୍ଞାପନ କରିଥିଲେ। ପୂର୍ବତନ ସିଆର୍‌ସିସି ମାଖନ ଲାଲ ବେରା ଧନ୍ୟବାଦ ଅର୍ପଣ କରିଥିଲେ। ଏସ୍‌ଏମ୍‌ସି ସଭାପତି ଗିରିଜା ଶଂକର କର, ଶ୍ୟାମସୁନ୍ଦର ଦେ, ମାଳବିକା ଗିରି, ସାଧନ ଜେନା, ସୌଭାଗ୍ୟ କର, ପାର୍ବତୀ ସରେନ୍, ଅନୁରାଧା ଦାସ ପ୍ରମୁଖ ପରିଚାଳନା କରିଥିଲେ।

## ଜଳେଶ୍ୱର ସରପଞ୍ଚ ସଂଘ ପକ୍ଷରୁ ଜିଲ୍ଲାପାଳଙ୍କୁ ଦାବିପତ୍ର



ବାଲେଶ୍ୱର,୧୪।୧୦(ସମିସ): ଜଳେଶ୍ୱର ସରପଞ୍ଚ ସଂଘ ପକ୍ଷରୁ ବିଭିନ୍ନ ଦାବିନେଇ ଆଜି ଜିଲ୍ଲାପାଳଙ୍କଠାରେ ଲିଖିତ ଅଭିଯୋଗ କରାଯାଇଛି। କିଛି ଅସାଧୁ ବ୍ୟକ୍ତି ଜଳେଶ୍ୱର ବିଡିଓଙ୍କ ବିରୋଧରେ ବିଭିନ୍ନ ପ୍ରକାର ଷଡଯନ୍ତ୍ର କରି ତାଙ୍କୁ ସେଠାରୁ ବହିଷ୍କାର କରିବାକୁ ମଧ ଷଡଯନ୍ତ୍ର କରୁଛନ୍ତି ବୋଲି ଅଭିଯୋଗ କରାଯାଇଛି। ବ୍ଲକରେ ହେଉଥିବା କାମଗୁଡିକରେ ଅଧିକ ଦୁର୍ନୀତ ହେଉଥିବା ବେଳେ କାମ ନ କରି ବିଲ ଉଠାଇବା, ନିମ୍ନମାନର କାର୍ଯ୍ୟ କରିବା, ମରାମତି କାର୍ଯ୍ୟ ନକରି ବିଲ ଉଠାଇନେବା, ବିଲରୁ ପ୍ରସ୍ତୁତ ମୂଲ୍ୟ ଠାରୁ ଅଧିକ ଉଠାଣ କରିବା ଆଦି ପୂର୍ବରୁ ହେଉଥିଲା। ହେଲେ ବର୍ତ୍ତମାନର ବିଡିଓ ସମସ୍ତ କାର୍ଯ୍ୟକୁ ସଠିକ ଭାବେ ତଦାରଖ କରୁଥିବା କିଛି ନ୍ୟସ୍ତ ସ୍ୱାର୍ଥ ଗୋଷ୍ଠୀ ତାଙ୍କୁ ବିରୋଧ କରୁଛନ୍ତି। ତାଙ୍କ ବିରୋଧରେ ମିଥ୍ୟା ଅଭିଯୋଗ ମାନ ଆଣୁଛନ୍ତି। ସରପଂଚ ସଂଘ ପକ୍ଷରୁ ମଧୁସ୍ମିତା ବେହେରା, ମୀନତି କର, ବେଣୁଧର ଜେନା,ଜୟନ୍ତୀ ପରିଡା, ଚଂଚଳା ସେଠୀ ପ୍ରମୁଖ ଦାବିପତ୍ର ପ୍ରଦାନ କରିଛନ୍ତି।

## ଓଡ଼ିଶା ରାଜ୍ୟ ବେସରକାରୀ ଅଧ୍ୟାପକ କର୍ମଚାରୀ ସଂଘର ସାମ୍ବାଦିକ ସମ୍ମିଳନୀ




ସୋର, ୧୪।୧୦(ସମିସ): ଓଡ଼ିଶା ରାଜ୍ୟ ବେସରକାରୀ ଅଧ୍ୟାପକ କର୍ମଚାରୀ ସଂଘ ବାଲେଶ୍ୱର ଜିଲ୍ଲାରେ ୨୦୦୮ରୁ ୨୦୧୮ ମସିହା ପର୍ଯ୍ୟନ୍ତ ବେସରକାରୀ ଅନୁଦାନପ୍ରାପ୍ତ ଏବଂ ଅଣ ଅନୁଦାନ ପ୍ରାପ୍ତ ବିଦ୍ୟାଳୟ ତଥା ମହାବିଦ୍ୟାଳୟ ମାନଙ୍କରେ ପରିଚାଳନା କମିଟି ଦ୍ୱାରା ନିଯୁକ୍ତ ଅଧ୍ୟାପକ ଓ କର୍ମଚାରୀମାନଙ୍କୁ ସରକାରୀ ଅନୁଦାନ ପ୍ରଦାନ ନିମନ୍ତେ ବାଲେଶ୍ୱର ଜିଲ୍ଲାସ୍ତରୀୟ ସାମ୍ବାଦିକ ସମ୍ମିଳନୀ ଅନୁଷ୍ଠିତ ହୋଇଛି। ସୂଚନାଯୋଗ୍ୟ ସଂଘର ଏକମାତ୍ର ଦାବି ୨୦୦୮ରୁ ୨୦୧୮ ମସିହା ପର୍ଯ୍ୟନ୍ତ ନିଯୁକ୍ତ ଅଧ୍ୟାପକ କର୍ମଚାରୀ ମାନଙ୍କୁ ସରକାରୀ ଅନୁଦାନ ପ୍ରଦାନ। ଦୁଃଖ ଏବଂ ପରିତାପର ବିଷୟ ଦୀର୍ଘ ୧୭ ବର୍ଷ ଧରି ସ୍ୱଳ୍ପ ଦରମାରେ ସରକାରଙ୍କର ସମସ୍ତ କାର୍ଯ୍ୟ କଳାପରେ ମଧ ସରକାର ଅନୁଦାନ ପ୍ରଦାନ କଲେ ନାହିଁ। ତେଣୁ ଶିକ୍ଷକ ଦାବି ଦିବସ ଅଗଷ୍ଟ ୧୬ ତାରିଖରୁ ଓଡ଼ିଶାର ସମସ୍ତ ବିଦ୍ୟାଳୟ ତଥା ମହାବିଦ୍ୟାଳୟ ମାନଙ୍କରେ କାର୍ଯ୍ୟବନ୍ଦ ଆନ୍ଦୋଳନ ସହ ମହାବିଦ୍ୟାଳୟ ଫାଟକ ସମ୍ମୁଖରେ ଧାରଣା ଦିଆଯାଇ ପୁନର୍ବାର ସେପ୍ଟେମ୍ବର ୧୮ ତାରିଖରେ ଗାନ୍ଧୀ ମାର୍ଗରେ ମହାସମାବେଶ କରାଯାଇଥିଲା ମାତ୍ର ସରକାର ସଂଘ ସହିତ କୌଣସି ଆଲୋଚନା ନ କରିବାରୁ ୧୯ ତାରିଖରୁ ସଂଘର ସଭାପତି ବିଶ୍ୱରଂଜନ ଦାସ ଆମରଣ ଅନଶନରେ ବସିଥିଲେ। ୨୦ ତାରିଖ ସଂଧ୍ୟାରେ ମୁଖ୍ୟମନ୍ତ୍ରୀଙ୍କ ପ୍ରତ୍ୟକ୍ଷ ହସ୍ତକ୍ଷେପ ଏବଂ ତାଙ୍କର ପ୍ରତିନିଧି ଭୁବନେଶ୍ୱର ଏକାମ୍ର ବିଧାୟକ ବାବୁ ସିଂ, ପିପିଲି ବିଧାୟକ ଆଶ୍ରିତ ପଟ୍ଟନାୟକ ଏବଂ ଉଚ୍ଚ ଶିକ୍ଷା ବିଭାଗର ନିର୍ଦ୍ଦେଶକଙ୍କ ସହ ସଂଘର ଆଲୋଚନା ହୋଇ ଆସନ୍ତା ଅକ୍ଟୋବର ୧୦ ରୁ ୨୦ ମଧ୍ୟରେ ଉଚ୍ଚଶିକ୍ଷା ମନ୍ତ୍ରୀଙ୍କ ଅଧ୍ୟକ୍ଷତାରେ ସଂଘ ସହ ଆଲୋଚନା ହୋଇ ନିଷ୍ପତ୍ତି ନିଆଯିବ ବୋଲି ସରକାର ଲିଖିତ ପ୍ରତିଶୃତି ରଖିଥିଲେ। ମାତ୍ର ଦୁଃଖ ଏବଂ ପରିତାପର ବିଷୟ ଏହିକି ଯେ ସମୟ ଆଜି ଅକ୍ଟୋବର ୧୪ ତାରିଖରେ ପହଞ୍ଚିଲାଣି କିନ୍ତୁ ଏପର୍ଯ୍ୟନ୍ତ ସରକାରଙ୍କ ତରଫରୁ ସଙ୍ଘକୁ କୌଣସି ଡାକରା ଆସିଲା ନାହିଁ। ଆଶା ରହିଛି ସରକାର ୨୦ ତାରିଖ ମଧ୍ୟରେ ସଂଘ ସହିତ ଆଲୋଚନା କରି ଅନୁଦାନ ନେଇ ଚୂଡାନ୍ତ ନିଷ୍ପତି ଗ୍ରହଣ କରିବେ। ଯଦି ସରକାର କାଳକ୍ଷେପଣ ନୀତି ଅବଲମ୍ବନ କରନ୍ତି ତେବେ ସଂଘ ପୁଣିଥରେ ଆନ୍ଦୋଳନ ପାଇଁ ରାଜରାସ୍ତାକୁ ଓହ୍ଲାଇବ। ଏଥିପାଇଁ ଯାହାବି ଅଶୋଭନୀୟ ପରିସ୍ଥିତି ସୃଷ୍ଟି ହେବ ସେଥିପାଇଁ ରାଜ୍ୟ ସରକାର ଦାୟୀ ରହିବେ। ଆଜିର ସାମ୍ବାଦିକ ସମ୍ମିଳନୀ ରେ ବାଲେଶ୍ୱର ଜିଲ୍ଲାର ଜିଲ୍ଲା ସଂଯୋଜକ ତାପସ କୁମାର ପାତ୍ର, ସୁବାସ ଚନ୍ଦ୍ର ରାଉତଙ୍କ ସହିତ ବାଲେଶ୍ୱର ଜିଲ୍ଲାର ସମସ୍ତ ୧୨ ଟି ଖଣ୍ଡର ଖଣ୍ଡ ସଂଯୋଜକ, କଲେଜ ସଂଯୋଜକ ତଥା ଶତାଧିକ ଅଧ୍ୟାପକ, ଅଧ୍ୟାପିକା ଏବଂ କର୍ମଚାରୀ ଉପସ୍ଥିତ ଥିଲେ।

## କୀର୍ତ୍ତନିଆରେ ପ୍ରଧାନମନ୍ତ୍ରୀ ଧନଧାନ୍ୟ କୃଷି ଯୋଜନା କାର୍ଯ୍ୟକ୍ରମ

ଚନ୍ଦନେଶ୍ୱର, ୧୪।୧୦ (ସମିସ) : ଭୋଗରାଇର ନାରାୟଣ ମହାନ୍ତି ପଡ଼ିଆ ପଂଚାୟତ ଅଧୀନ କୀର୍ତ୍ତନିଆରେ ବହୁମୁଖୀ ବାତ୍ୟା ଆଶ୍ରୟସ୍ଥଳୀରେ ପ୍ରଧାନମନ୍ତ୍ରୀ ଧନ୍ଧାନ୍ୟ କୃଷି ଯୋଜନା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏହି ଅବସରରେ ଡାଲି ଜାତୀୟ ଫସଲର ଆତ୍ମନିର୍ଭରତା ମିଶନ ପ୍ରଧାନମନ୍ତ୍ରୀ କୃଷି ଯୋଜନାର ସିଧା ପ୍ରସାରଣକୁ ୩ଶହରୁ ଉର୍ଦ୍ଧ୍ୱ ଚାଷୀ ଦେଖିଥିଲେ। ପ୍ରାଣୀ ପାଳନ, ମତ୍ସ୍ୟ ଚାଷ, ଖାଦ୍ୟ ପ୍ରକ୍ରିୟା କରଣ, ଅନୁଦାତାଙ୍କ ସମ୍ମାନ ଭଳି ୧୧୦୦ ପ୍ରକଳ୍ପକୁ ପ୍ରଧାନମନ୍ତ୍ରୀ ଆଭାଷୀ ମାଧମରେ ଶିଳାନ୍ୟାସ ମଧ କରିଥିଲେ। ଏ ନେଇ ଆୟୋଜିତ ସଭାକୁ ଜିଲ୍ଲା କୃଷି ବିଜ୍ଞାନ କେନ୍ଦ୍ରର ମୁଖ୍ୟ ଏବଂ ବରିଷ୍ଠ ବୈଜ୍ଞାନିକ ସ୍ୱାଗତିକା ସାହୁ ପୌରୋହିତ୍ୟ କରିବା ସହିତ ପ୍ରାକୃତିକ କୃଷିକୁ ଆପଣେଇବାକୁ ଆହ୍ୱାନ ଦେଇଥିଲେ। ଏଥିରେ ଭୋଗରାଇର ଜିଲ୍ଲା କୃଷି ଅଧିକାରୀ ଭୀମସେନ ସିଂ, ଭୋଗରାଇ ବ୍ଲକ କୃଷି ଅଧିକାରୀ ରଘୁନାଥ ଦାସ, ଉଦ୍ୟାନବିତ ସୌମ୍ୟା ରଥ, ଅତିରିକ୍ତ ପ୍ରାଣୀ ଚିକିତ୍ସା ଅଧିକାରୀ ଡ.ଜଗଦିଶ ବାରିକ, ଅତିରିକ୍ତ ମତ୍ସ୍ୟ ସମ୍ପଦ ଅଧିକାରୀ ନିରଞ୍ଜନ ମଣ୍ଡଳ ପ୍ରମୁଖ ଯୋଗଦେଇ ନିଜ ନିଜ ବିଭାଗର ସରକାରୀ ଯୋଜନା ସମ୍ପର୍କରେ ଚାଷୀ ମାନଙ୍କୁ ଅବଗତ କରାଇ ଥିଲେ। ବୈଜ୍ଞାନିକ ଡାକ୍ତର ଅମିତା ପାତ୍ର, ଡ. ପ୍ରଭାମଞ୍ଜରି ଗିରି, କୃଷି ଯନ୍ତ୍ରୀ ଇଂ ଅମିତ ଜ୍ୟୋତି ମାଝି ପ୍ରମୁଖ ମାଟି ପରୀକ୍ଷା, ଖାଦ୍ୟ ପ୍ରକ୍ରିୟା କରଣ, କୃଷି ବିବିଧକରଣ, ଯାନ୍ତ୍ରୀ କରଣ, ଜଳବାୟୁଅନୁକୂଳ କୃଷି ଆଦି ଉପରେ ବୈଷୟିକ ଜ୍ଞାନ କୌଶଳ ପ୍ରଦାନ କରିଥିଲେ। ଏବେ ଧାନଚାଷରେ ଦେଖା ଦେଇଥିବା ସମସ୍ୟାକୁ ବିହନ ବିଜ୍ଞାନର କାର୍ଯ୍ୟକ୍ରମ ସହାୟକ ନୀରୋଜ କୁମାର ଜେନା ସମାଧାନ କରିଥିଲେ। ସ୍ଥାନୀୟ ସରପଞ୍ଚ ରାଧାରାଣୀ ବେହେରା, ସମିତି ସଦସ୍ୟ ବିଶ୍ୱନାଥ ଗିରି କାର୍ଯ୍ୟକ୍ରମର ଅତିଥି ଭାବେ ଯୋଗଦେଇ ନିଜ ଅଞ୍ଚଳର ଚାଷୀମାନଙ୍କୁ ସରକାରୀ ସହାୟତା, ବୈଷୟିକ ଜ୍ଞାନ କୌଶଳ ଉପଯୋଗ କରିବାକୁ ପରାମର୍ଶ ଦେଇଥିଲେ। ପୂର୍ବତନ ସରପଞ୍ଚ ପ୍ରଦୀପ ବେହେରା, ଅବସରପ୍ରାପ୍ତ ପ୍ରଧାନ ଶିକ୍ଷକ ରବୀନ୍ଦ୍ର ନାଥ ପରିଡାଙ୍କ ସମେତ ବହୁ ମାନ୍ୟଗଣ୍ୟ ବ୍ୟକ୍ତି ଉପସ୍ଥିତ ଥିଲେ। ଶେଷରେ ଆଗୁଆ ଚାଷୀ ଭୂବନ ଚନ୍ଦ୍ର ପ୍ରମାଣିକ ଧନ୍ୟବାଦ ଦେଇଥିଲେ। କୃଷି ବିଜ୍ଞାନ କେନ୍ଦ୍ରର କ୍ଷେତ୍ର ପରିଚାଳକ ଲକ୍ଷ୍ମୀକାନ୍ତ ମୁର୍ମୁ, ରଘୁନାଥ ସୋରେନ, ପ୍ରଭାତ ସ୍ୱାଇଁ, ରାଜେଶ ବେହେରା ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ।

## ପ୍ରଶାସନ ପକ୍ଷରୁ ଜବରଦଖଲ ଉଚ୍ଛେଦ

ସୋର, ୧୪।୧୦(ସମିସ): ଜିଲ୍ଲା ପ୍ରଶାସନର ନିର୍ଦ୍ଦେଶ ଅନୁସାରେ ସୋର ମାଣିପୁର ରାସ୍ତାରେ ଦୀର୍ଘଦିନ ଧରି ହୋଇଥିବା ଜବରଦଖଲକୁ ସୋର ତହସିଲ ପକ୍ଷରୁ ଉଚ୍ଛେଦ କରାଯାଇଛି। ସୋର ମାଟିଆପଲା ଛକ ନିକଟରେ ସରକାରୀ ଜାଗାରେ ହୋଇଥିବା ଜବରଦଖଲ କାରଣରୁ ରାସ୍ତା ସମ୍ପ୍ରସାରଣ କାର୍ଯ୍ୟରେ ବାଧା ଉପୁଜିଥିଲା। ଏ ନେଇ ଅଭିଯୋଗ ହେବା ପରେ ଆଜି ସୋର ତହସିଲଦାର ଦୈତାରୀ ମଲ୍ଲିକ ଓ ଅତିରିକ୍ତ ତହସିଲଦାର କୃଷ୍ଣମୋହନ ସିଂହ ସୋର ପୁଲିସ ସହଯୋଗରେ ଛକରେ ଥିବା ୪ଟି ଘର ଓ ୮ଟି ଦୋକାନକୁ ଭାଙ୍ଗିବା ସହିତ ଜବରଦଖଲ ଉଚ୍ଛେଦ କରିଥିଲେ। ସେହିପରି ଆଡିଆ ଛକ ନିକଟରେ ରାସ୍ତା ପାଶ୍ୱର୍ରେ ହୋଇଥିବା ୨ଶହ ମିଟର ବାଉଁଶ ବାଡକୁ ଉଚ୍ଛେଦ କରାଯିବା ସହିତ ୨ଟି ଦୋକାନ ଗୃହ ମଧ ଭଙ୍ଗାଯାଇଥିବା ଜଣାପଡିଛି। ଉଚ୍ଛେଦ ସମୟରେ ସ୍ଥାନୀୟ ଲୋକେ ସହଯୋଗ କରିଥିଲେ।

● ଚେସ୍ ପ୍ରତିଯୋଗିତା

## ରାଣୀପାଟଣା ଦୃଷ୍ଟିହୀନ ବିଦ୍ୟାଳୟ ଛାତ୍ରଛାତ୍ରୀ ମନୋନୀତ



ବାଲେଶ୍ୱର,୧୪।୧୦(ସମିସ): ଏଆଇସିଏଫବି ଦ୍ୱାରା ଆୟୋଜିତ ଜାତୀୟ ସ୍ତରୀୟ ଦୃଷ୍ଟିବାଧିତ ଚେସ୍ ପ୍ରତିଯୋଗିତାରେ ଖେଳିବା ପାଇଁ ରାଣୀପାଟଣାସ୍ଥିତ ଦୃଷ୍ଟିହୀନ ନିମନ୍ତେ ବିଦ୍ୟାଳୟର ଛାତ୍ରଛାତ୍ରୀ ମନୋନୀତ ହୋଇଛନ୍ତି। ସେମାନେ ହେଲେ ଛାତ୍ର ମୋହନ ଟୁଡୁ, ଅଶ୍ୱିନୀ ନାୟକ, ବାପୁନି ଜେନା, ଚନ୍ଦନ ସୋରେନ ଛାତ୍ରୀ ଇତିକ୍ରୀଷ୍ଟା ଭଞ୍ଜ, ମନିଷା ଟୁଡୁ, ମେଘନା ସିଂଙ୍କୁ ବାଲେଶ୍ୱର ଜିଲ୍ଲାପାଳ ସୂର୍ଯ୍ୟବଂଶୀ ମୟୂର ନିଜ କାର୍ଯ୍ୟାଳୟରେ ପୁଷ୍ପଗୁଚ୍ଛ ପ୍ରଦାନ କରି ସେମାନଙ୍କର ସଫଳ ଗସ୍ତର ଶୁଭକାମନା କରିବା ସହ ସଫଳତା ପାଇଁ ଶୁଭକାମନା ଜଣାଇଥିଲେ। ଉକ୍ତ ସମୟର ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରିଣୀ ପ୍ରତିଭା ବେହେରା, ବିଦ୍ୟାଳୟର ନିର୍ଦ୍ଦେଶକ ଦିବାକର ସ ଓ କ୍ରୀଡ଼ା ଶିକ୍ଷକ ପ୍ୟାରୀମୋହନ ଭୂୟାଁ ଓ ଶିକ୍ଷକ ସୁନିଲ କୁମାର ବିଶ୍ୱାଳ ଉପସ୍ଥିତ ଥିଲେ।

## ବଙ୍ଗୀୟ ପର୍ଯ୍ୟଟକଙ୍କୁ ଆକ୍ରମଣ, ଥାନାରେ ମାମଲା

ଜଳେଶ୍ୱର, ୧୪।୧୦(ସମିସ): ୫୭ରାଜ୍ୟ ରାଜପଥର ସମ୍ପତିଆ ପଂଚାୟତ ଅନ୍ତର୍ଗତ ବାଗପୁଞ୍ଜିଛକଠାରେ ଚାରିଜଣ ପଶ୍ଚିମବଂଗର ପର୍ଯ୍ୟଟକଙ୍କୁ ସଂଘବଦ୍ଧ ଆକ୍ରମଣ କରି ଅସଦାଚରଣ ପରେ ଲୁଟ କରିଥିବା ଜଳେଶ୍ୱର ଥାନାରେ ଅଭିଯୋଗ ହୋଇଛି। ପଶ୍ଚିମବଂଗର ପଶ୍ଚିମମେଦିନୀପୁର ଜିଲାର ଟାଉନ୍‌ଥାନା ଅଧିନ ସ୍ୱର୍ଗତ ରାଜକୁମାର ଶର୍ମାଙ୍କ ସ୍ତ୍ରୀ ପିଙ୍କି ଶର୍ମା ତାଙ୍କର ଝିଅ ହର୍ସିତା ଓ ଦୁଇ ଭଣଜା ମୁକୁନ୍ଦ, ମୋହନଙ୍କୁ ଧରି ଦୁଇଟି ସ୍କୁଟରରେ ଦୀଘା ଅଭିମୁଖେ ଗତ ୧୨ତାରିଖ ଦିନ ଯାଇଥିଲେ। ଯିବା ସମୟରେ ରାଜ୍ୟ ରାଜପଥ ୫୭ର ବାଗଫୁଂଜିଠାରେ ସେମାନଙ୍କ ଗାଡି ଖରାପ ହେବାରୁ ଏକ ଗ୍ୟାରେଜରେ ମରାମତି କରିଥିଲେ। ୮ କି.ମି ଗଲାପରେ ପୁଣି ସମାନ ଖରାପ ହେବାରୁ ପୁଣି ମରାମତି କରି ଦିଘା ଯାଇଥିଲେ। ଦିଘାରୁ ଫେରିବା ବେଳେ ଉକ୍ତ ଗ୍ୟାରେଜ ମାଲିକଙ୍କୁ ସେ ସଂପର୍କରେ ପଚାରିବାରୁ ଗ୍ୟାରେଜ ମାଲିକ ସ୍ଥାନୀୟ ସରପଂଚଙ୍କ ସହିତ ୩୦ରୁ ଉର୍ଦ୍ଧ୍ୱ ଯୁବକକୁ ଡାକିଥିଲେ। ସରପଂଚଙ୍କ ସମ୍ମୁଖରେ ଯୁବକମାନେ ସଂଘବଦ୍ଧଭାବେ ଉକ୍ତ ୪ଜଣ ପର୍ଯ୍ୟଟକଙ୍କୁ ଠେଙ୍ଗାରେ ଆକ୍ରମଣ କରି ଲହୁଲୁହାଣ କରିବା ସହିତ ସେମାନଙ୍କ ପିନ୍ଧା ଲୁଗା ଛିଡାଇ ଅର୍ଦ୍ଧ ଉଲଗ୍ନ କରିଦେଇଥିଲେ। ସେମାନଙ୍କର ୧ଟି ସୁନାଚେନ୍ ଛଡାଇନେବା ସହିତ ସେମାନଙ୍କ ଠାରୁ ୬୫୦୦ ଟଙ୍କା ଲୁଟିନେଇଥିବା ଥାନାରେ ଅଭିଯୋଗ ହୋଇଛି। ଖବର ପାଇ ନାମ୍ପୋ ଫାଣ୍ଡିର ପୁଲିସ୍ ଘଟଣାସ୍ଥଳରେ ପହଂଚି ସେମାନଙ୍କୁ ଜିକେଭଟ୍ଟର ହସପିଟାଲରେ ଚିକିତ୍ସିତ କରାଇଥିଲେ। ପର୍ଯ୍ୟଟକମାନଙ୍କୁ ନ୍ୟାୟ ଦେବାଲାଗି ପିଙ୍କି ଶର୍ମା ଜଳେଶ୍ୱର ଥାନାର ଦ୍ୱାରସ୍ଥ ହୋଇଛନ୍ତି। ଘଟଣାଟି ସ୍ଥାନୀୟ ଅଂଚଳରେ ଆଲୋଚ୍ୟର ବିଷୟ ହୋଇଛି।

## ମଦ ଜବତ, ୩ ଗିରଫ

ଭୋଗରାଇ,୧୪।୧୦(ସମିସ): ଭୋଗରାଇ ଅବକାରୀ ଥାନା ପକ୍ଷରୁ ଭୋଗରାଇର ବିଭିନ୍ନ ସ୍ଥାନରେ ଚଢଉ କରାଯାଇ ୩୬ ଲିଟର ବିଦେଶୀ ମଦ ସହିତ ୩ ଜଣ ଚୋରା ମଦ ବେପାରୀଙ୍କୁ ଗିରଫ କରିଛି। ଭୋଗରାଇ ବ୍ଲକ ରଣସିଂହପୁର ଗ୍ରାମର ଗଣେଶ ଚନ୍ଦ୍ର ଦେହୁରୀଙ୍କଠାରୁ ୨୨ ଲିଟର, ନାଫରାଇ ଗ୍ରାମର ମନ୍ମଥ ଘଡ଼ାଇ ପାଖରୁ ୩,୫୦୦ ଲିଟର ଓ ବାରବାଟିଆ ଗ୍ରାମର ଉଦୟ ହରି ପାତ୍ର ପାଖରୁ ୧୦,୮୦୦ମଦ ଜବତ କରିଛି ଅବକାରୀ ବିଭାଗ। ଏ ନେଇ ଭୋଗରାଇ ଅବକାରୀ ଥାନାରେ ମାମଲା ରୁଜୁ ହୋଇଛି। ଏହି ଚଢ଼ଉରେ ଭୋଗରାଇ ଅବକାରୀ ଥାନା ଓଆଇସି ସୁନୀଲ ମାଝୀ, ଏଏସଆଇ ଦିଲ୍ଲୀପ ତ୍ରିପାଠୀ, କନଷ୍ଟେବଳ ବ୍ରହ୍ମଜିତ ଦାସଙ୍କ ସହିତ ଅନ୍ୟମାନେ ସାମିଲ ଥିଲେ।

## ସୋର ଫିଡର ଆଞ୍ଚଳିକ ସାଧନ କେନ୍ଦ୍ରର ସୁରଭି କାର୍ଯ୍ୟକ୍ରମ

ସୋର, ୧୪।୧୦(ସମିସ): ସୋର ରାଧାନାଥ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ପରିସରରେ ସୋର ଫିଡର୍ ଆଞ୍ଚଳିକ ସାଧନ କେନ୍ଦ୍ରର ସୁରଭି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଉକ୍ତ କାର୍ଯ୍ୟକ୍ରମକୁ ସହଗୋଷ୍ଠୀ ଶିକ୍ଷାଧିକାରୀ ସୋମନାଥ ଦାସ ଉଦଘାଟନ କରିଥିଲେ। ଆଞ୍ଚଳିକ ସାଧନ କେନ୍ଦ୍ର ସଂଯୋଜକ ରବି ନାରୟଣ ଦାସଙ୍କ ଅଧ୍ୟକ୍ଷତାରେ ଅତିଥି ଭାବେ ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ଦାମୋଦର ଦାଶ ମହାପାତ୍ର ଯୋଗ ଦେଇ ସରକାରଙ୍କର ସୁରଭି କାର୍ଯ୍ୟକ୍ରମ ମାଧ୍ୟମରେ କୁନିକୁନି ପିଲାମାନଙ୍କର ଲୁକ୍କାୟିତ ପ୍ରତିଭାକୁ ପ୍ରସ୍ଫୁଟିତ କରିବାର ପ୍ରୟାସକୁ ଭୂୟସୀ ପ୍ରଶଂସା କରିଥିଲେ। ଅନ୍ୟତମ ଅତିଥି ସ୍ଥାନୀୟ ବିଦ୍ୟାଳୟର ପ୍ରଧାନଶିକ୍ଷକ ଶେଖ୍ ଶାହାଦତ୍ ଅଲ୍ଲୀ ପିଲାମାନଙ୍କୁ ଉତ୍ସାହିତ କରିଥିଲେ। ବିଭିନ୍ନ ବିଭାଗରେ ମୋଟ ୨୨୮ ଜଣ ପ୍ରତିଯୋଗୀ ଅଂଶ ଗ୍ରହଣ କରି ନିଜ ନିଜର ଦକ୍ଷତା ପ୍ରତିପାଦନ କରିଥିଲେ। ଉଦଯାପନୀ ଉତ୍ସବରେ ଅତିଥିରୂପେ ପ୍ରଧାନଶିକ୍ଷକ ପ୍ରତାପ ଚନ୍ଦ୍ର ଦାସ, ଶେଖ୍ ଶାହାଦତ୍ ଅଲ୍ଲୀ, ପ୍ରଧାନଶିକ୍ଷୟିତ୍ରୀ ସରୋଜିନୀ ପତି ଯୋଗଦେଇ କୃତୀ ପ୍ରତିଯୋଗୀଙ୍କୁ ପ୍ରମାଣପତ୍ର ଓ ପୁରସ୍କାର ବିତରଣ କରିଥିଲେ। କାର୍ଯ୍ୟକ୍ରମକୁ ଶେଖ୍ ଇମତିୟାଜ୍ ମହମ୍ମଦ, ପ୍ରଦୀପ କୁମାର ବିଶ୍ୱାଳ, ବିମଳ କୁମାର ମହାରଣା, ମଧୁସୂଦନ ରାଉତ, ଚନ୍ଦ୍ରିକା ପୋଥାଳ, ରଞ୍ଜିତା ପଣ୍ଡା, ସଞ୍ଜିତା ପଣ୍ଡା, ଅଙ୍ଗୁରବାଳା ମହାପାତ୍ର, ସଞ୍ଜିତା ମୁଦୁଲି, ସୁକାନ୍ତି ବାରିକ ପ୍ରମୁଖ ଶିକ୍ଷକ ଶିକ୍ଷୟିତ୍ରୀ ପରିଚାଳନା କରିଥିଲେ।

### ଆସୁଛି ଆଲୋକର ପର୍ବ ଦୀପାବଳି

## କମୁଛି ମାଟି ଦୀପର ଆଦର



ବାଲେଶ୍ୱର(ଉତ୍ତର),୧୪।୧୦ (ସମିସ)

ଆସୁଛି ଆଲୋକର ପର୍ବ ଦୀପାବଳି। ଅତ୍ୟାଧୁନିକ ବୈଦ୍ୟୁତିକ ରଙ୍ଗ ବେରଙ୍ଗ ଆଲୋକ ମାଳାରେ ଗାଁଠୁ ସହର ଝଲସି ଉଠିଲାଣି। ମାତ୍ର ପୂର୍ବପରି କମିଛି ମାଟି ଦୀପର ଆଦର କମିଥିଲେ ବି ବର୍ଷକରେ ଏହି ଦିନ ଆସିଲେ କୁମ୍ଭକାର ପରିବାରଙ୍କ ଆଖିରେ ନିଦ ହଜିଯାଏ। ଆଧୁନିକ ଯୁଗ ସହ ତାଳଦେଇ ପ୍ରତିକୂଳ ପରିସ୍ଥିତିରେ ବି ମାଟିଦୀପ ସହ ଅନ୍ୟାନ୍ୟ ମାଟି ସାମଗ୍ରୀ ପ୍ରସ୍ତୁତିରେ ଲାଗିପଡ଼ିଛନ୍ତି କୁମ୍ଭକାର ପରିବାର। କୌଳିକ ବୃତ୍ତି ବଞ୍ଚାଇବାକୁ ଯାଇ କାମ କରୁଛନ୍ତି ସିନା ହେଲେ ପରିବାରର ଆର୍ଥିକ ସ୍ଥିତି ସୁଧୁରୁ ପାରୁନି। ସରକାରୀ ପ୍ରୋତ୍ସାହନ ଅଭାବରୁ ଏହି ହସ୍ତକଳା ଧିରେ ଧିରେ ଲୋପ ପାଇ ଯିବାର ସମ୍ଭାବନା ସୃଷ୍ଟି ହୋଇଛି।

ବାଲେଶ୍ୱର ଜିଲ୍ଲା ଭୋଗରାଇ ବ୍ଲକର ୧୫ ପ୍ରତିଶତ ଲୋକ ହେଉଛନ୍ତି କୁମ୍ଭାକାର ପରିବାରର। ଏପରିକି ଏହି ବ୍ଲକର ନାଫରାଇ, କୁମ୍ଭାରମୂଳି, ଦେଉଳା, ସରବଣୀ, ତେଘରି, କୁମ୍ଭାରମୂଳି ଓ ବାଗରୁଖି ଗ୍ରାମରେ ବହୁଳ ଭାବେ କୁମ୍ଭକାର ପରିବାର ବାସ କରନ୍ତି। ଆଧୁନିକ ଯୁଗରେ ପ୍ଲାଷ୍ଟିକ, ଷ୍ଟିଲ ଓ ଆଲୁମିନିୟମର ଚାହିଦା ବଢୁଥିବା ବେଳେ ମାଟି ସାମଗ୍ରୀର ଆଦର କମିକମି ଯାଉଛି। ଦିନ ଥିଲା ଭୋଗରାଇର ମାଟି ତିଆରି ଦୀପ, ହାଣ୍ଡି, ସରା ଓ ମାଟି କଣ୍ଢେଇ ସମଗ୍ର ଓଡ଼ିଶାରେ ଏକ ସ୍ୱତନ୍ତ୍ର ସ୍ଥାନ ଅଧିକାର କରିଥିଲା। ଓଡ଼ିଶାର ଅନ୍ୟ ସ୍ଥାନର ହାଣ୍ଡି ସବୁ ଟିକିଏ ଖଦଡ଼ ଓ ନାଲିରଙ୍ଗର ହେଉଥିଲା ବେଳେ ଭୋଗରାଇର ଚିକ୍କଣ ଓ ଗାଢ କଳାରଙ୍ଗର ହୋଇଥାଏ। ଏଠାକାର ମାଟି ଚିକ୍କଣ ହୋଇଥିବାରୁ ଟେରାକୋଟା କଣ୍ଢେଇ ଗୁଡ଼ିକ ମସୃଣ ହୋଇଥାଏ। ବିଶେଷ କରି ଦୁର୍ଗାପୂଜା ଓ କାଳୀପୂଜା ଅବସରରେ ଚନ୍ଦନେଶ୍ୱର ଦେହୁର୍ଦ୍ଧା ରାୟ ମହାଶୟଗଡ଼, ନୂଆଗାଁ ବଟବେଲ , ଦକ୍ଷିଣସରିଷା, ଲକ୍ଷ୍ମୀନାରୟଣ ମନ୍ଦିର, ଶଙ୍ଖାରୀ ଦୁର୍ଗାଦେବୀ ହାଟ ଓ କଖଡା ଆଦି ସ୍ଥାନ ମାନଙ୍କରେ ହାଣ୍ଡି ମାଠିଆର ସ୍ୱତନ୍ତ୍ର ଆସର ଜମୁଥିଲା। ବର୍ଷକର ଆବଶ୍ୟକ ହେଉଥିବା ମାଟି ସଜ ଗୁଡ଼ିକ କିଣିବାକୁ ପୁରୁଷ ଓ ସ୍ତ୍ରୀ ଲୋକଙ୍କ ଲମ୍ବା ଧାଡ଼ି ଦେଖିବାକୁ ମିଳୁଥିଲା। ମାତ୍ର ତାହା ଆଜି ଖୁବ କମ ଦେଖିବା ପାଇଁ ମିଳୁଛି। ମାଟିରେ ତିଆରି ଦୀପ, କଳସ, ହାଣ୍ଡି, ସରା, ତେଲାଣି, ସୁରେ, ଫୁଲଦାନୀ, ଘୋଡ଼ା ଓ ହାତୀ ଭଳି ନାନା ସାମଗ୍ରୀ ଗଢ଼ି କୁମ୍ଭକାର ପରିବାର ବିଭିନ୍ନ ସ୍ଥାନରେ ପସରା ମେଲାଉଥିଲେ। ଏବେ କିନ୍ତୁ ପ୍ଲାଷ୍ଟିକର ଅଧିକ ବହୁଳ ବ୍ୟବହାର ହେବା ଯୋଗୁ ଏହାର ଚାହିଦା କମିଛି। ଅନ୍ୟ ପକ୍ଷରେ ସରକାରୀ ପ୍ରୋତ୍ସାହନ ମିଳୁ ନ ଥିବାରୁ କାରିଗର ମାନଙ୍କ ଅବସ୍ଥା ଦିନକୁ ଦିନ ବିଗିଡ଼ି ଯାଉଛି। କ୍ଷତି ହେଲେ ବି ପୁରୁଷ ପୁରୁଷ ଧରି ଚାଲିଆସିଥିବା ଏହି କୌଳିକ ବୃତ୍ତିକୁ ଛାଡ଼ି ପାରୁ ନାହାନ୍ତି କୁମ୍ଭକାର ପରିବାର। ପରିଶ୍ରମ ତୁଳନାରେ ରୋଜଗାର ହେଉ ନ ଥିବାରୁ ପରବର୍ତ୍ତୀ ପିଢ଼ି ଏ ଦିଗରେ ବିମୁଖ ହେଉଥିବା କହିଛନ୍ତି କୁମ୍ଭକାର ପରିବାର। ଏହା ସହ ଆଧୁନିକ ଯୁଗରେ ପର୍ବ ପର୍ବାଣୀରେ ମାଟି ଜିନିଷ ଅପେକ୍ଷା ଧାତୁ ଓ ରାସାୟନିକ ସାମଗ୍ରୀ ଅଧିକ ମାତ୍ରାରେ ବ୍ୟବହାର କରାଯାଉଛି। ଯାହା ଫଳରେ ମାଟି ତିଆରି ଜିନିଷର ଆଦର ଆସ୍ତେ ଆସ୍ତେ କମି ଯାଉଛି। ସେପଟେ ଦୋକାନରେ ମଧ ଗ୍ରାହକ ମାନେ ଆଗ ଅପେକ୍ଷା ମାଟି ତିଆରି ଦୀପ କମ କିଣୁଥିବା କଥା ବ୍ୟବସାୟୀ ମାନେ କହିଛନ୍ତି। ତେବେ ସରକାର ଯଦି ଓଡ଼ିଶାର ଏହି ହସ୍ତକଳା କୁ ବଞ୍ଚାଇ ବାକୁ କୁମ୍ଭାକାରମାନଙ୍କୁ ପ୍ରୋତ୍ସାହନ ଯୋଗାଇବା ସହ ମାଟି ତିଆରି ସାମଗ୍ରୀର ବିକ୍ରି ବଟାର ସୁବିଧା ଯୋଗାଇଦେବେ ତେବେ ପୁଣି ଏହି କାରିଗର ମାନେ ସ୍ୱାବଲମ୍ବୀ ହୋଇପାରିବେ ବୋଲି ବୁଦ୍ଧିଜୀବୀ ମତ ପ୍ରକାଶ କରିଛନ୍ତି।

ଶ୍ରୀମନ୍ଦିର ସୁରକ୍ଷାକୁ ନେଇ ମାନସ ମନ୍ଥନ

# ବଢ଼ିବ ବଡ଼ଦେଉଳର ସୁରକ୍ଷା

ପୁରୀ, ୧୪।୧୦ (ସମିସ): ଶ୍ରୀମନ୍ଦିର ସୁରକ୍ଷା ବ୍ୟବସ୍ଥାକୁ ନେଇ ଅନେକ ସମୟରେ ପ୍ରଶ୍ନ ଉଠିଛି। ସୁରକ୍ଷାବଳୟକୁ ଭେଦ କରି କେତେବେଳେ ସ୍ପାଏ କ୍ୟାମେରା, ମୋବାଇଲ୍ ଭିତରକୁ ନିଆଯାଉଛି ତ ପୁଣି କେତେବେଳେ ମନ୍ଦିର ଉପରେ ଚକ୍କର କାଟୁଛି ଡ୍ରୋନ୍। ଭିତରର ବହୁ ସମ୍ବେଦନଶୀଳ ସ୍ଥାନର ଫଟୋ, ଭିଡିଓ ମଧ୍ୟ ସାମାଜିକ ଗଣମାଧ୍ୟମରେ ଭାଇରାଲ ହେଉଛି। ଏପରିକି, ଭିତରୁ ଭିଡିଓ କଲ୍ କରାଯାଉଛି। ଅନେକଥର ମନ୍ଦିର ପରିସରରେ ବିଭିନ୍ନ ସ୍ଥାନରୁ ଚୋରି ହେବାର ଦୃଷ୍ଟାନ୍ତ ବି ରହିଛି। ତେଣୁ, କିପରି ଶ୍ରୀମନ୍ଦିର ସୁରକ୍ଷା ବ୍ୟବସ୍ଥାକୁ ଆହୁରି ସୁଦୃଢ଼ କରାଯିବ, ସେନେଇ ମଙ୍ଗଳବାର ସୁରକ୍ଷା ସବ୍-କମିଟି ବୈଠକରେ ମାନସମନ୍ଥନ କରାଯାଇଛି।

ଶ୍ରୀମନ୍ଦିର ସୁରକ୍ଷା ସବ୍-କମିଟି ଅଧ୍ୟକ୍ଷ ଗିରୀଶ ଚନ୍ଦ୍ର ମୁର୍ମୁଙ୍କ ଅଧ୍ୟକ୍ଷତାରେ ନୀଳାଦ୍ରି ଭକ୍ତନିବାସରେ ଅନୁଷ୍ଠିତ ଏହି ବୈଠକରେ ସୁରକ୍ଷା ସମ୍ପର୍କିତ ଅନେକ ଆଲୋଚନା ଏବଂ ନିଷ୍ପତ୍ତି ବି ହୋଇଛି। ଏଥର ଅତ୍ୟାଧୁନିକ ସୁରକ୍ଷାବଳୟରେ ରହିବ ଶ୍ରୀମନ୍ଦିର। ଶ୍ରୀମନ୍ଦିର ଭିତରେ ଓ ବାହାରେ ସ୍ୱତନ୍ତ୍ର ସୁରକ୍ଷା ବ୍ୟବସ୍ଥା ଗ୍ରହଣ କରାଯିବ। ଅଧିକ ସଂଖ୍ୟକ ସୁରକ୍ଷା କର୍ମୀ ମୁତୟନ ରହିବେ। ବିଶେଷକରି ନୋ-ଫ୍ଲାଇଂ ଜୋନ୍, ସର୍ଭିଲାନ୍ସ ସିକ୍ୟୁରିଟି, ଶ୍ରୀମନ୍ଦିର ଭିତରେ ଫୋନ୍ ବ୍ୟବହାର ଉପରେ ବିଶେଷ ଆଲୋଚନା କରାଯାଇଛି। ଆଗକୁ ୱାକିଟକି ବ୍ୟବସ୍ଥା ହେବ। ସେହିପରି ଫାୟାର ସେଫ୍ଟି ଏବଂ ଇଲେକ୍ଟ୍ରି ସେଫ୍ଟି ଉପରେ ବି ପ୍ରାଧାନ୍ୟ ଦିଆଯାଇଥିଲା ବୈଠକରେ ସବ୍-କମିଟିର ଅନ୍ୟ ୮ ସଦସ୍ୟ ଉପସ୍ଥିତ ଥିଲେ।

ବୈଠକ ଶେଷରେ ଅଧ୍ୟକ୍ଷ ଶ୍ରୀ ମୁର୍ମୁ କହିଥିଲେ, ଆଲୋଚନା ବିଷୟବସ୍ତୁକୁ ନେଇ



ଏକ ରୂପରେଖ ପ୍ରସ୍ତୁତ କରାଯିବ। ଶ୍ରୀମନ୍ଦିର ପାଇଁ ସ୍ୱତନ୍ତ୍ର ସୁରକ୍ଷା ବ୍ୟବସ୍ଥା ପାଇଁ କେତେ ଅର୍ଥ ଆବଶ୍ୟକତା ରହିଛି, କେତେଶୀଘ୍ର ଏହାକୁ କାର୍ଯ୍ୟକାରୀ କରିହେବ, ସେନେଇ ବିଚାରବିମର୍ଶ ହୋଇଛି। ଶ୍ରୀମନ୍ଦିରକୁ ରେଡ୍ ଜୋନ୍ ଘୋଷଣା କରାଯାଇଛି, କିନ୍ତୁ ମନ୍ଦିର ଉପରକୁ ଡ୍ରୋନ୍ ଆସିଲେ କିଭଳି ତାକୁ ଚିହ୍ନଟ କରି ଅକାମି କରାଯିବ, କିଭଳି ବୈଷୟିକ ଜ୍ଞାନକୌଶଳର ଆବଶ୍ୟକତା ରହିଛି, ତାହାର ବ୍ୟବସ୍ଥା କରାଯିବ। ଆମେ ଅନ୍ୟ ବଡ଼ବଡ଼ ମନ୍ଦିର ଯାଇ ସ୍ଥିତି ଦେଖିବୁ। ସେଠାରେ ଯେପରି ଭଲ ସୁରକ୍ଷା ବ୍ୟବସ୍ଥା ରହିଛି, ତାହା ଜଗନ୍ନାଥ ମନ୍ଦିରରେ କାର୍ଯ୍ୟକାରୀ କରାଯିବ। ଶ୍ରୀମନ୍ଦିର ଆଇନରେ ପରିବର୍ତ୍ତନ ପାଇଁ ପଦକ୍ଷେପ ଗ୍ରହଣ କରାଯିବ। ମନ୍ଦିର ଭିତରକୁ ମୋବାଇଲ୍ ନେବା ନେଇ ପୁଲିସ, ଶ୍ରୀମନ୍ଦିର କର୍ମଚାରୀ ଓ ସେବାୟତଙ୍କ ପାଇଁ କଟକଣା ରହିବ। ସେମାନେ କିଭଳି ଏବଂ କେଉଁ ସ୍ଥାନରେ ଯୋଗାଯୋଗ କରିପାରିବେ ସେ

- ଆଣ୍ଟି-ଡ୍ରୋନ୍ ଟେକ୍ନୋଲୋଜି ବ୍ୟବହାର ହେବ
- ଏଆଇ କ୍ୟାମେରା ମାଧ୍ୟମରେ ଭିଡ଼ ନିୟନ୍ତ୍ରଣ କରାଯିବ
- ଅନ୍ୟ ମନ୍ଦିର ଯାଇ ସୁରକ୍ଷା ବ୍ୟବସ୍ଥା ଅନୁଧ୍ୟାନ ହେବ

ନେଇ ବିକଳ୍ପ ବ୍ୟବସ୍ଥା ହେବ ବୋଲି ଅଧ୍ୟକ୍ଷ ଶ୍ରୀ ମୁର୍ମୁ କହିଥିଲେ।

ଏସ୍‌ପି ପ୍ରତୀକ ସିଂ କହିଛନ୍ତି, ଏଆଇ କ୍ୟାମେରା ଲଗାଯାଇ ଭିଡ଼ ନିୟନ୍ତ୍ରଣ, ଶ୍ରୀମନ୍ଦିର ବାହାର ଓ ଭିତରର ସୁରକ୍ଷା ପରିଚାଳନା ନେଇ ଆଲୋଚନା ହୋଇଛି। ସୁରକ୍ଷା ଦାୟିତ୍ୱରେ ଥିବା ପୁଲିସ ଓ ଘରୋଇ ସୁରକ୍ଷା କର୍ମୀଙ୍କୁ ଅଧିକ ପ୍ରଶିକ୍ଷଣ ଦିଆଯିବ। ତାଙ୍କର ଦାୟିତ୍ୱ କ'ଣ ରହିବ, କିଭଳି ଭକ୍ତଙ୍କୁ ବ୍ୟବହାର କରିବ, ସେନେଇ ପ୍ରଶିକ୍ଷଣ ଦିଆଯିବ। ଶ୍ରୀମନ୍ଦିରର ସୁରକ୍ଷା ପାଇଁ କୁଇକ୍ ରେସ୍‌ପନ୍ସ ଟିମ୍ ରହିବେ। ଅନ୍ୟ ବଡ଼ ବଡ଼ ମନ୍ଦିରରେ ଭିଡ଼ ନିୟନ୍ତ୍ରଣ ଓ ସୁରକ୍ଷା ପାଇଁ କେଉଁ ଟେକ୍ନୋଲୋଜି ରହିଛି, ତାହାର ଅନୁଧ୍ୟାନ କରାଯାଇ ଶ୍ରୀମନ୍ଦିରରେ ଲାଗୁ ନେଇ ଆଲୋଚନା କରାଯାଇଥିବା ଏସ୍‌ପି ଶ୍ରୀ ସିଂ କହିଛନ୍ତି।

ବରିଷ୍ଠ ସେବାୟତ ମାଧବ ମହାପାତ୍ର କହିଛନ୍ତି, ଭିଡ଼ ନିୟନ୍ତ୍ରଣ ପାଇଁ ଭକ୍ତଙ୍କୁ ଆଗୁଆ ସୂଚନା ଦିଆଯିବା ଦରକାର। କେତେ ସମୟ ପରେ ଦର୍ଶନ ମିଳିବ, ଭକ୍ତମାନେ ଜାଣିଲେ ସେହି ସମୟରେ ପହଞ୍ଚିବେ। ଆଗୁଆ ପହଞ୍ଚି ଅପେକ୍ଷା କରୁଥିବାରୁ ଭିଡ଼ ହେଉଛି। ଏହାଦ୍ୱାରା ଅଯଥାରେ ଭିଡ଼ ହେବ ନାହିଁ। ଶ୍ରୀମନ୍ଦିର ସୁରକ୍ଷା ପାଇଁ ଯଥେଷ୍ଟ ସିସିଟିଭି କ୍ୟାମେରା ଲାଗିବା ଉଚିତ। ରାମ ମନ୍ଦିରର ସୁରକ୍ଷା ପାଇଁ ଇସ୍ରାଏଲ ନିର୍ମିତ ଟେକ୍ନୋଲୋଜି ଓ ତିରୁପତି ମନ୍ଦିରରେ ଭାରତ ଇଲେକ୍‌ଟ୍ରୋନିକ ଟେକ୍ନୋଲୋଜି ବ୍ୟବହାର ହୋଇଛି। ଆମେ ଏହିସବୁ ମନ୍ଦିରକୁ ଯାଇ ସୁରକ୍ଷା ବ୍ୟବସ୍ଥା ଅନୁଧ୍ୟାନ କରିବୁ। ପରେ ଶ୍ରୀମନ୍ଦିରରେ କେଉଁ ସୁରକ୍ଷା ଟେକ୍ନୋଲୋଜି ଦରକାର, ତାହାର ନିଷ୍ପତ୍ତି ନିଆଯିବ ବୋଲି ସେ କହିଛନ୍ତି। ବୈଠକରେ ଅନ୍ୟମାନଙ୍କ ମଧ୍ୟରେ ଜିଲ୍ଲାପାଳ ଦିବ୍ୟଜ୍ୟୋତି ପରିଡ଼ା, ଏସ୍‌ପି ଶ୍ରୀ ସିଂଙ୍କ ସମେତ ଶ୍ରୀମନ୍ଦିର ପରିଚାଳନା କମିଟି ସଦସ୍ୟ ଓ କେତେଜଣ ବରିଷ୍ଠ ସେବାୟତ ଉପସ୍ଥିତ ଥିଲେ।

ଆଇନଜୀବୀ ପୀତବାସ ପଣ୍ଡା ହତ୍ୟା ମାମଲା

# ମିଳିଲା ପୀତବାସଙ୍କ ଗୁପ୍ତ ଡାଏରୀ

ବ୍ରହ୍ମପୁର, ୧୪।୧୦(ସମିସ): ବିଜେପି ନେତା ତଥା ଆଇନଜୀବୀ ପୀତବାସ ପଣ୍ଡା ହତ୍ୟାକୁ ୯ ଦିନ ବିତିଲାଣି। କିନ୍ତୁ ଏପର୍ଯ୍ୟନ୍ତ ପୁଲିସ କାହାରିକୁ ଗିରଫ କରିପାରିନାହିଁ। ମାଷ୍ଟରମାଇଣ୍ଡକୁ ଗିରଫ କରିବା ଦୂରେ ଥାଉ, ଦୁଇ ହତ୍ୟାକାରୀଙ୍କୁ ମଧ୍ୟ ଏଯାବତ୍ ଠାବ କରିପାରିନାହିଁ। ପୀତବାସଙ୍କୁ ଯେଉଁ ଦୁଇଜଣ ପେସାଦାର ସୁପାରି କିଲର

- ଖୋଲିବ କି ହତ୍ୟା ଗୁମର?
- ଆତତାୟୀଙ୍କ କୁଣ୍ଡଳୀ ଯାଞ୍ଚ ପାଇଁ ଜେଲ୍‌ମୁହାଁ ପୁଲିସ

ଗୁଳି କରି ହତ୍ୟା କରିଛନ୍ତି, ସେମାନେ ପୂର୍ବରୁ ମଧ୍ୟ ବହୁ ମାମଲାରେ ଜଡ଼ିତ ଥିବା ପୁଲିସ ସନ୍ଦେହ କରିଛି। ତେଣୁ ସେମାନଙ୍କ ବାବଦରେ କିଛି ସୁରାକ୍ ଯୋଗାଡ଼ କରିବା ଆଶାରେ ବ୍ରହ୍ମପୁର ପୁଲିସ ଏବେ ଜେଲ୍‌ମୁହାଁ ହୋଇଛି। ବ୍ରହ୍ମପୁର ସମେତ କେନ୍ଦ୍ରାପଡ଼ା ଓ ରାଜ୍ୟର ବିଭିନ୍ନ ଜେଲ୍‌ରେ ଅପରାଧୀଙ୍କ କୁଣ୍ଡଳୀ ଯାଞ୍ଚ କରୁଛି। ସଂପୃକ୍ତ ଆତତାୟୀଙ୍କୁ ଚିହ୍ନଟ କରି ସେମାନଙ୍କ ଠିକଣା ଜାଣିବାକୁ ପୁଲିସ ବିଭିନ୍ନ ଜେଲରେ ଡେରା ପକାଇଥିବା ସୂଚନା ମିଳିଛି। ଅପରପକ୍ଷେ, ଓକିଲାତି ବ୍ୟତୀତ ପୀତବାସଙ୍କର ବିଭିନ୍ନ କାରବାରରେ ସମ୍ପୃକ୍ତି ଥିବାରୁ ତାଙ୍କ ହାତଲେଖା ଡାଏରୀରୁ କିଛି ତଥ୍ୟ ଓ ପ୍ରମାଣ ମିଳିବ ବୋଲି ପୁଲିସ ଆଶା ରଖିଥିଲା। ବର୍ତ୍ତମାନ ପୀତବାସଙ୍କ ଗୁପ୍ତ 'ଡାଏରୀ'ର ସନ୍ଧାନ ମିଳିଛି। ଡାଏରୀରୁ ବହୁ ତଥ୍ୟ ସହ ଅନେକ ଗୁମର ଫିଟିବ ବୋଲି ଆଲୋଚନା ହେଉଛି।

ମିଳିଥିବା ଡାଏରୀରେ କ୍ରସର୍ ବ୍ୟବସାୟୀ, ମଦ ବେପାରୀ, ବିଲ୍ଡରଙ୍କ ସମେତ ସହରର ବହୁ ବ୍ୟବସାୟୀ ଓ ନେତାଙ୍କ ନାମ ଉଲ୍ଲେଖ ଥିବା କୁହାଯାଉଛି। ପୀତବାସ କାହାଠାରୁ ସୁଧରେ ଟଙ୍କା ଆଣିଛନ୍ତି ଅଥବା କାହାକୁ ଟଙ୍କା ଦେଇଛନ୍ତି, ସେଥିରେ ଉଲ୍ଲେଖ ଥିବା କୁହାଯାଉଛି। ବଡ଼କଥା ହେଲା, ପୀତବାସ ହଜାର କିମ୍ବା ଲକ୍ଷରେ ନୁହେଁ, ବରଂ କୋଟି କୋଟି ଟଙ୍କାର ସୁଧ କାରବାର କରୁଥିବା ନେଇ ଆଲୋଚନା ହେଉଥିବା ବେଳେ ସେସବୁ ତଥ୍ୟ ଡାଏରୀରେ ଅଛି କି ନାହିଁ, ତାହା ଉପରେ ସମସ୍ତଙ୍କ ନଜର। ପୀତବାସଙ୍କ ଜଣେ ଘନିଷ୍ଠ ବନ୍ଧୁ ତାଙ୍କଠାରୁ ପ୍ରାୟ ୮୦ ଲକ୍ଷରୁ ଅଧିକ ଟଙ୍କା ନେଇ କୌଣସି କାରଣରୁ ଦୀର୍ଘ ଦିନ ଧରି କୁଆଡ଼େ ଫେରାଇ ନଥିଲେ। ଋଣ ଅର୍ଥ ପରିଶୋଧ ପାଇଁ ସମ୍ପୃକ୍ତ ବନ୍ଧୁଜଣଙ୍କ ସହରରେ ଥିବା ନିଜର ଏକ ଘରକୁ ପୀତବାସଙ୍କୁ ବିକ୍ରି କରିଦେଇଥିବା କୁହାଯାଉଛି। ଘର ବିକ୍ରି ପରେ ମଧ୍ୟ ସମ୍ପୃକ୍ତ ବ୍ୟକ୍ତିଜଣଙ୍କ ଆହୁରି ୩୦ଲକ୍ଷରୁ ଉର୍ଦ୍ଧ୍ୱ ଟଙ୍କା ପୀତବାସଙ୍କୁ ଫେରାଇବାକୁ ଅଛି ବୋଲି ଶୁଣିବାକୁ ମିଳିଛି।

ସେହିପରି, ପୀତବାସ ଅନେକ ବ୍ୟବସାୟୀଙ୍କଠାରୁ ଟଙ୍କା ଉଠାଇଥିବା କୁହାଯାଉଛି। କିନ୍ତୁ, ସେନେଇ କେହି ମୁହଁ ଖୋଲିନାହାନ୍ତି। ତେବେ ବଜାରରେ ପଡ଼ିଥିବା କୋଟିକୋଟି ଟଙ୍କା କିଭଳି ଆଦାୟ ହେବ, ତାହା ଏବେ ବଡ଼ ପ୍ରଶ୍ନବାଚୀ। କାରଣ ସେଥିମଧ୍ୟରେ ପୀତବାସଙ୍କର ନିଜର ଓ ଅବଶିଷ୍ଟ ଅନ୍ୟମାନଙ୍କର ମଧ୍ୟ ଥିବା ଆଲୋଚନା ହେଉଛି। ସେପଟେ ଟଙ୍କା କାରବାର ବ୍ୟତୀତ ସେ ରୁଚି ରଖୁଥିବା ସବୁ କିଛି ବିଷୟରେ ନିଜ ଡାଏରୀରେ ଉଲ୍ଲେଖ କରିଥିବା ଜଣାପଡ଼ିଛି। ଡାଏରୀରେ ଉଲ୍ଲେଖ ଥିବା କିଛି ବ୍ୟକ୍ତିଙ୍କ ମଧ୍ୟରୁ ଅନେକଙ୍କୁ ପୂର୍ବରୁ ପୁଲିସ ଜେରା କରି ଛାଡ଼ିଥିବା କୁହାଯାଉଛି।

ପାର୍ଟ ପ୍ଲଟ୍ ପଞ୍ଜୀକରଣ

# ଏସ୍‌ଓପି ଜାରି; ଫିଟିଲା ବାଟ

ଭୁବନେଶ୍ୱର,୧୪।୧୦ (ସମିସ): ଫିଟିଲା ପାର୍ଟ ପ୍ଲଟ ପଞ୍ଜୀକରଣ ବାଟ। ଏଥିପାଇଁ ଆଜି ନୂଆ ଏସଓପି ଜାରି କରିଛନ୍ତି ରାଜ୍ୟ ସରକାର। ରାଜସ୍ୱ ଏବଂ ବିପର୍ଯ୍ୟୟ ପରିଚାଳନା ବିଭାଗ ପକ୍ଷରୁ ସମଗ୍ର ରାଜ୍ୟରେ ପାର୍ଟ ପ୍ଲଟ୍ ପଞ୍ଜୀକରଣକୁ ସୁବ୍ୟବସ୍ଥିତ କରିବା ପାଇଁ ଏକ ନୂତନ ଏସ୍‌ଓପି ଅଣାଯାଇଛି।

ଏହି ନୂଆ ଏସ୍‌ଓପି ଦ୍ୱାରା ପୂର୍ବର ସମସ୍ତ ନିର୍ଦ୍ଦେଶାବଳୀକୁ ଅଗ୍ରାହ୍ୟ କରିଦିଆଯାଇଥିବା ବେଳେ ଜନସାଧାରଣଙ୍କ ପାଇଁ ସମାନତା, ସ୍ୱଚ୍ଛତା ଏବଂ ସହଜତା ସୁନିଶ୍ଚିତ କରିବାରେ ଏହି ଏସ୍‌ଓପି କାର୍ଯ୍ୟ କରିବ ବୋଲି କୁହାଯାଉଛି।

ପଞ୍ଜୀକରଣ ଅଧିକାରୀଙ୍କ ମଧ୍ୟରେ ଅସଙ୍ଗତି ଦୂର କରିବା ସହିତ ପଞ୍ଜୀକରଣ ଅଧିନିୟମ ୧୯୦୮ ଏବଂ ଓଡ଼ିଶା ପଞ୍ଜୀକରଣ (ସଂଶୋଧନ) ଅଧିନିୟମ ୨୦୧୩ ଅନୁଯାୟୀ ରହିଥିବା ସ୍ପଷ୍ଟ ନିର୍ଦ୍ଦେଶନାମାକୁ ଏସ୍‌ଓପିରେ ସ୍ପଷ୍ଟ କରାଯାଇଛି। ପାର୍ଟ ପ୍ଲଟ ପଞ୍ଜୀକରଣ

**ଗ୍ରାମାଞ୍ଚଳରେ ଜଳାଶୟ ବ୍ୟତୀତ ପାର୍ଟ ପ୍ଲଟ୍ ବିକ୍ରିକୁ ଅନୁମତି**

ଘୋଷଣାନାମା ଦେଇ ହୋଇପାରିବ ଚାଷ ଜମି ପଞ୍ଜୀକରଣ

ସହରାଞ୍ଚଳରେ ପଞ୍ଜୀକରଣ ହୋଇପାରିବ ୫୦୦ ବର୍ଗ ମିଟର ପରିମିତିର ପ୍ଲଟ୍



ସମୟରେ ରାଜ୍ୟର ଅଧିକାରୀମାନେ ଆଇନ ଏବଂ ପ୍ରକ୍ରିୟା ବିଷୟରେ ଦ୍ୱନ୍ଦ୍ୱରେ ରହୁଥିଲେ; ଏଥିପାଇଁ ପ୍ଲଟ୍ ପଞ୍ଜୀକରଣରେ ସମାନତା ଆସିପାରୁ ନ ଥିଲା ଓ ଜନସାଧାରଣ ଅନେକ ଅସୁବିଧା ଭୋଗୁଥିଲେ। ଏହାକୁ ଦୃଷ୍ଟିରେ ରଖି ରାଜସ୍ୱ ମନ୍ତ୍ରୀଙ୍କ ନିର୍ଦ୍ଦେଶ କ୍ରମେ ଏହି ଏସଓପି ଆଣାଯାଇଛି। ଏଣିକି ଗ୍ରାମାଞ୍ଚଳରେ ଜଳଜମି କିସମ ପ୍ଲଟ୍ ବ୍ୟତୀତ ଗ୍ରାମାଞ୍ଚଳରେ ଆଂଶିକ ପ୍ଲଟ୍ ପଞ୍ଜୀକରଣ ପାଇଁ ଅନୁମତି ଦିଆଯାଇଛି। ବିନା ପୂର୍ବ ସର୍ତ୍ତରେ ଏହି ଅନୁମତି ଦିଆଯିବ। ଏହାକୁ ସମ୍ପୂର୍ଣ୍ଣ ପ୍ଲଟ୍ ଭାବରେ ସ୍ଥାନାନ୍ତର କରାଯିବ। ସବ୍-ଡିଭିଜନ ସହିତ ୫୦୦ ବର୍ଗ ମିଟରରୁ ଅଧିକ ହେବ ନାହିଁ। ସେହିପରି ଚାଷ ଜମି କ୍ଷେତ୍ରରେ ଯଦି ପ୍ଲଟ୍ କୃଷି କିସମ ହୋଇ ରହିଥାଏ, କେବଳ କୃଷି ବ୍ୟବହାରକୁ ସୁନିଶ୍ଚିତ କରୁଥିବା 'ଫର୍ମ ଡି' ରେ ଏକ ସ୍ୱ-ଘୋଷଣା ଦ୍ୱାରା ଏହି ପଞ୍ଜୀକରଣ କରାଯିବ।

ସହରାଞ୍ଚଳ ଓ ଯୋଜନାବଦ୍ଧ ଅଞ୍ଚଳ ଆଦି ଓଡ଼ିଶା ବିକାଶ କର୍ତ୍ତୃପକ୍ଷ ଏବଂ ଟାଉନ ପ୍ଲାନିଂ ଅଧିନିୟମ ଦ୍ୱାରା ପରିଚାଳିତ ହେଉଛି। ତେଣୁ ପାରିବାରିକ ସବ-ଡିଭିଜନ, ଛୋଟ ସବ-ଡିଭିଜନ (୫୦୦ ବର୍ଗ ମିଟରରୁ କମ୍ ଏବଂ କୌଣସି ରିଅଲ ଇଷ୍ଟେଟ୍ ବ୍ୟବହାର ହେବନି) ଏହାକୁ ମଧ୍ୟ ଅନୁମତି ଦିଆଯାଇଛି। ସେହିପରି ସହ-ଅଂଶୀଦାର ଡିଭିଜନ (ସମ୍ମତି ଏବଂ ଆନୁପାତିକ ଅଂଶ ସହିତ) ପୂର୍ବରୁ ଥିବା ଛୋଟ ପ୍ଲଟ୍ ଯାହାକି ୨୦୨୫ ଓଡିଏ, ଟିପି ଏବଂ ଆଇଟି ଦ୍ୱିତୀୟ ସଂଶୋଧନ ନିୟମ ପୂର୍ବରୁ ରେକର୍ଡ ହୋଇଥିବା ୫୦୦ ବର୍ଗ ମିଟରରୁ କମ୍ ପ୍ଲଟ୍‌ଗୁଡ଼ିକୁ ପଞ୍ଜୀକରଣ ପାଇଁ ଅନୁମତି ଦିଆଯାଇଛି। ପଞ୍ଜୀକରଣ ଅଧିକାରୀମାନେ ମ୍ୟାପ, ସୀମା ଏବଂ ଘୋଷଣାଗୁଡ଼ିକୁ ଯାଞ୍ଚ କରିବା ନିୟମର ଅନୁପାଳନ କରିବାକୁ କୁହାଯାଇଛି। ରେକର୍ଡରେ ସ୍ୱ-ଘୋଷଣାଗୁଡ଼ିକୁ ସଂରକ୍ଷିତ ରଖିବାକୁ ମଧ୍ୟ ନିର୍ଦ୍ଦେଶ ଦିଆଯାଇଛି। ତୁରନ୍ତ ପ୍ରଭାବଃ ସ୍ୱରୂପ ଏହି ଏସଓପିକୁ କାର୍ଯ୍ୟକାରୀ ପାଇଁ ବିଭାଗ ପକ୍ଷରୁ ନିର୍ଦ୍ଦେଶ ଦିଆଯାଇଛି।

# ଆଉ ୧୦ଟି ବିଭାଗରେ ଆଭ୍ୟନ୍ତରୀଣ ଅଡିଟ୍ ୱିଙ୍ଗ ସୃଷ୍ଟି

ଭୁବନେଶ୍ୱର୧୪।୧୦(ସମିସ): ରାଜ୍ୟ ସରକାର ଅର୍ଥର ସମାନତା, ତଦାରଖ ସୁନିଶ୍ଚିତ କରିବା ପାଇଁ ରାଜ୍ୟ ସରକାର ଏକ ବଡ଼ ନିଷ୍ପତ୍ତି ନେଇଛନ୍ତି। ଆଉ ୧୦ଟି ବିଭାଗରେ ଆଭ୍ୟନ୍ତରୀଣ ଅଡିଟ୍ ୱିଙ୍ଗ ସୃଷ୍ଟି କରି ରାଜ୍ୟରେ ଆଭ୍ୟନ୍ତରୀଣ ଅଡିଟ୍ ସୁଦୃଢ଼ କରିବାକୁ ନିଷ୍ପତ୍ତି ନିଆଯାଇଛି। ବର୍ତ୍ତମାନ ୨୮ଟି ବିଭାଗରେ ଏହି ୱିଙ୍ଗ କାର୍ଯ୍ୟ କରୁଥିବା ବେଳେ ବର୍ତ୍ତମାନ ଏହି ସଂଖ୍ୟା ୩୮କୁ ବୃଦ୍ଧି ପାଇଛି।

ସୂଚନା ଅନୁଯାୟୀ ଅର୍ଥ ବିଭାଗ ଗତ ୯ ତାରିଖରେ ୨୮ଟି ବିଭାଗରେ ବର୍ତ୍ତମାନର ମଞ୍ଜୁରୀପ୍ରାପ୍ତ ୫୧୦ ଜଣଙ୍କ ସଂଖ୍ୟାକୁ ଯୁକ୍ତିଯୁକ୍ତ ଭାବରେ ବିଭକ୍ତ କରି ୮୫ ଜଣ ଅଡିଟ୍ କର୍ମଚାରୀଙ୍କ ସହିତ ଆଉ ୧୦ଟି ବିଭାଗରେ ଆଭ୍ୟନ୍ତରୀଣ ଅଡିଟ୍ ୱିଙ୍ଗ ସୃଷ୍ଟି କରିଛି। ନୂତନ ଆଭ୍ୟନ୍ତରୀଣ ଅଡିଟ୍ ୱିଙ୍ଗଗୁଡ଼ିକ ନିରନ୍ତର ସମୀକ୍ଷା ଓ ଅନୁପାଳନ ଯାଞ୍ଚ ମାଧ୍ୟମରେ ଆର୍ଥିକ ବ୍ୟବସ୍ଥାକୁ କଡ଼ାକଡ଼ି କରିବା, ଶୀଘ୍ର ବିପଦ ଚିହ୍ନଟ କରିବା ଏବଂ ଅଡିଟ୍ ଆପତ୍ତି ହ୍ରାସ କରିବାରେ ସାହାଯ୍ୟ କରିବ। ଯେଉଁ ୧୦ଟି ଅଧିକ ବିଭାଗରେ ଆଭ୍ୟନ୍ତରୀଣ ଅଡିଟ୍ ୱିଙ୍ଗ ସୃଷ୍ଟି କରାଯାଇଛି ସେଗୁଡ଼ିକ ହେଉଛି ଜଳସମ୍ପଦ, ଗ୍ରାମ୍ୟ ଉନ୍ନୟନ, ପୂର୍ତ୍ତ, ଶକ୍ତି, ଦକ୍ଷତା ବିକାଶ ଓ ବୈଷୟିକ ଶିକ୍ଷା, ଇଲେକ୍ଟ୍ରୋନିକ୍ସ ଏବଂ ସୂଚନା ପ୍ରଯୁକ୍ତି, ହସ୍ତତନ୍ତ, ବୟନ ଏବଂ ହସ୍ତଶିଳ୍ପ, ଶିଳ୍ପ, ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ଏବଂ ପର୍ଯ୍ୟଟନ।

**ଅର୍ଥ ବ୍ୟୟକ ତଦାରଖ ହେବ ସୁନିଶ୍ଚିତ**

ଏହି ପଦକ୍ଷେପ ସ୍ୱଚ୍ଛତାକୁ ସାଂଗଠନିକ କରିବା, ଆର୍ଥିକ ବିଚକ୍ଷଣତାକୁ ଉନ୍ନତ କରିବା ଏବଂ ସରକାରୀ ପାଣ୍ଠିର ଉତ୍ତମ ବ୍ୟବହାର ସୁନିଶ୍ଚିତ କରିବା, ସୁଶାସନ ଏବଂ ଦାୟିତ୍ୱପୂର୍ଣ୍ଣ ଆର୍ଥିକ ପରିଚାଳନା ପ୍ରତି ଓଡ଼ିଶାର ପ୍ରତିବଦ୍ଧତାକୁ ସୁଦୃଢ଼ କରିବା ଦିଗରେ ଏକ ପ୍ରମୁଖ ପଦକ୍ଷେପ ସାବ୍ୟସ୍ତ ହେବ।

# ରାଉରକେଲାରୁ ଅଯୋଧ୍ୟା ଯିବ ୮ ଫୁଟ୍ ଲମ୍ବର ସୁବର୍ଣ୍ଣ ଧନୁ

ରାଉରକେଲା, ୧୪।୧୦ (ସମିସ): ରାଉରକେଲାରୁ ଅଯୋଧ୍ୟାର ରାମମନ୍ଦିରକୁ ଯିବ ସୁନାରେ ପ୍ରସ୍ତୁତ ଏକ ଧନୁ। ଏନେଇ ବ୍ୟାପକ ପ୍ରସ୍ତୁତି ଆରମ୍ଭ ହୋଇଛି ବୋଲି ସନାତନ ଜାଗରଣ ମଞ୍ଚର ଅଧ୍ୟକ୍ଷ ସନ୍ତୋଷ ବିଶ୍ୱାଳ ସୂଚନା ଦେଇଛନ୍ତି। ଅଯୋଧ୍ୟା ରାମମନ୍ଦିରର ମହାସଚିବ ଚମ୍ପତ ରାୟଙ୍କ ଅନୁମତିକ୍ରମେ ଏହି କାର୍ଯ୍ୟକ୍ରମ ସମାପନ କରାଯିବ। ଏହି ସୁବର୍ଣ୍ଣ ଧନୁର ଲମ୍ବ ୮ ଫୁଟ୍ ଓ ଚଉଡ଼ା ସାଢ଼େ ୩ଫୁଟ୍। ଏହା ତାମିଲନାଡୁ କାଞ୍ଚିପୁରମ୍‌ର ୪୦ଜଣ ମହିଳା କାରିଗରଙ୍କ ଦ୍ୱାରା ପ୍ରସ୍ତୁତ କରାଯାଉଛି। ବର୍ତ୍ତମାନ ସୁଦ୍ଧା ଏଥିରେ ୧କେଜି ସୁନା ବ୍ୟବହୃତ ହୋଇଛି। ଆସନ୍ତା ଜାନୁଆରୀ ୨୦ତାରିଖରେ ପୁରୀରୁ ଏକ ଶୋଭାଯାତ୍ରା ଆରମ୍ଭ ହୋଇ ୨୨ତାରିଖ ଦିନ ଅଯୋଧ୍ୟାର ରାମମନ୍ଦିର ପ୍ରତିଷ୍ଠା ଦିବସରେ ପହଞ୍ଚିବ। ଏହି ଧନୁ ତିଆରିରେ ପ୍ରାୟ ୬ ରୁ ୮କେଜି ମଧ୍ୟରେ ସୁନା ବ୍ୟବହାର କରାଯିବା ପାଇଁ ଲକ୍ଷ୍ୟ ରଖାଯାଇଛି। ଏହାସହ ଏହି ଧନୁରେ ବୀର ସୌର୍ଯ୍ୟ ପ୍ରାପ୍ତ ହୋଇଥିବା ସହିଦ୍‌ମାନଙ୍କ ନାମ ଖୋଦିତ କରାଯିବ।

ଏହି କାର୍ଯ୍ୟ ସମାପନ ପରେ ଧନୁକୁ ପ୍ରତିଟି ଜିଲ୍ଲାର ପ୍ରମୁଖ ସ୍କୁଲ ଓ କଲେଜ ପରିକ୍ରମା କରି ସମାଜରେ ଯେଉଁମାନେ ପ୍ରକୃତ ବୀର ସେମାନଙ୍କ ସମ୍ପର୍କରେ ଅବଗତ କରାଯାଇ ଆସନ୍ତା ଜାନୁଆରୀ ୨୨ ତାରିଖରେ ଅଯୋଧ୍ୟା ଶ୍ରୀରାମ



ମନ୍ଦିରର ମହାସଚିବ ଚମ୍ପତ ରାୟଙ୍କୁ ଅର୍ପଣ କରାଯିବ। ସେହିପରି ଅପରେସନ ସିନ୍ଦୂରର ସଫଳତା ପାଇଁ ଶ୍ରୀଜଗନ୍ନାଥଙ୍କ ଭୂମି ତରଫରୁ ବୀର ଯବାନଙ୍କୁ ଏହା ଉତ୍ସର୍ଗୀକୃତ କରାଯିବା ସହ କାରଗିଲରୁ ପେହେଲଗାଁଓ ପର୍ଯ୍ୟନ୍ତ ସମସ୍ତ ସହିଦ୍ ଯବାନଙ୍କ ପରିବାରକୁ ଏହି କାର୍ଯ୍ୟକ୍ରମରେ ସାମିଲ କରିବା ପାଇଁ ଲକ୍ଷ୍ୟ ରଖାଯାଇଛି ବୋଲି ଶ୍ରୀ ବିଶ୍ୱାଳ ସୂଚନା ଦେଇଛନ୍ତି।

## ଆଜିର ରାଶିଫଳ

**ମେଷ:** ପ୍ରତିକୂଳ ପରିସ୍ଥିତିରେ ଭୟ କରନ୍ତୁନି। ଧାର୍ମିକ ସମାବେଶରେ ସାମିଲ ହେବେ। କ୍ରୋଧ ଉପରେ ନିୟନ୍ତ୍ରଣ ରଖନ୍ତୁ। ଉଧାର ଟଙ୍କା ଫେରି ପାଇବେ। ଦୀର୍ଘ ଦିନର ଆଶା ପୂରଣ ହେବ।

**ବୃଷ:** ଲୋକ ସମ୍ପର୍କ ବଢ଼ିବ। ଉଡ଼ା ଖବରକୁ ବିଶ୍ୱାସ କରନ୍ତୁନି। ସରକାରୀ ଚାକିରିଆଙ୍କ ପାଇଁ ଦିନଟି ଭଲ। ଅଟକି ରହିଥିବା କାର୍ଯ୍ୟ ପୂରା ହେବ। ଆଶା କରିଥିବା ଦିଗରୁ ଅର୍ଥ ମିଳିବ। ମହିଳାମାନେ ପୂଜାର୍ଚ୍ଚନା କରିବେ।

**ମିଥୁନ:** କାର୍ଯ୍ୟରେ ବାଧା ଉପୁଜିପାରେ। ନିଜ ଲୋକ ଶତ୍ରୁ ସାଜିପାରନ୍ତି। ଛୋଟ ଛୋଟ କଥାରୁ କଳହ ସୃଷ୍ଟି ହୋଇପାରେ। କୌଣସି କ୍ଷେତ୍ରରୁ ଆଘାତ ପାଇପାରନ୍ତି। ଅଯଥା ଖର୍ଚ୍ଚରୁ ଦୂରେଇ ରୁହନ୍ତୁ।

**କର୍କଟ:** ନୂତନ ବ୍ୟବସାୟ ଆରମ୍ଭ କରିପାରନ୍ତି। ପରିବାରବର୍ଗଙ୍କ ସହ ଦୂରସ୍ଥାନକୁ ଯାତ୍ରା କରିପାରନ୍ତି। ଧାର୍ମିକ କାର୍ଯ୍ୟରେ ଯୋଗ ଦେବେ। ଅଫିସ୍ ସହକର୍ମୀଙ୍କ ସହଯୋଗ ମିଳିବ। ଚକ୍ଷୁ ସମସ୍ୟା ଭୋଗିପାରନ୍ତି।

**ସିଂହ:** ଶତ୍ରୁଙ୍କୁ ଦୁର୍ବଳ ମନେ କରନ୍ତୁନି। ଖର୍ଚ୍ଚ ବଢ଼ିପାରେ। ସଫଳତା ପାଇବାକୁ କଠିନ ପରିଶ୍ରମ କରିବେ। ଉଧାର ଟଙ୍କା ଫେରି ପାଇବେ। ବିଦ୍ୟାର୍ଥୀମାନେ ଖେଳମନସ୍କ ହେବେ। ଲୋକ ସମ୍ପର୍କ ବୃଦ୍ଧି ପାଇବ।

**କନ୍ୟା:** ଗୁରୁଜନଙ୍କ ପରାମର୍ଶ ନେଇ ନୂତନ କାର୍ଯ୍ୟରେ ଯୋଗ ଦିଅନ୍ତୁ। ଦାମ୍ପତ୍ୟ ଜୀବନ ସୁଖମୟ ହେବ। ସନ୍ତୁଳିତ ଆହାର ଗ୍ରହଣ କରନ୍ତୁ। ନୂତନ ଜମି କ୍ରୟ କରିପାରନ୍ତି। ମାପି ଚୁପି କଥା ହୁଅନ୍ତୁ।

**ତୁଳା:** ଭୂମି, ଯାନବାହନ କିଣି ପାରନ୍ତି। ଅଭିଭାବକମାନେ ସନ୍ତାନଙ୍କ କ୍ୟାରିୟରକୁ ନେଇ ଚିନ୍ତାରେ ରହିବେ। ମାନ ସମ୍ମାନ ବୃଦ୍ଧି ପାଇବ। ବନ୍ଧୁମିଳନ ଯୋଗ ରହିଛି। ପିଲାମାନେ ଖେଳକୁଦରେ ସମୟ ବିତାଇବେ।

**ବିଛା:** ଅଫିସ୍ କାର୍ଯ୍ୟ ପାଇଁ ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ଅଚାନକ ଖୁସି ଖବର ମିଳିବ। ମହିଳାମାନେ ଘର କାର୍ଯ୍ୟରେ ବ୍ୟସ୍ତ ରହିପାରନ୍ତି। ଯାନବାହନ ଚଳାଚଳ ସମୟରେ ସତର୍କତା ଅବଲମ୍ବନ ଜରୁରି।

**ଧନୁ:** ସୃଜନଶୀଳତା ବୃଦ୍ଧି ପାଇବ। ଆଇଟି କର୍ମଚାରୀଙ୍କ ପାଇଁ ଦିନଟି ଭଲ। ପ୍ରେମ ବ୍ୟାପାରରେ ସଫଳ ହେବେ। କର୍ମକ୍ଷେତ୍ରରେ ବଡ଼ ଦାୟିତ୍ୱ ମିଳିପାରେ। ତରବରିଆ ଭାବେ ନିଷ୍ପତ୍ତି ନିଅନ୍ତୁନି।

**ମକର:** ବନ୍ଧୁଙ୍କ ସହିତ ମନୋରଞ୍ଜନ କରିବେ। ପିଲାମାନେ ପଢ଼ାପ୍ରତି ଅଧିକ ଧ୍ୟାନ ଦେବେ। ଘରେ ମାଙ୍ଗଳିକ କାର୍ଯ୍ୟ ଆୟୋଜନ କରିବେ। ସକାରାତ୍ମକ ଚିନ୍ତାଧାରା ସହିତ ଆଗକୁ ବଢ଼ିବେ।

**କୁମ୍ଭ:** ଅଚାନକ ମନ ଭିତରେ ପରିବର୍ତ୍ତନ ଆସିପାରେ। ଆର୍ଥିକ ସମସ୍ୟା ରହିବନି। ଦାମ୍ପତ୍ୟ ଜୀବନ ସୁଖମୟ ହେବ। ଆୟ ଅନୁସାରେ ଅଧିକ ବ୍ୟୟ ହେବ। ଭଗବାନଙ୍କ ପୂଜାର୍ଚ୍ଚନା କରନ୍ତୁ। ଦାନ ଧର୍ମ କରିବେ।

**ମୀନ:** ଜମି କିଣାବିକା ଯୋଗ ରହିଛି। ଅଧିକ ଲାଭ ପାଇବା ଆଶାରେ ଭୁଲ୍ କରନ୍ତୁନି। ମହିଳାମାନେ ଘର କାମରେ ବ୍ୟସ୍ତ ରହିବେ। ବ୍ୟକ୍ତିଗତ କଥାକୁ ଅନ୍ୟମାନଙ୍କ ଆଗେ ପ୍ରକାଶ କରନ୍ତୁନି।

## ଅବଶିଷ୍ଟାଂଶ

### ଆଗୁଆ ଆସିବ...

ରେକଡର୍ କରାଯାଇଛି। ନେପାଳରୁ ଆରମ୍ଭ କରି କାଶ୍ମୀର ପର୍ଯ୍ୟନ୍ତ ହିମାଳୟ ଉପତ୍ୟକାରେ ବରଫପାତ ବୃଦ୍ଧି ପାଇଛି। ପାଣିପାଗବିଜ୍ଞାନୀମାନେ ଏହାକୁ ଏକ ଶୁଭ ସଙ୍କେତ ବୋଲି ମନେ କରୁଛନ୍ତି। ଏହାଦ୍ୱାରା ଗ୍ଲାସିୟରର ଅନ୍ୟୂନ ୫ ବର୍ଷ ପାଇଁ ଅଧିକ ଜୀବନ୍ତ ରହିବ ଓ ଉତ୍ତରଭାରତର ନଦୀଗୁଡ଼ିକର ସ୍ରୋତ ଶୁଖିବ ନାହିଁ ବୋଲି କୁହାଯାଉଛି। ବୈଜ୍ଞାନିକମାନଙ୍କ ଆକଳନ ଅନୁସାରେ ଭାରତୀୟ ଉପମହାଦ୍ୱୀପର ତାପମାତ୍ରା ଗତ ୧୨୨ ବର୍ଷରେ ୦.୯୯ ଡ଼ିଗ୍ରୀ ବୃଦ୍ଧି ପାଇଛି, ମାତ୍ର ଚଳିତ ବର୍ଷ ଅର୍ଥାତ୍ ୨୦୨୫ ଶେଷ ସୁଦ୍ଧା ଏହି ବୃଦ୍ଧିରେ ଅଙ୍କୁଶ ଲାଗିବ ଓ ଲା ନିନା କାରଣ ଯୋଗୁ ତାପମାତ୍ରା ୦.୨ଡ଼ିଗ୍ରୀ କମ୍ ହେବ।

ଅନ୍ୟପଟେ ମୌସୁମୀ ପ୍ରତ୍ୟାବର୍ତ୍ତନ ଧାରା ଆରମ୍ଭ ହେବା ପରେ ଏବେ ଓଡ଼ିଶାରେ ପାଗ ମୁଖ୍ୟତଃ ଓ ଶୁଖିଲା ଓ ଖରାଟିଆ ରହିଛି। ରାଜ୍ୟକୁ ବଙ୍ଗୋପସାଗର ପଟୁ ଜଳୀୟବାଷ୍ପପୂର୍ଣ୍ଣ ବାୟୁ ଆସିବା ମଧ୍ୟ କମିଛି। ଫଳରେ ରାତିରେ ମଧ୍ୟ ଧୀରେ ଧୀରେ ବା ହାଲୁକା ଥଣ୍ଡା ଅନୁଭୂତ ଆରମ୍ଭ ହୋଇଛି। ଗତ ୨୪ ଘଣ୍ଟାରେ ଦାରିଙ୍ଗବାଡ଼ିରେ ତାପମାତ୍ରା ୧୯ ଡିଗ୍ରୀ ରେକର୍ଡ ହୋଇଥିବା ବେଳେ ଅଧିକାଂଶ ସ୍ଥାନରେ ରାତିର ତାପମାତ୍ରା ୨୨-୨୪ ଡିଗ୍ରୀ ମଧ୍ୟରେ ରହୁଛି। ୧୭ ତାରିଖ ସୁଦ୍ଧା କେତେକ ଆଭ୍ୟନ୍ତରୀଣ ଅଞ୍ଚଳରେ ତାପମାତ୍ରା ପ୍ରାୟ ୨-୩ ଡିଗ୍ରୀ କମିପାରେ। କନ୍ଧମାଳ, କୋରାପୁଟ, ଗଜପତି, ମୟୂରଭଞ୍ଜ ଓ କେନ୍ଦୁଝରରେ ତାପମାତ୍ରା ସବୁଠାରୁ କମ୍ ରହିବ। ଏହି ସ୍ଥାନମାନଙ୍କରେ ସର୍ବନିମ୍ନ ତାପମାତ୍ରା ୨-୩ ଡିଗ୍ରୀ କମିବା ହେତୁ ଶିଶିରପାତ ସହ କୁହୁଡ଼ି ହେବାର ସମ୍ଭାବନା ରହିଛି। ବିଭିନ୍ନ ମଡେଲ୍ ଓ ପାଣିପାଗ ସଂସ୍ଥାର ସୂଚନା ଅନୁଯାୟୀ ବର୍ତ୍ତମାନ ଲା-ନିନା ସ୍ଥିତି ସୃଷ୍ଟି ହୋଇ ସାରିଛି। ତେଣୁ ଏବର୍ଷ ଭଲ ଶୀତର ଆକଳନ କରାଯାଇଛି।

### ୧୫.୬୭ ଲକ୍ଷ...

ଲୋକ ଦାଦନ ଖଟିବାକୁ ଯାଇ ବାହାରେ ରହୁଥିବା ଶ୍ରମିକମାନେ ମଧ୍ୟ ଇ-କେୱାଇସି କରିପାରିନାହାନ୍ତି। ସେପ୍ଟେମ୍ବର ୩୦ ତାରିଖକୁ ଇ-କେୱାଇସି କରିବାର ଶେଷ ତାରିଖ ଭାବେ ଘୋଷଣା କରାଯାଇଥିଲା। ଏହି ଅବଧି ଭିତରେ ଅନେକ ଇ-କେୱାଇସି ହୋଇପାରି ନାହିଁ ଓ ଏହି ପ୍ରକ୍ରିୟାରେ ଅନେକ ସମସ୍ୟା ହେଉଥିବା ଡିଲର୍ ଆସୋସିଏସନ୍ ଏହା ପୂର୍ବରୁ ଅଭିଯୋଗ କରି ଆସିଛି। ନିକଟରେ ସରକାରଙ୍କ ପକ୍ଷରୁ ମିଳିଥିବା ଏକ ତାଲିକାରୁ ଜଣାପଡ଼ିଛି ଯେ ଗଞ୍ଜାମରୁ ସର୍ବାଧିକ ୧ ଲକ୍ଷ ୬୪ ହଜାର ହିତାଧିକାରୀ ଇ-କେୱାଇସି କରି ନାହାନ୍ତି। ସେହିପରି କଟକରୁ ୯୧ ହଜାର, ମୟୁରଭଞ୍ଜରୁ ୮୭ ହଜାର, ବଲାଙ୍ଗିରରୁ ୮୩ ହଜାର, ବାଲେଶ୍ୱରରୁ ୮୩ ହଜାର ଓ କଳାହାଣ୍ଡିରୁ ୮୨ ହଜାର ଲୋକ ଇ-କେୱାଇସି କରି ନ ଥିବା ଯୋଗୁଁ ତାଲିକାରୁ ବାଦ ପଡ଼ିଛନ୍ତି। ଅନେକ ଯୋଗ୍ୟ ହିତାଧିକାରୀ ନିଜର ଇ-କେୱାଇସି କରି ନ ଥିବା ସାମ୍ନାକୁ ଆସିଛି। ତେଣୁ ସରକାର ଅବଧି ବଢାଇବାକୁ ଦାବି ହୋଇ ଆସୁଥିଲା। ଯେମିତି ଯୋଗ୍ୟ ହିତାଧିକାରୀ ବାଦ ନ ପଡନ୍ତି ସରକାର ତା ଉପରେ ନଜର ଦେବା ଆବଶ୍ୟକ ବୋଲି ଦାବି ହୋଇଛି।

### ରୁପା ୨ ଲକ୍ଷ...

ଇଣ୍ଡିଆ ବୁଲିଅନ୍ ଆଣ୍ଡ ଜୁଏଲର୍ସ ଆସୋସିଏସନ୍ (ଆଇବିଜେଏ) ଅନୁଯାୟୀ, ନୂଆଦିଲ୍ଲୀର ବଜାରରେ ଆଜି ରୁପା ମୂଲ୍ୟ ଗୋଟିଏ ଦିନରେ ୭୦୦୦ ଟଙ୍କା ବୃଦ୍ଧି ଘଟି ପ୍ରତି କିଲୋଗ୍ରାମ ୧,୮୫,୦୦୦ ଟଙ୍କାରେ ପହଞ୍ଚିଛି। ବଜାର ବିଶେଷଜ୍ଞଙ୍କ ଅନୁଯାୟୀ, ପାର୍ବଣ ଋତୁ, ଶିଳ୍ପ ଚାହିଦା ବଢ଼ିବା ଏବଂ ବିଶ୍ୱ ଯୋଗାଣରେ ହ୍ରାସ ଯୋଗୁଁ ରୁପାର ମୂଲ୍ୟ ଅହେତୁକ ଭାବେ ବୃଦ୍ଧି ପାଉଛି। ରୁପା ମୂଲ୍ୟରେ ହେଉଥିବା ବୃଦ୍ଧି ଆଗକୁ ମଧ୍ୟ ଜାରି ରହିବ। ବଜାର ବିଶେଷଜ୍ଞଙ୍କ ମତରେ ଅଗାମୀ ଦିନରେ ରୁପା ଦର କିଲୋ ପିଛା ୭ ଲକ୍ଷ ଟଙ୍କା ସ୍ତର ଛୁଇଁବ। ଏକ ରିପୋର୍ଟ ଅନୁଯାୟୀ, ଚଳିତବର୍ଷ ଜାନୁଆରୀ ମାସରେ ରୁପା ମୂଲ୍ୟ କିଲୋ ପିଛା ପ୍ରାୟ ୭୯,୩୮୦ ଟଙ୍କା ରହିଥିଲା। ଚଳିତମାସରେ ନୂଆଦିଲ୍ଲୀ ବଜାରରେ ଏହା କିଲୋ ପିଛା ସର୍ବୋଚ୍ଚ ୧,୮୫,୦୦୦ ଟଙ୍କା ସ୍ତରରେ ପହଞ୍ଚିଛି। ଏହାର ଅର୍ଥ ହେଉଛି ଜାନୁଆରୀରୁ ଅକ୍ଟୋବର ପର୍ଯ୍ୟନ୍ତ ରୁପା ମୂଲ୍ୟ ପ୍ରାୟ ୧୩୩%ରୁ ଅଧିକ ବୃଦ୍ଧି ପାଇଛି। ଅପରପକ୍ଷେ ଚଳିତବର୍ଷ ଏ ପର୍ଯ୍ୟନ୍ତ ସୁନା ମୂଲ୍ୟରେ ପାଖାପାଖି ୫୦ ହଜାର ଟଙ୍କା ବୃଦ୍ଧି ଘଟିଛି। ୨୦୨୪ ଡିସେମ୍ବର ୩୧ରେ ନୂଆଦିଲ୍ଲୀରେ ୧୦ ଗ୍ରାମ ପିଛା ୨୪ କ୍ୟାରେଟ୍ ସୁନା ମୂଲ୍ୟ ୭୬,୧୬୨ ଟଙ୍କା ଥିଲା, ଯାହା ଏବେ ୧,୨୮,୮୩୦ ଟଙ୍କାରେ ପହଞ୍ଚିଛି। ଏହି ସମୟ ମଧ୍ୟରେ ରୁପା ମୂଲ୍ୟ ମଧ୍ୟ ୧୦ ଗ୍ରାମ ପିଛା ୮୯,୩୦୮ ଟଙ୍କା ବୃଦ୍ଧି ପାଇଛି। ଅପରପକ୍ଷେ ଭୁବନେଶ୍ୱରରେ ଆଜି ୨୪ କ୍ୟାରେଟ୍ ସୁନା ମୂଲ୍ୟ ୧୦ ଗ୍ରାମ ପିଛା ୧,୨୮,୩୪୦ ଟଙ୍କା ସ୍ତର ଟପିଯାଇଥିବାବେଳେ ୨୨ କ୍ୟାରେଟ୍ ସୁନା ଦର ୧୦ ଗ୍ରାମ ପିଛା ୧,୧୭,୬୫୦ ଟଙ୍କାରେ ପହଞ୍ଚିଛି।

### ଜଗିବ କିଏ ?...

ବାଣ ଫୁଟାଯାଇପାରିବ ନାହିଁ । ପୁନଶ୍ଚ ବାଣରେ ବୋରିଅମ ଓ ଅନ୍ୟ ନିଷିଦ୍ଧ ରାସାୟନିକ ବ୍ୟବହାର ଉପରେ କଟକଣା ଲଗାଯାଇଛି। ଏସବୁ ନିୟମ ପାଳନ ନ କଲେ ଓଡ଼ିଶା ବାଣ ଓ ଲାଉଡ୍‌ସ୍ପିକର ନିୟନ୍ତ୍ରଣ ଆଇନ ଅନୁସାରେ ସରକାର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବେ । ତେଣୁ ଦୀପାବଳୀରେ ବାଣ ଫୁଟାଇବା ପରିବର୍ତ୍ତେ କେବଳ ଦୀପ ଜାଳିବାକୁ ପ୍ରଦୂଷଣ ନିୟନ୍ତ୍ରଣ ବୋଡର୍ ଅନୁରୋଧ କରିଛି।

ସାଧାରଣତଃ ଭୁବନେଶ୍ୱର, କଟକ, ବାଲେଶ୍ୱର, ରାଉରକେଲା, କଳିଙ୍ଗନଗର ଓ ତାଳଚେର ପରି ସହରରେ ସବୁ ସମୟରେ ପ୍ରଦୂଷଣର ମାତ୍ରା ଅଧିକ ରହିଥାଏ। ଗତବର୍ଷ ଦୀପାବଳି ପୂର୍ବ ଦିନ ଏଠାରେ ବାୟୁର ଗୁଣବତ୍ତା ମାନ (ଏକ୍ୟୁଆର୍) ୧୦୦ ଥିଲା ବେଳେ ଦୀପାବଳି ସନ୍ଧ୍ୟାରେ ବାଣ ଫୁଟାରୁ ଏହା ବଢ଼ି ୨୩୦ ରୁ ୩୪୦ ଏକ୍ୟୁଆର୍‌ରେ ପହଞ୍ଚିଥିଲା। ଦୀପାବଳିରେ ବାଣଫୁଟା ପରେ ପ୍ରଦୂଷଣକୁ ନେଇ ଅନେକ ସମସ୍ୟା ସୃଷ୍ଟି ହେଉଥିବାରୁ ସାରା ଦେଶରେ କିପରି ପ୍ରଦୂଷଣକୁ ରୋକାଯାଇପାରିବ ସେନେଇ ପରିବେଶବିତ୍‌ମାନେ ଚିନ୍ତା ପ୍ରକଟ କରିଛନ୍ତି। ବାଣରୁ ନିର୍ଗତ ଧୂଆଁ ଓ ଶିଳ୍ପ ବର୍ଜ୍ୟବସ୍ତୁ ବାୟୁମଣ୍ଡଳକୁ ପ୍ରବେଶ କରୁଛି। ଯେଉଁଥିରେ ଅଙ୍ଗାରକାମ୍ଳ, ଗନ୍ଧକାମ୍ଳ, ଜବଖାରକାମ୍ଳ ଓ ମିଥେନ ପରି ବିଷାକ୍ତ ଗ୍ୟାସ୍ ରହିଛି। ତେଣୁ ଦେଶର ବିଭିନ୍ନ ରାଜ୍ୟରେ ବାଣଫୁଟା ଉପରେ କଡ଼ାକଡ଼ି କଟକଣା ଲଗାଯାଇଛି। ଅନ୍ୟପକ୍ଷରେ ବାଣ ଫୁଟାଇବା ସମୟରେ ପାଖରେ ପାଣି ବା ବାଲି ରଖିବାକୁ ପରାମର୍ଶ ଦିଆଯାଇଛି। ବାଣକୁ ହାତରେ ଧରି ଫୁଟାଇବାକୁ ବାରଣ କରାଯାଇଛି। ବାଣ ଫୁଟାଇବା ସମୟରେ ନିଜକୁ ଦୂରରେ ରଖିବା ଓ ଫୁଟି ଯାଇଥିବା ବାଣକୁ ଆଉଥରେ ଫୁଟାଇବାକୁ ଚେଷ୍ଟା ନକରିବା, ବାଣ ଫୁଟାଇବା ସମୟରେ ଆଖିର ଯତ୍ନ ନେବାକୁ ସ୍ୱଚ୍ଛ ଚଷମା ବ୍ୟବହାର କରିବା ଆଦି ବିଷୟରେ ସତର୍କତା ଜାରି କରାଯାଇଛି। ବାଣ ଫୁଟାଇବା ସମୟରେ ସୁରକ୍ଷା ପ୍ରତି ଧ୍ୟାନ ଦେଇ ସୂତା ପୋଷାକ ପିନ୍ଧିବା ପାଇଁ ପରାମର୍ଶ ଦିଆଯାଇଛି।

# ଆପତ୍ତିଜନକ ଏ.ଆଇ ଫଟୋ ଭାଇରାଲ କରି ଯୁବକ ଗିରଫ

କଟକ, ୧୪।୧୦ (ସମିସ): କୃତ୍ରିମ ବୁଦ୍ଧିମତ୍ତା (ଏଆଇ)ର ବ୍ୟବହାର କରି ରାଜ୍ୟର ବିଶିଷ୍ଟ ରାଜନେତା, ଲୋକପ୍ରିୟ ଅଭିନେତା ଏବଂ ବିଭିନ୍ନ କ୍ଷେତ୍ରରେ ପ୍ରତିଷ୍ଠିତ ବ୍ୟକ୍ତିତ୍ୱଙ୍କ ଅଶ୍ଳୀଳ ଫଟୋ ତିଆରି କରି ତାହାକୁ ସୋସିଆଲ୍ ମିଡିଆରେ ଭାଇରାଲ୍ କରୁଥିବା ଜଣେ ଅଭିଯୁକ୍ତକୁ ଆଜି କମିସନରେଟ୍ ପୁଲିସ୍ ଗିରଫ କରିଛି। ସେ ହେଲା, ସାଲେପୁର ଅଞ୍ଚଳର ବିଶ୍ୱବଲ୍ଲଭାନନ୍ଦ ଓରଫ୍ କୁନ୍‌ମୁନ୍। ଦୀର୍ଘ ଦିନ ହେବ ସେ ଏଭଳି ଆପତ୍ତିଜନକ ଏଆଇ ଜେନେରେଟ୍ ଫଟୋ ଓ ଭିଡିଓ ଭାଇରାଲ କରି ସାମାଜିକ ଗଣମାଧ୍ୟମ ପ୍ଲାଟଫର୍ମରୁ

- ରାଜନେତା, ଅଭିନେତା ଏବଂ ପ୍ରତିଷ୍ଠିତ ବ୍ୟକ୍ତିଙ୍କୁ କରୁଥିଲା ଟାର୍ଗେଟ୍
- ସାମାଜିକ ଗଣମାଧ୍ୟମରେ ପୋଷ୍ଟ କରୁଥିଲା ଅଶ୍ଳୀଳ ଫଟୋ ଓ ଭିଡିଓ

ଅର୍ଥ ରୋଜଗାର କରିବାକୁ ଉଦ୍ୟମ କରୁଥିଲା। ଜଣେ ଅଭିଯୋଗକାରୀଙ୍କ ଏତଲାକ୍ରମେ ସାଇବର ଥାନା ପୁଲିସ ତାକୁ ଗିରଫ କରିଛି। ଏହାସହ ତା'ର ଆକାଉଣ୍ଟ ଓ ଡାଟା ଦେବାକୁ ପୁଲିସ 'ମେଟା' ଓ ବିଭିନ୍ନ ନେଟ୍‌ୱର୍କକୁ ଚିଠି ଲେଖିଛି।

ପୁଲିସ ସୂଚନାନୁସାରେ, କୁନ୍‌ମୁନ୍ ନାମରେ ଏକ ଫେସବୁକ୍ ଆକାଉଣ୍ଟ୍ ରହିଥିଲା। ସେ ଏହି ଆକାଉଣ୍ଟ୍‌ରେ ପ୍ରତିଦିନ ବିଭିନ୍ନ ରାଜନେତା, ଚଳଚ୍ଚିତ୍ର ଅଭିନେତା ଓ ଅଭିନେତ୍ରୀ ଏବଂ ବିଭିନ୍ନ ପ୍ରତିଷ୍ଠିତ ବ୍ୟକ୍ତିବିଶେଷଙ୍କ ଏଆଇ ଜେନେରେଟ୍ ଫଟୋ ଓ ଭିଡିଓ ପୋଷ୍ଟ କରି ସେମାନଙ୍କ ଚରିତ୍ର ସଂହାର କରୁଥିଲା। ସେହିପରି, ନିଜର ଇନ୍‌ଷ୍ଟାଗ୍ରାମ, ଏକ୍ସ ଓ ହ୍ୱାଟସଆପ୍‌ରେ ଏହି ଆପତ୍ତିଜନକ ଅଶ୍ଳୀଳ ଭିଡିଓ ଓ ଅଡିଓ ପୋଷ୍ଟ କରୁଥିଲା। ଗତ ୧୨ ତାରିଖରେ ସେ ଏକାଧିକ ଅଶ୍ଳୀଳ ଭିଡିଓ ପୋଷ୍ଟ କରିଥିବା ବେଳେ ଏ ସମ୍ପର୍କରେ ଜଣେ ଫେସବୁକ୍ ୟୁଜର୍ ସାଇବର ଥାନାରେ ଲିଖିତ ଅଭିଯୋଗ କରିଥିଲେ। ଅଭିଯୋଗ ଉପରେ ତୁରନ୍ତ ପଦକ୍ଷେପ ଗ୍ରହଣ କରି, ଆଇଆଇସି ରଶ୍ମିତା ଜେନା ତଦନ୍ତ ଆରମ୍ଭ କରି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିଥିଲା। ତଦନ୍ତ ସମୟରେ ଅଭିଯୁକ୍ତକୁ ଚିହ୍ନଟ କରାଯାଇ ଆଜି ଗିରଫ କରାଯାଇଥିଲା। ଏହି ଘଟଣାର ଯେଉଁ ଆର୍ଥିକ ଦିଗ ରହିଛି, ତାହାକୁ ଠାବ କରିବା ପାଇଁ ମାମଲାର ଅଧିକ ତଦନ୍ତ ଜାରି ରହିଥିବା ସାଇବର ଥାନା ପୁଲିସ କହିଛି। ଆଗକୁ ଏଭଳି କାର୍ଯ୍ୟରେ ଲିପ୍ତ ଥିବା ଅଭିଯୁକ୍ତମାନଙ୍କୁ ଗିରଫ କରାଯିବା ସହ କଠୋର୍ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ଡିସିପି ଖିଲାରୀ ଋଷିକେଶ ଦ୍ୟାନଦେଓ କହିଛନ୍ତି।

ତାମିଲନାଡୁ ମଦ ଦୁର୍ନୀତି ମାମଲା

## ଇଡି ଚଢ଼ଉ ଉପରେ ପ୍ରଶ୍ନ ଉଠାଇଲେ ସୁପ୍ରିମକୋର୍ଟ



ନୂଆଦିଲ୍ଲୀ, ୧୪।୧୦ (ଏଜେନ୍ସି): ତାମିଲନାଡୁ ମଦ ଦୋକାନର ଲାଇସେନ୍ସ ସମ୍ବନ୍ଧିତ ରାଜ୍ୟ ମାର୍କେଟିଂ କର୍ପୋରେସନ ଲିମିଟେଡ (ଟିଏଏସଏମଏସି) ଦୁର୍ନୀତି ମାମଲାରେ ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ (ଇଡି) ଉପରେ ସୁପ୍ରିମକୋର୍ଟ ପ୍ରଶ୍ନ ଉଠାଇଛନ୍ତି। ରାଜ୍ୟ ପୁଲିସର କ୍ଷମତାରେ ଇଡି ଦଖଲ ଦେଉଥିବା କହିଛନ୍ତି। ପ୍ରଧାନ ବିଚାରପତି (ସିଜେଆଇ) ବିଆର ଗଭାଇ ଏବଂ ଜଷ୍ଟିସ ବିନୋଦ ଚନ୍ଦ୍ରନଙ୍କ ଖଣ୍ଡପୀଠ ଇଡିକୁ ପ୍ରଶ୍ନ କରିଥିଲେ ଯେ ରାଜ୍ୟ ପୁଲିସ ଏହି ମାମଲାର ଯାଞ୍ଚ କରିପାରି ନ ଥାଆନ୍ତା କି? ଏହି ମାମଲାରେ ଇଡି ଦଖଲ ଦେବା ଜରୁରୀ ଥିଲା କି? ଏହା ଦ୍ୱାରା ସଂଘୀୟ ବ୍ୟବସ୍ଥା ଉପରେ କି ପ୍ରଭାବ ପଡ଼ିବ? ଏହାର ରାଜ୍ୟ କ୍ଷମତାରେ ହସ୍ତକ୍ଷେପ ନୁହେଁ କି? ରାଜ୍ୟ ଯାଞ୍ଚ କରୁ ନଥିବା ଜାଣି ନିଜେ ଚାଲିଯିବେ କି? କୋର୍ଟ କୌଣସି ବାଦବିବାଦରେ ପ୍ରତିଯୋଗିତା ଚାହୁଁନାହାନ୍ତି। କିନ୍ତୁ ସଂଘୀୟ ବ୍ୟବସ୍ଥାରେ ରାଜ୍ୟ ଏବଂ କେନ୍ଦ୍ରରେ ସୀମା ରହିଛି। ସିଜେଆଇ କହିଥିଲେ ଯେ ଗତ ୬ ବର୍ଷ ହେଲା ସେ ଇଡିର ଅନେକ ମାମଲା ଦେଖିବାକୁ ପାଇଛନ୍ତି। କିନ୍ତୁ ଏହାକୁ ନେଇ କିଛି କହିବାକୁ ଚାହୁଁନି, ନଚେତ ଏହା ପୁଣିଥରେ ଗଣମାଧ୍ୟମରେ ରିପୋର୍ଟରେ ହୋଇଯିବ।

ଦୁର୍ଗାପୁର ଗଣଦୁଷ୍କର୍ମକୁ ପ୍ରତିବାଦ

## ପଶ୍ଚିମବଙ୍ଗ ମହିଳାଙ୍କୁ ଲଙ୍କାଗୁଣ୍ଡ ବାଣ୍ଟିଲା ବିଜେପି

କୋଲକାତା, ୧୪।୧୦ (ଏଜେନ୍ସି): ପଶ୍ଚିମବଙ୍ଗ ଦୁର୍ଗାପୁରରେ ମେଡିକାଲ ଛାତ୍ରୀଙ୍କ ଗଣଦୁଷ୍କର୍ମକୁ ପ୍ରଦେଶ ବିଜେପି ତୀବ୍ର ବିରୋଧ କରିଛି। ରାଜ୍ୟରେ ଆଇନ ଶୃଙ୍ଖଳା ଭୁଶୁଡ଼ି ଯାଇଥିବା ଅଭିଯୋଗ କରି ମହିଳାମାନଙ୍କୁ ଆତ୍ମରକ୍ଷା ନିମନ୍ତେ ଏହି ଦଳ ମଙ୍ଗଳବାର ଲଙ୍କାଗୁଣ୍ଡ ବାଣ୍ଟିଛି। ମେଟ୍ରୋ ଷ୍ଟେସନ ନିକଟସ୍ଥ ସଲ୍ଟ ଲେକ୍ ଅଞ୍ଚଳରୁ ବିଜେପି 'ଅପରେସନ ଲାଲ୍ ମିର୍ଚ୍ଚି' ଆରମ୍ଭ କରିଛି। ଏଠାରେ ବିଜେପିର ମହିଳା କର୍ମୀ ଆଗନ୍ତୁକ ମହିଳାଙ୍କୁ ଲଙ୍କା ଗୁଣ୍ଡ ବାଣ୍ଟିଛନ୍ତି। ଆତ୍ମରକ୍ଷା ପାଇଁ ଏହାକୁ ବ୍ୟବହାର କରିବାକୁ ସମସ୍ତଙ୍କୁ ପରାମର୍ଶ ଦିଆଯାଇଛି। ବିଜେପିର ଜଣେ କର୍ମୀ କହିଛନ୍ତି ଯେ ସୁରକ୍ଷା ସୁନିଶ୍ଚିତ କରିବା ପାଇଁ ମା' ଏବଂ ଭଉଣୀମାନଙ୍କୁ ଏହି ଲଙ୍କା ଗୁଣ୍ଡ ଦିଆଯାଇଛି। ଏହା ମାଧ୍ୟମରେ ନିଜ ସୁରକ୍ଷା ନିଜ ହାତରେ ବୋଲି ବାର୍ତ୍ତା ଦିଆଯାଇଛି। ମହିଳାଙ୍କୁ ବିଳମ୍ବିତ ରାତିରେ ଘରୁ ବାହାରକୁ ବାହାରିବାକୁ ମନା କରି ରାଜ୍ୟରେ ଆଇନଶୃଙ୍ଖଳା ବିପର୍ଯ୍ୟସ୍ତ ହୋଇଯାଇଛି ବୋଲି ମୁଖ୍ୟମନ୍ତ୍ରୀ ମମତା ବାନାର୍ଜୀ ସ୍ୱୀକାର କରିଥିବା ମହିଳା କର୍ମୀ କହିଛନ୍ତି। ତେବେ ମୋ ମନ୍ତବ୍ୟକୁ ଭୁଲ୍ ଭାବେ ଉପସ୍ଥାପନା କରାଯାଇଛି ବୋଲି ମମତା ସ୍ପଷ୍ଟୀକରଣ ଦେଇଛନ୍ତି। ୨୦୨୫ରେ ମହିଳାଙ୍କୁ ରାତିରେ ବାହାରକୁ ବାହାରିବା ପାଇଁ ମନା କରିବାର ଚିନ୍ତାଧାରାକୁ ଗ୍ରହଣ କରାଯିବ ନାହିଁ ବୋଲି ଅନ୍ୟ ଜଣେ ବିକ୍ଷୋଭକାରୀ କହିଛନ୍ତି।

## ଭାରତରେ ଶିଶୁ ଜନ୍ମହାର ହ୍ରାସ; ମୃତ୍ୟୁ ସଂଖ୍ୟା ବୃଦ୍ଧି

ନୂଆଦିଲ୍ଲୀ, ୧୪।୧୦ (ଏଜେନ୍ସି): ଭାରତରେ ଶିଶୁ ଜନ୍ମହାର ହ୍ରାସ ପାଇବାରେ ଲାଗିଛି। ୨୦୨୨ ତୁଳନାରେ ୨୦୨୩ରେ ଭାରତରେ ଜନ୍ମ ହାର ହ୍ରାସ ପାଇଥିବାବେଳେ ମୃତ୍ୟୁ ସଂଖ୍ୟା ବୃଦ୍ଧି ପାଇଛି।ସିଭିଲ୍ ରେଜିଷ୍ଟ୍ରେସନ ସିଷ୍ଟମ (ସିଆରଏସ) ଉପରେ ଆଧାରିତ ଭାଇଟାଲ୍ ଷ୍ଟାଟିଷ୍ଟିକ୍ସ ଅଫ୍ ଇଣ୍ଡିଆ ଦ୍ୱାରା ପ୍ରକାଶିତ ରିପୋର୍ଟରୁ ଏହା ଜଣାପଡ଼ିଛି। ରିପୋର୍ଟ ଅନୁଯାୟୀ ୨୦୨୩ରେ ୨୫.୨ ନିୟୁତ ଶିଶୁ ଜନ୍ମ ହୋଇଥିଲେ। ଏହା ୨୦୨୨ ତୁଳନାରେ ୨,୩୨,୦୦୦ କମ୍ ଥିଲା। କାରଣ ସେହି ବର୍ଷ ୨୫.୪୩ ନିୟୁତ ଶିଶୁ ଜନ୍ମ ହୋଇଥିଲେ। ସେହିପରି ୨୦୨୩ରେ ୮.୬୬ ନିୟୁତ ମୃତ୍ୟୁ ରେକର୍ଡ କରାଯାଇଥିଲା। ମାତ୍ର ୨୦୨୨ରେ ୮.୬୫ ନିୟୁତ ଲୋକ ପ୍ରାଣ ହରାଇଥିଲେ। ସ୍ୱାସ୍ଥ୍ୟ ମନ୍ତ୍ରଣାଳୟର କରୋନା ଡ୍ୟାସବୋର୍ଡ ଅନୁଯାୟୀ, ଗତ ମେ' ୫ ତାରିଖ ସୁଦ୍ଧା ଦେଶରେ କରୋନା ଯୋଗୁଁ ୫୩୩,୬୬୫ ମୃତ୍ୟୁ ଘଟିଛି। ତେବେ ୨୦୨୧ରେ ଏଥିରେ ସର୍ବାଧିକ ମୃତ୍ୟୁ ଘଟିଥିଲା। ଏହି ସମୟରେ କରୋନାର ଦ୍ୱିତୀୟ ଲହରୀ ଚାଲୁଥିଲା। ତା'ପରେ ୨୦୨୦ ତୁଳନାରେ ୨.୧ ନିୟୁତ ଅଧିକ ମୃତ୍ୟୁ ହୋଇଥିଲା। ୨୦୨୦ରେ ମୋଟ ୮.୧୨ ନିୟୁତ ମୃତ୍ୟୁ ହୋଇଥିଲା ଏବଂ ୨୦୨୧ରେ ଏହି ସଂଖ୍ୟା ୧ କୋଟି ୨୦ ଲକ୍ଷ ୨ ହଜାରରୁ ଅଧିକ ଥିଲା।

ବିହାର ବିଧାନସଭା ନିର୍ବାଚନ

# ମେଣ୍ଟ ଅଙ୍କ ଅଡୁଆ

## ଆର୍‌ଜେଡି-କଂଗ୍ରେସ ଟଣାଓଟରା ଜାରି

ପାଟନା, ୧୪।୧୦ (ଏଜେନ୍ସି): ବିହାର ବିଧାନସଭା ନିର୍ବାଚନ ଘୋଷଣା ହେବାକୁ ୭ ଦିନ ବିତିଗଲାଣି, କିନ୍ତୁ ବିରୋଧୀ ମେଣ୍ଟ 'ଇଣ୍ଡିଆ'ରେ ଏ ପର୍ଯ୍ୟନ୍ତ ଆସନ ବୁଝାମଣା ହୋଇପାରୁନି। ଭାଗବଣ୍ଟାକୁ ନେଇ କଂଗ୍ରେସ ଏବଂ ଆର୍‌ଜେଡି ମଧ୍ୟରେ ଟଣାଓଟରା ଜାରି ରହିଛି। କୌଣସି ଦଳ କମ୍ ଆସନରେ ଲଢିବାକୁ ପ୍ରସ୍ତୁତ ନାହାନ୍ତି। ଏହି ମତଭେଦ ଦିନକୁ ଦିନ ଉଗ୍ର ହେବାରେ ଲାଗିଛି। ଜନସୁରାଜ, ବିଜେପି ପ୍ରାର୍ଥୀ ଘୋଷଣା କରି ସାରିଥିବାବେଳେ 'ଇଣ୍ଡିଆ' ବେଳ ଗଡ଼ି ଗଡ଼ି ଚାଲିଛି। ଏପରି ସମୟରେ ମହାମେଣ୍ଟରେ ଆସନ ବୁଝାମଣାକୁ ନେଇ କୌଣସି ସାଲିସ କରାଯିବ ନାହିଁ ବୋଲି କଂଗ୍ରେସ ପକ୍ଷରୁ କୁହାଯାଇଛି। ଆସନକୁ ନେଇ ଏବେ ବି ଆର୍‌ଜେଡି ସହ ଟଣାଓଟରା ଲାଗି ରହିଛି।

### ତେଜସ୍ୱୀଙ୍କୁ ଭେଟିଲେନି ରାହୁଲ

### ସାଲିସ କରିବୁନି: କଂଗ୍ରେସ

### ଚିହ୍ନ ଦେଲେ ଲାଲୁ; ଫେରାଇନେଲେ ତେଜସ୍ୱୀ

ଅନ୍ୟପକ୍ଷରେ ବିରୋଧୀ ଦଳ ନେତା ତେଜସ୍ୱୀ ଯାଦବ ଦିଲ୍ଲୀରୁ ପାଟନା ଫେରି ଆସିଛନ୍ତି। କିନ୍ତୁ ସେ କଂଗ୍ରେସ ନେତା ରାହୁଲ ଗାନ୍ଧୀଙ୍କୁ ସାକ୍ଷାତ କରି ନ ଥିବା ଜଣାପଡ଼ିଛି। ଲୋକସଭା ଭଳି ବିଧାନସଭା ନିର୍ବାଚନର ନେତୃତ୍ୱ ମଧ୍ୟ ଲାଲୁ ଏବଂ ତେଜସ୍ୱୀ ନେବାକୁ ଚାହୁଁଛନ୍ତି। ବାପପୁଅ ନିଜ ହିସାବରେ ଆସନ ବାଣ୍ଟିବାକୁ ପ୍ରୟାସ କରୁଛନ୍ତି। କିନ୍ତୁ ଚଳିତ ଥର ରାହୁଲ ନଇଁବାକୁ ପ୍ରସ୍ତୁତ ନାହାନ୍ତି। ସେ ବିହାର କଂଗ୍ରେସ ନେତାଙ୍କୁ ସ୍ପଷ୍ଟ ନିର୍ଦ୍ଦେଶ ଦେଇଛନ୍ତି। କାହା ଚାପରେ ଆସନ ବୁଝାମଣା ହେବନାହିଁ ବୋଲି କହିଛନ୍ତି। ଏହି କାରଣରୁ ପ୍ରଦେଶ କଂଗ୍ରେସର କୌଣସି ନେତା ଆସନ ବଣ୍ଟନକୁ ନେଇ ମୁହଁ ଖୋଲୁ ନାହାନ୍ତି।

ଏହି ପ୍ରସଙ୍ଗରେ ଦିଲ୍ଲୀ ରାହୁଲଙ୍କୁ ଭେଟିବା ପାଇଁ ତେଜସ୍ୱୀ ଦିଲ୍ଲୀ ଯାଇଥିଲେ, ମାତ୍ର କଂଗ୍ରେସ ନେତା ତାଙ୍କୁ ସମୟ ଦେଇ ନ ଥିଲେ। ଏହା ପରେ ତେଜସ୍ୱୀ ଖାଲି ହାତରେ ଫେରି ଥିଲେ। କିନ୍ତୁ ବର୍ତ୍ତମାନର ପରିସ୍ଥିତିରେ ମେଣ୍ଟ ଆଗକୁ ବଢ଼ିପାରିବ ନାହିଁ ବୋଲି ସେ କଂଗ୍ରେସ ହାଇକମାଣ୍ଡଙ୍କୁ ସ୍ପଷ୍ଟ କରିଦେଇଛନ୍ତି। ଏହି କାରଣରୁ ପାଟନା ପହଞ୍ଚିବା ପରେ ଲାଲୁ ଯାଦବ ନିଜ ଲୋକଙ୍କୁ ଦଳୀୟ ଚିହ୍ନ ବାଣ୍ଟିବା ଆରମ୍ଭ କରିଦେଇଥିଲେ। ମାତ୍ର ତେଜସ୍ୱୀ ଏହା ଉପରେ ଅସନ୍ତୁଷ୍ଟ ହୋଇଥିଲେ। ଦଳୀୟ ନେତାଙ୍କୁ ବାପା ଦେଇଥିବା ଚିହ୍ନଗୁଡିକୁ ପୁଅ ଫେରାଇ ଆଣିଥିଲେ। ମହାମେଣ୍ଟର ସହଯୋଗୀ ଦଳ ସିପିଆଇ (ଏମଏଲ) ମଧ୍ୟ ପ୍ରାର୍ଥୀଙ୍କୁ ଟିକଟ ବଣ୍ଟନ କାର୍ଯ୍ୟ ଆରମ୍ଭ କରିଦେଇଥିଲା। କିନ୍ତୁ କଂଗ୍ରେସ ଏ ପର୍ଯ୍ୟନ୍ତ ଏଥିରୁ ଦୂରେଇ ରହିଛି।



ଅନ୍ୟପଟେ ମହାମେଣ୍ଟରେ ତେଜସ୍ୱୀଙ୍କ ବଡ଼ ଭାଇ କହୁଥିବା ମୁକେଶ ସହାନୀଙ୍କ ସ୍ଥିତି ବି ଅସମ୍ଭାଳ ହେବାରେ ଲାଗିଛି। ସେ ପୂର୍ବରୁ ୬୦ ଆସନ ମାଗିଥିଲେ, କିନ୍ତୁ ଏବେ ୩୦ରେ ଦେବାକୁ କହୁଛନ୍ତି। ସେ ଉପ-ମୁଖ୍ୟମନ୍ତ୍ରୀ ହେବାର ଆଶାକୁ ବି ଭୁଲି ଗଲେଣି। କାରଣ ତେଜସ୍ୱୀଙ୍କୁ ମୁଖ୍ୟମନ୍ତ୍ରୀ ପ୍ରାର୍ଥୀ କରିବା ପାଇଁ କଂଗ୍ରେସ ଚାହୁଁନାହିଁ। ଯଦି ମହାମେଣ୍ଟରେ ଆସନ ବୁଝାମଣା ନ ହୁଏ ଏବଂ ରାହୁଲ ଦିଲ୍ଲୀ ଭୁଲ୍‌କୁ ଦୋହରାନ୍ତି ତେବେ ଅକଳରେ ପଡ଼ିବେ ବୋଲି ରାଜନୈତିକ ବିଶେଷଜ୍ଞମାନେ କହିଛନ୍ତି।

## ଆସନ ବଣ୍ଟନ; ନୀତୀଶ ଅସନ୍ତୁଷ୍ଟ

ପାଟନା, ୧୪।୧୦ (ଏଜେନ୍ସି): ବିହାର ବିଧାନସଭା ନିର୍ବାଚନକୁ ନେଇ କ୍ଷମତାସୀନ ଏନ୍‌ଡିଏ ମେଣ୍ଟରେ ଆସନ ବଣ୍ଟନ ହୋଇସାରିଛି। ମାତ୍ର ଆସନ ବଣ୍ଟନକୁ ନେଇ ମୁଖ୍ୟମନ୍ତ୍ରୀ ନୀତୀଶ କୁମାର ଅସନ୍ତୁଷ୍ଟ ଥିବା ସୂଚନା ମିଳିଛି। ପୂର୍ବରୁ ହାମ୍ ମୁଖ୍ୟ ତଥା କେନ୍ଦ୍ରମନ୍ତ୍ରୀ ଜିତନ ରାମ ମାନ୍‌ଝୀ ଦଳକୁ ମିଳିଥିବା ଆସନକୁ ନେଇ କ୍ଷୁବ୍ଧ ହୋଇଥିଲେ। ଏବେ ନୀତୀଶଙ୍କ ଆଭିମୁଖ୍ୟ ମେଣ୍ଟ ପାଇଁ ସମସ୍ୟା ସୃଷ୍ଟି କରିଛି। ସେ ୯ଟି ଆସନର ଭାଗବଣ୍ଟାକୁ ନେଇ ଖୁସି ନାହାନ୍ତି। ତେଣୁ ପୁଣିଥରେ ଏହା ଉପରେ ବିଚାର କରିବା ପାଇଁ ବିଜେପିକୁ କହିଛନ୍ତି।

### ପ୍ରଥମ ପ୍ରାର୍ଥୀ ତାଲିକା ଜାରିକଲା ବିଜେପି

### ବାଦ୍‌ପଡ଼ିଲେ ବାଚସ୍ପତି



ଏହା ମଧ୍ୟରେ ବିଜେପି ପ୍ରଥମ ତାଲିକାରେ ୭୧ ଜଣଙ୍କୁ ଟିକଟ ଦେଇଛି। ଉପ-ମୁଖ୍ୟମନ୍ତ୍ରୀ ସମ୍ରାଟ ଚୌଧୁରୀଙ୍କୁ ତାରାପୁର ଏବଂ ବିଜୟ ସିହ୍ନାଙ୍କୁ ଲଖିସରାୟରୁ ପ୍ରାର୍ଥୀ କରାଯାଇଛି। ତେବେ ବାଚସ୍ପତି ନନ୍ଦକିଶୋର ଯାଦବଙ୍କ ଟିକଟ କାଟି ଦିଆଯାଇଛି। ତାଙ୍କ ସ୍ଥାନରେ ବିଜେପି ନେତା ତଥା ହାଇକୋର୍ଟ ଓକିଲ ରତ୍ନେଶ କୁଶ୍ୱାହଙ୍କୁ ମୈଦାନକୁ ଓହ୍ଲା ଯାଇଛି। କୁମ୍ହରାରରୁ ୫ ଥରର ବିଧାୟକ ଅରୁଣ କୁମାର ସିହ୍ନାଙ୍କ ଟିକଟ ମଧ୍ୟ କାଟି ଦିଆଯାଇଛି। ତାଙ୍କ ସ୍ଥାନରେ ସଞ୍ଜୟ ଗୁପ୍ତାଙ୍କୁ ସୁଯୋଗ ମିଳିଛି। ସେ ଦଳର ମହାମନ୍ତ୍ରୀ ଭାବେ କାର୍ଯ୍ୟ କରିଥିଲେ। ଏହି ତାଲିକାରେ ୧୩ ମନ୍ତ୍ରୀ ଏବଂ ୯ ମହିଳାଙ୍କ ନାମ ରହିଛି। ପୁଣିଥରେ ୪୮ ବିଧାୟକଙ୍କୁ ପ୍ରାର୍ଥୀ କରାଯାଇଛି। ଚଳିତ ଥର ବିଜେପି ୧୦୧ ଆସନରେ ନିର୍ବାଚନ ଲଢ଼ିବ। ଏଥିରୁ ୭୧ ଜଣଙ୍କ ନାମ ସାମ୍ନାକୁ ଆସିଯାଇଛି। ଆଉ ୩୦ ପ୍ରାର୍ଥୀଙ୍କ ନାମ ଘୋଷଣା ବାକି ରହିଛି। ବିହାରରେ ନଭେମ୍ବର ୬ ଏବଂ ୧୧ରେ ମତଦାନ ହେବ। ନଭେମ୍ବର ୧୪ରେ ଭୋଟ ଗଣତି ହେବ। ଅନ୍ୟପକ୍ଷରେ ଗାୟିକା ମୈଥିଳି ଠାକୁର ବିଜେପିରେ ସାମିଲ ହୋଇଛନ୍ତି। ଏଥିପାଇଁ ପାଟନାରେ ଏକ ସ୍ୱତନ୍ତ୍ର କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା। ନିର୍ବାଚନରେ ଲଢିବା ନେଇ ଦଳ ପକ୍ଷରୁ ନିଷ୍ପତ୍ତି ନିଆଯିବ ବୋଲି ସେ କହିଛନ୍ତି। ତେବେ ସେ ଅଲିନଗରରୁ ନିର୍ବାଚନ ଲଢ଼ିପାରନ୍ତି।

## ଏସି ବସ୍‌ରେ ନିଆଁ; ୧୬ ଜୀବନ୍ତ ଦଗ୍ଧ




ଜୟପୁର, ୧୪।୧୦ (ଏଜେନ୍ସି): ରାଜସ୍ଥାନ ଜୈସାଲମେରର ଯୋଧପୁର ରାସ୍ତାରେ ମଙ୍ଗଳବାର ଅପରାହ୍ଣରେ ମର୍ମନ୍ତୁଦ ସଡ଼କ ଦୁର୍ଘଟଣା ଘଟିଛି। ଏଠାରେ ଏକ ଚଳନ୍ତା ଏସି ସ୍ଲିପର ବସ୍‌ରେ ନିଆଁ ଲାଗି ଯାଇଛି। ଏଥିରେ ୧୬ ଜଣ ଜୀବନ୍ତ ଦଗ୍ଧ ହୋଇଯାଇଥିବା ସୂଚନା ମିଳିଛି। ୧୬ରୁ ଅଧିକ ଆହତ ହୋଇଛନ୍ତି। ସମସ୍ତଙ୍କୁ ଜୈସାଲମେରର ଜବାହାରି ହସ୍ପିଟାଲରେ ଭର୍ତ୍ତି କରାଯାଇଛି। ସର୍ଟ ସର୍କିଟରୁ ଅଗ୍ନିକାଣ୍ଡ ଘଟିଥିଲା ବୋଲି କୁହାଯାଉଛି। ଏହା ଦେଖୁ ଦେଖୁ ସାରା ବସ୍‌କୁ କବଳିତ କରି ନେଇଥିଲା। ଲୋକଙ୍କୁ ଜୀବନ ବଞ୍ଚାଇବାକୁ ବି ସମୟ ମିଳି ନ ଥିଲା। ଜୀବନ ବିକଳରେ କିଛି ଲୋକ ଝରକା ଭାଙ୍ଗି ରାସ୍ତାକୁ ଡେଇଁ ପଡିଥିଲେ। ଏଥିରେ ୨ ଶିଶୁ, ୪ ମହିଳାଙ୍କ ସମେତ ୧୬ରୁ ଅଧିକ ଲୋକ ୭୦ ପ୍ରତିଶତରୁ ଅଧିକ ଜଳି ଯାଇଛନ୍ତି। ଏହି ବସ୍‌ରେ ମୋଟ ୫୭ ଜଣ ଯାତ୍ରୀ ଥିଲେ। ତେବେ ସିଟି କାଉନସିଲର ସହାୟକ ଦମକଳ ଅଧିକାରୀ କୃଷ୍ଣପାଲ ସିଂହ ରାଠୋର କହିଛନ୍ତି ଯେ ଦୁର୍ଘଟଣାରେ ୧୦-୧୨ ଜଣଙ୍କ ଜୀବନ ଯାଇଛି। ଜିଲ୍ଲାପାଳ ପ୍ରତାପ ସିଂହଙ୍କ ଅନୁଯାୟୀ, ବସ୍‌ଟି ସମ୍ପୂର୍ଣ୍ଣ ଜଳି ଯାଇଛି। ୧୬ ଆହତଙ୍କୁ ଯୋଧପୁର ହସ୍ପିଟାଲକୁ ପଠାଇ ଦିଆଯାଇଛି। ବସ୍‌ରେ ଅନ୍ୟ ଯାତ୍ରୀଙ୍କ ମୃତଦେହ ପଡି ରହିଛି।

ହରିୟାଣା ଆଇପିଏସ୍ ଆତ୍ମହତ୍ୟା ମାମଲା

## ଏଏସ୍‌ଆଇଙ୍କ ଆତ୍ମହତ୍ୟାରୁ ନୂଆ ମୋଡ଼

### ଦୁର୍ନୀତି ମାମଲାରେ ବଦନାମ ହେବାରୁ ଚରମ ନିଷ୍ପତ୍ତି ନେଇଥିଲେ ପୁରନ

ଚଣ୍ଡିଗଡ଼, ୧୪।୧୦ (ଏଜେନ୍ସି): ହରିୟାଣା ଆଇପିଏସ ୱାଇ ପୂରନଙ୍କ ଆତ୍ମହତ୍ୟାକୁ ନେଇ ରାଜ୍ୟ ରାଜ୍ୟନୀତି ଉଠୁଛି ପଡୁଛି। ଆଇଏଏସ ପତ୍ନୀ ଅମନୀତ ପି କୁମାର ଜିଦ୍‌ରେ ଅଟଳ ରହିଥିବାରୁ ଏ ପର୍ଯ୍ୟନ୍ତ ତାଙ୍କ ମୃତଦେହ ବ୍ୟବଚ୍ଛେଦ ହୋଇପାରି ନାହିଁ। ସେ ଡିଜିପିଙ୍କୁ ଶତ୍ରୁଜିତ କପୁରଙ୍କୁ ବହିଷ୍କାର ଦାବି କରୁଥିବାବେଳେ ସରକାର ତାଙ୍କୁ ଛୁଟିରେ ପଠାଇ ଦେଇଛନ୍ତି। ପୁରନଙ୍କ ମାମଲାର ତଦନ୍ତ ଚାଲିଥିବାବେଳେ ରାଜ୍ୟର ଆଉ ଜଣେ ପୁଲିସ ଅଧିକାରୀ ତଥା ଆସିଷ୍ଟାଣ୍ଟ ସବ୍-ଇନସପେକ୍ଟର (ଏଏସଆଇ) ସନ୍ଦୀପ କୁମାର ମଙ୍ଗଳବାର ନିଜକୁ ଗୁଳି ମାରି ଆତ୍ମହତ୍ୟା କରିଛନ୍ତି। ଲାଢୌତ ରୋଡରେ ଥିବା ତାଙ୍କ ମାମୁଁ ଘରୁ ସନ୍ଦୀପଙ୍କ ମୃତଦେହ ମିଳିଛି। ଏହା ପୁରନଙ୍କ ମାମଲାକୁ ନୂଆ ମୋଡ ଦେଇଛି। ମୃତ୍ୟୁ ପୂର୍ବରୁ ଭିଡିଓ ରେକର୍ଡିଂ ଏବଂ ୪ ପୃଷ୍ଠାର ସୁଇସାଇଡ ନୋଟ୍ ଲେଖି ରୋହତକ ସାଇବର ସେଲ୍‌ରେ ମୁତୟନ ହୋଇଥିବା ଏହି ଏଏସଆଇ ସତ୍ୟ ପାଇଁ ଜୀବନ ଦେଇଥିବା ୪ ପୃଷ୍ଠାର ସୁଇସାଇଡ ନୋଟରେ ଉଲ୍ଲେଖ କରିଛନ୍ତି।



ସେ ପୂର୍ବତନ ଆଇଜି ପୁରନ ଏବଂ ତାଙ୍କ ଗନ୍‌ମ୍ୟାନ ସୁଶୀଲ କୁମାରଙ୍କ ବିରୋଧରେ ଗୁରୁତର ଅଭିଯୋଗ ଲଗାଇଛନ୍ତି। ପୁରନ ଜଣେ ଦୁର୍ନୀତିଗ୍ରସ୍ତ ଅଧିକାରୀ ଥିଲେ। ଆଇଜି ହେବା ପରେ ସେ ବ୍ୟବସ୍ଥାକୁ ହାଇଜ୍ୟାକ କରି ନେଇଥିଲେ। ଜାତିଗତ ଭେଦଭାବ ଆରମ୍ଭ କରିଦେଇଥିଲେ। ଦୁର୍ନୀତି ମାମଲାରେ ଧରା ପଡ଼ିଯିବା ଭୟରେ ପୁରନ ଆତ୍ମହତ୍ୟା କରିଥିଲେ। ଏହା ଉଜାଗର ହୋଇଗଲେ ପାରିବାରିକ ରାଜନୀତି ଉପରେ ପ୍ରଭାବ ପଡିବ ବୋଲି ସେ ଭୟ କରିଥିଲେ।

ସୂଚନା ଅନୁଯାୟୀ ଗତ ୬ ତାରିଖରେ ସୁଶୀଲଙ୍କୁ ଗିରଫ କରାଯାଇଥିଲା। ସେ ଜଣେ ମଦ ବ୍ୟବସାୟୀଙ୍କଠାରୁ ଲାଞ୍ଚ ମାଗୁଥିବା ବେଳେ ଧରା ପଡ଼ିଥିଲେ। ଜେରା ସମୟରେ ପୁରନଙ୍କ ପାଇଁ ଲାଞ୍ଚ ମାଗୁଥିବା କହିଥିଲେ। ଏହାର ଦିନକ ପରେ ପୁରନ ଚଣ୍ଡିଗଡ଼ ସ୍ଥିତ କୋଠାରେ ଆତ୍ମହତ୍ୟା କରିଥିଲେ। ଅନ୍ୟପକ୍ଷରେ ସନ୍ଦୀପଙ୍କ ପରିବାର ଲୋକ ଏତଲା ରୁଜୁ ନ ହେବା ପର୍ଯ୍ୟନ୍ତ ମୃତଦେହ ବ୍ୟବଚ୍ଛେଦ କରିବାକୁ ମନା କରିଦେଇଛନ୍ତି।

## ସରକାର ତାମସା ବନ୍ଦ କରନ୍ତୁ କହିଲେ ରାହୁଲ

ଚଣ୍ଡିଗଡ଼, ୧୪।୧୦ (ଏଜେନ୍ସି): ହରିୟାଣାର ବରିଷ୍ଠ ଆଇପିଏସ ଅଧିକାରୀ ୱାଇ ପୁରନଙ୍କ ଆତ୍ମହତ୍ୟାକୁ ୭ ଦିନ ବିତିଗଲାଣି। ମାତ୍ର ଏ ପର୍ଯ୍ୟନ୍ତ ମୃତଦେହର ବ୍ୟବଚ୍ଛେଦ ହୋଇପାରି ନାହିଁ। ଏହି ଘଟଣାକୁ ନେଇ ଅଡୁଆ ବଢୁଥିବାବେଳେ ଛିଡ଼ିବାର ନା ଧରୁନି। ମଙ୍ଗଳବାର ସକାଳେ ଲୋକସଭା ବିରୋଧୀ ଦଳ ନେତା ରାହୁଲ ଗାନ୍ଧୀ ପୀଡ଼ିତଙ୍କ ପରିବାରକୁ ସାକ୍ଷାତ କରିଛନ୍ତି। ଏହି ସମୟରେ ରାହୁଲ କହିଥିଲେ ଯେ ସରକାର ତାମସା ବନ୍ଦ କରନ୍ତୁ। ଆଇପିଏସଙ୍କ ପରିବାର ଉପରେ ଚାପ ପକାଯାଉଛି। ଏପରି ନ ହେବା ଉଚିତ। ସରକାରୀ ଅଧିକାରୀଙ୍କୁ ଗିରଫ କରାଯାଉ ଏବଂ ଦିବଂଗତକୁ ଅପମାନିତ କରା ନ ଯାଉ। ଏହି ମାମଲାରେ କାର୍ଯ୍ୟାନୁଷ୍ଠାନ ନେବା ପାଇଁ ସେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କୁ ନିବେଦନ କରିଛନ୍ତି।

ସେହିପରି କେନ୍ଦ୍ରମନ୍ତ୍ରୀ ଚିରାଗ ପାଶ୍ୱାନ ମଧ୍ୟ ଚଣ୍ଡିଗଡ଼ରେ ପହଞ୍ଚି ଦିବଂଗତ ଆଇପିଏସଙ୍କୁ ଶ୍ରଦ୍ଧାଞ୍ଜଳି ଦେଇଛନ୍ତି। ପରିବାରର ପ୍ରତ୍ୟେକ ଦାବି ପୂରଣ କରାଯିବ ବୋଲି ସେ କହିଛନ୍ତି। ଏହା ପୂର୍ବରୁ ହରିୟାଣା ଡିଜିପିଙ୍କୁ ଶତ୍ରୁଜିତ କପୁରଙ୍କୁ ସରକାର ଛୁଟିରେ ପଠାଇ ଦେଇଥିଲେ। ତାଙ୍କ ସ୍ଥାନରେ ଓମ ପ୍ରକାଶ ସିଂହଙ୍କୁ ଅତିରିକ୍ତ କାର୍ଯ୍ୟଭାର ପ୍ରଦାନ କରାଯାଇଛି।

୧୦% କମିଶନ ଲାଗି ଗଲା ୨୫ ଶିଶୁଙ୍କ ଜୀବନ

# ୨.୫୬ ଟଙ୍କା ପାଇଁ ଡାକ୍ତର ଲେଖୁଥିଲେ କୋଲ୍‌ଡ୍ରିଫ

ନୂଆଦିଲ୍ଲୀ, ୧୪।୧୦ (ଏଜେନ୍ସି): ଲୋକଙ୍କ ବିଶ୍ୱାସରେ ବିଷ ଦେଇ ଚାଲିଥିବା କମିଶନ ଖେଳର ପର୍ଦ୍ଦାଫାସ ହୋଇଛି। କୋଲ୍‌ଡ୍ରିଫ କଫ ସିରପକୁ ନେଇ ବିଚଳିତ କରିବା ଭଳି ମାମଲା ସାମ୍ନାକୁ ଆସିଛି। ଏଥିରେ ଦେଶରେ ମେଡିସିନ୍ ଲେଖିବା ପାଇଁ ଚାଲିଥିବା କମିଶନ ଖେଳର ପର୍ଦ୍ଦାଫାସ ହୋଇଛି। ସାମାନ୍ୟ କିଛି ଟଙ୍କାର ଲୋଭ ପାଇଁ ଡାକ୍ତର ରୋଗୀଙ୍କ ଜୀବନ ସହ ଖେଳିଥିଲେ। ମାତ୍ର ୧୦ ପ୍ରତିଶତ କମିଶନ ପାଇଁ ଡାକ୍ତର ଶିଶୁଙ୍କୁ ଏହି ବିଷାକ୍ତ କୋଲ୍‌ଡ୍ରିଫ ସିରପ ଲେଖୁଥିବା ଜଣାପଡ଼ିଛି। ଯେତିକି ଟଙ୍କା ଏହି କଫ ସିରପ ଲେଖିବା ପାଇଁ ଡାକ୍ତର ନେଉଥିଲେ ତାହାକୁ କେହି ସହଜରେ ବି ବିଶ୍ୱାସ କରିପାରିବେ ନାହିଁ। କେତେ ଟଙ୍କାରେ ଶିଶୁଙ୍କ ଜୀବନକୁ ବିକ୍ରି କରିଦିଆଗଲା ତାହା ବି କେହି କଳନା କରିପାରିବେନି। ଡାକ୍ତର ଲେଖିଥିବା କଫ ସରିପ ପିଇ ମଧ୍ୟପ୍ରଦେଶରେ ୨୩ ଶିଶୁ ପ୍ରାଣ ହରାଇ ଥିଲେ। ଗୋଟିଏ କଫ ସିରପ ପାଇଁ ଡାକ୍ତରଙ୍କୁ ୧୦ ପ୍ରତିଶତ ତଥା ମାତ୍ର ୨ଟଙ୍କା ୫୪ ପଇସା କମିଶନ ମିଳୁଥିଲା। ଏହି କଫ ସିରପ ବୋତଲ ମାତ୍ର ୨୪.୫୪ ଟଙ୍କାରେ ବିକ୍ରି ହେଉଥିଲା। ଏହାକୁ ଲେଖୁଥଇବାରୁ ପ୍ରତ୍ୟେକ ବୋଟଲ ପିଛା ଶ୍ରୀସେନ ଫାର୍ମାସ୍ୟୁଟିକାଲ୍ସ ଡାକ୍ତରଙ୍କୁ ୨ଟଙ୍କା ୫୪ ପଇସା କମିଶନ ପ୍ରଦାନ କରୁଥିଲା।

ପୁଲିସ ଅଭିଯୋଗ କରିଛି ଯେ ପରାସିଆର ସରକାରୀ ସ୍ୱାସ୍ଥ୍ୟକେନ୍ଦ୍ରରେ ମୁତୟନ ଶିଶୁରୋଗ ଡାକ୍ତର ପ୍ରବୀଣ ସୋନି କ୍ରମାଗତ ଭାବେ କୋଲ୍ଡରିଫ ଲେଖିବା ଜାରି ରଖିଥିଲେ। କେନ୍ଦ୍ର ପକ୍ଷରୁ ଫିକ୍ସଡ-ଡୋଜ କମ୍ବିନେସନ (ଏଫଡିସି) ନିଷିଦ୍ଧ କରାଯାଇଥିବାବେଳେ ସେ ଘରୋଇ ଭାବେ ରୋଗୀ ଦେଖୁଥିବାବେଳେ ଏହାକୁ ଲେଖୁଥିଲେ। ଏହା ପିଇ ଶିଶୁଙ୍କ ଜୀବନ ଯାଉଥିବା ଜାଣି ବି ସୋନି ଏପରି କରୁଥିଲେ। ତାମିଲନାଡୁର ଶ୍ରୀସେନ ଫାର୍ମାସ୍ୟୁଟିକାଲ୍ସ ଦ୍ୱାରା ପ୍ରସ୍ତୁତ କୋଲଡ୍ରିଫରେ ଡାଇଏଥିଲିନ ଗ୍ଲାଇକଲ (ଡିଇଜି) ମାତ୍ରା ଧାର୍ଯ୍ୟ ସୀମାଠାରୁ ୫୦୦ ଗୁଣ ଅଧିକ ଥିଲା। ଏହା ଶିଶୁଙ୍କ କିଡ୍‌ନୀ (ବୃକକ) ଉପରେ ପ୍ରଭାବ ପକାଉ ଥିଲା। ଫଳରେ ଶିଶୁଙ୍କ ଜୀବନ ଯାଇଥିଲା।

### ଭାରତର ତିନି କଫ ସିରପ ବିରୋଧରେ 'ହୁ'ରେ ଚେତାବନୀ

### କୋଲଡ୍ରିଫ, ରେସ୍ପିଫ୍ରେସ ଟିଆର, ରିଲାଇଫ ସାମିଲ



ଏବେ ଡ. ସୋନି ଏବଂ ଶ୍ରୀସେନର ମାଲିକ ରଙ୍ଗନାଥନ ପୁଲିସ ହେପାଜତରେ ଅଛନ୍ତି। ତାମିଲନାଡୁ ସରକାର ଏହି କମ୍ପାନୀକୁ ବନ୍ଦ କରିଦେଇଛନ୍ତି। ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ (ଇଡି) କମ୍ପାନୀର ବିଭିନ୍ନ ଠିକଣାରେ ଚଢ଼ଉ କରିଛି। ଅନ୍ୟପକ୍ଷରେ ଭାରତର ତିନି ଅପମିଶ୍ରିତ କଫ ସିରପକୁ ନେଇ ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନ (ହୁ) ସୋମବାର ଚେତାବନୀ ଜାରି କରିଛି। ଏଥିରେ ଶ୍ରୀସେନ ଫାର୍ମାସ୍ୟୁଟିକାଲ୍ସର କୋଲଡ୍ରିଫ, ରେଡନେକ୍ସ ଫାର୍ମାସ୍ୟୁଟିକାଲ୍ସର ରେସ୍ପିଫ୍ରେଶ ଟିଆର ଏବଂ ସେପ ଫାର୍ମାର ରିଲାଇଫ ସାମିଲ ରହିଛି।'ହୁ' ପକ୍ଷରୁ କୁହାଯାଇଛି ଯେ ଏହି ତିନୋଟି କଫ ସିରପ ଗମ୍ଭୀର ବିପଦ ସୃଷ୍ଟି କରିପାରେ। ଏହା ଜୀବନ ପାଇଁ ବିପଦ ସୃଷ୍ଟି କରୁଥିବା ରୋଗର କାରଣ ପାଲଟି ପାରେ। ଯଦି ଏହି ଔଷଧ ମିଳୁଛି ତେବେ ଏହାର ସୂଚନା ଦେବା ପାଇଁ 'ହୁ' ସବୁ ଦେଶଙ୍କୁ କହିଛି।

ଅକ୍ଟୋବର ୯ରେ ଏହି ସିରପକୁ ନେଇ 'ହୁ' ଭାରତକୁ ଜବାବ ମାଗିଥିଲା। କୌଣସି ଦେଶକୁ ଏହା ପଠା ଯାଇଛି କି ନାହିଁ ତାହାର ଉତ୍ତର ମାଗିଥିଲା। ଭାରତରେ ଔଷଧ ଉପରେ ନଜର ରଖୁଥିବା ସିଡିଏସସିଓ ପକ୍ଷରୁ ଏ ନେଇ କୁହାଯାଇଥିଲା ଯେ କୌଣସି ଅପମିଶ୍ରିତ ଔଷଧ ବାହାରକୁ ପଠାଯାଇ ନାହିଁ।

ବାଂଲାଦେଶ, ନେପାଳ ପରେ ମାଡାଗାସ୍କର

## କ୍ଷମତା ବଦଳାଇଦେଲେ ଜେନ୍-ଜେଡ୍

ଅଣ୍ଟାନାନରିଭୋ, ୧୪।୧୦ (ଏଜେନ୍ସି): ପୁଣି ଜେନ୍-ଜେଡ୍ ଗୋଷ୍ଠୀ ଏକ ଦେଶରେ ରାଜନୈତିକ ପରିବର୍ତ୍ତନ ଆଣିଛନ୍ତି। ଚଳିତ ଥର ଏହି ଆନ୍ଦୋଳନ ଏସିଆରୁ ଆଫ୍ରିକାକୁ ବ୍ୟାପି ଯାଇଛି। ଶ୍ରୀଲଙ୍କା, ବାଂଲାଦେଶ, ନେପାଳ ପରେ ଏବେ ମାଡାଗାସ୍କରରେ ଜେନ୍-ଜେଡ୍ ଏକତା ପ୍ରଦର୍ଶନ କରି ସରକାରଙ୍କୁ ଗାଦିଚ୍ୟୁତ କରିଛନ୍ତି। ଜଳାଭାବରୁ ଆରମ୍ଭ ହୋଇଥିବା ଏହି ବିକ୍ଷୋଭ ପ୍ରଦର୍ଶନ ରାଷ୍ଟ୍ରପତି ଏଣ୍ଡ୍ରି ରାଜୋଏଲିନା ଦେଶ ଛାଡ଼ି ଫେରାର ହେବା ପରେ ଶାନ୍ତ ହୋଇଛି। ବିକ୍ଷୋଭକାରୀଙ୍କୁ ସେନାର ସମର୍ଥନ ମିଳିବା ପରେ ରାଷ୍ଟ୍ରପତି ଦେଶ ଛାଡ଼ି ପଳାଇଥିବା ବିରୋଧୀ ଦଳ ନେତା ସିଟେନି ରନ୍ଦ୍ରିୟାନା ସୋଲୋନିକୋ କହିଛନ୍ତି। ରାଷ୍ଟ୍ରପତି ସେନା ବିମାନରେ ଫ୍ରାନ୍ସ ପଳାଇ ଯାଇଥିବା ସୂଚନା ମିଳିଛି। ଏହା ପୂର୍ବରୁ ସୋମବାର ରାତିରେ ରାଷ୍ଟ୍ରପତି ସମ୍ବୋଧନ କରିବେ ବୋଲି ତାଙ୍କ କାର୍ଯ୍ୟାଳୟ ପକ୍ଷରୁ କୁହାଯାଇଥିଲା।

### ଜଳାଭାବରୁ ଆରମ୍ଭ ହୋଇଥିଲା ବିକ୍ଷୋଭ

### ସେନା ବିମାନରେ ଫ୍ରାନ୍ସ ପଳାଇଲେ ରାଷ୍ଟ୍ରପତି

ରିପୋର୍ଟ ଅନୁଯାୟୀ, ରବିବାର ଫ୍ରାନ୍ସ ସେନା ବିମାନରେ ଏଣ୍ଡ୍ରି ଦେଶ ଛାଡ଼ି ପଳାଇଛନ୍ତି। ସେ ଫ୍ରାନ୍ସ ରାଷ୍ଟ୍ରପତି ଇମାନୁଏଲ ମାକ୍ରନଙ୍କ ସହ ଏକ ଚୁକ୍ତି କରିଥିଲେ ବୋଲି କୁହାଯାଉଛି। ସେନାର ସବୁଠାରୁ ଶକ୍ତିଶାଳୀ ସ୍ପେସିଆଲ ୟୁନିଟ (କ୍ୟାପସାଟ) ସମର୍ଥନ ଦେବାକୁ ମନା କରିବାରୁ ଏଣ୍ଡ୍ରିଙ୍କ ସ୍ଥିତି ଦୁର୍ବଳ ହୋଇ ଯାଇଥିଲା। ଏହି ୟୁନିଟ ୨୦୦୯ ର ପଟ ପରିବର୍ତ୍ତନ ପରେ କ୍ଷମତା ହାସଲ କରିବାରେ ତାଙ୍କୁ ସହାୟତା କରିଥିଲା। ଏବେ ସେହି କ୍ୟାପସାଟ ବିକ୍ଷୋଭକାରୀଙ୍କୁ ସୁରକ୍ଷା ଦେଇଥିଲା। କ୍ଷମତା ଅକ୍ତିଆର କରି ଗୁଳି ନ ଚଳାଇବାକୁ ସେନାକୁ ନିର୍ଦ୍ଦେଶ ଦେଇଥିଲା। ଏହା ଫଳରେ ଅନେକ ମନ୍ତ୍ରୀ ନିଜ ପଦରୁ ଇସ୍ତଫା ଦେଇଥିଲେ।

### ଦ୍ୱିତୀୟ ଟେଷ୍ଟରେ ୱେଷ୍ଟଇଣ୍ଡିଜ ୭ ୱିକେଟ୍‌ରେ ପରାସ୍ତ

# ଭାରତର କ୍ରମାଗତ ୧୦ମ ଟେଷ୍ଟ ସିରିଜ୍ ବିଜୟ




ନୂଆଦିଲ୍ଲୀ, ୧୪ା୧୦ (ଏଜେନ୍ସି): ସ୍ଥାନୀୟ ଅରୁଣ ଜେଟଲୀ ଷ୍ଟାଡିୟମରେ ଭ୍ରମଣକାରୀ ୱେଷ୍ଟଇଣ୍ଡିଜ ବିପକ୍ଷରେ ଚାଲିଥିବା ଅନ୍ତିମ ତଥା ୨ୟ ଟେଷ୍ଟକୁ ଭାରତ ୭ ୱିକେଟ୍‌ରେ ସହଜରେ ଜିତିନେଇଛି। ପୂର୍ବରୁ ପ୍ରଥମ ମ୍ୟାଚକୁ ଏକ ଇନିଂସ ଓ ୧୪୦ ରନରେ ଜିତିଥିବା ଘରୋଇ ଭାରତ ଏଥିସହ ଟେଷ୍ଟ ସିରିଜକୁ ୨-୦ରେ କ୍ଲିନସୁଇପ୍ କରିନେଇଛି। ୱେଷ୍ଟଇଣ୍ଡିଜ ବିପକ୍ଷରେ ଭାରତର ଏହା କ୍ରମାଗତ ୧୦ମ ଟେଷ୍ଟ ସିରିଜ ବିଜୟ ହୋଇଛି। ୨୦୦୨ରୁ ଏହି ଦୁଇ ଦଳ ମଧ୍ୟରେ ଖେଳାଯାଇଥିବା ସମସ୍ତ ଟେଷ୍ଟ ସିରିଜକୁ ଭାରତ ଜିତିଛି। ଏଥିସହ ଗୋଟିଏ ଦେଶ ବିପକ୍ଷରେ କ୍ରମାଗତ ଭାବେ ସର୍ବାଧିକ ଟେଷ୍ଟ ସିରିଜ ଜିତିବାରେ ଦକ୍ଷିଣ ଆଫ୍ରିକା ସହ ଭାରତ ସମକକ୍ଷ ହୋଇଛି। ଦକ୍ଷିଣ ଆଫ୍ରିକା ଦଳ ୧୯୯୮ରୁ ୨୦୨୪ ମଧ୍ୟରେ ୱେଷ୍ଟଇଣ୍ଡିଜ ସହ ଖେଳାଯାଇଥିବା ସମସ୍ତ ୧୦ଟି ସିରିଜ ଜିତିଥିଲା।

ଦ୍ୱିତୀୟ ଟେଷ୍ଟରେ ୱେଷ୍ଟଇଣ୍ଡିଜ ପକ୍ଷରୁ ଧାର୍ଯ୍ୟ ୧୨୧ ରନର ଛୋଟିଆ ଲକ୍ଷ୍ୟକୁ ପିଛା କରିଥିବା ଭାରତ ସୋମବାର ଚତୁର୍ଥ ଦିବସ ଷ୍ଟମ୍ପ ସୁଦ୍ଧା ଗୋଟିଏ ୱିକେଟ୍ ହରାଇ ୬୩ ରନ ସଂଗ୍ରହ କରିଥିଲା। ମଙ୍ଗଳବାର ମ୍ୟାଚର ଅନ୍ତିମ ତଥା ୫ମ ଦିବସରେ ଭାରତ ବିଜୟ ଲାଗି ଆବଶ୍ୟକ ଥିବା ୫୮ ରନ ଲାଗି ଆଉ ୨ଟି ୱିକେଟ ହରାଇଥିଲା। ଲୋକେଶ ରାହୁଲ ୫୮ ଓ ଧ୍ରୁବ ଜୁରେଲ ୬ ରନ କରି ଶେଷ ପର୍ଯ୍ୟନ୍ତ ଅପରାଜିତ ରହିବା ସହ ଦଳକୁ ବିଜୟୀ କରାଇଥିଲେ। ପୂର୍ବରାତିରୁ ଅପରାଜିତ ରହିଥିବା ସାଇ ସୁଦର୍ଶନ ୩୯ ରନରେ ଆଉଟ୍ ହୋଇଥିଲେ। ସେହିଭଳି ଅଧିନାୟକ ଶୁବମନ ଗିଲ୍ ମଧ୍ୟ ୧୩ ରନ କରି ପ୍ରତିପକ୍ଷ ଅଧିନାୟକ ରୋଷ୍ଟନ ଚେଜଙ୍କ ଶିକାର ହୋଇଥିଲେ। ୱେଷ୍ଟଇଣ୍ଡିଜ ପାଇଁ ଚେଜ୍ ୨ଟି ଓ ଜାମେଲ ୱାରିକାନ ଗୋଟିଏ ୱିକେଟ୍ ପାଇଥିଲେ। ପୂର୍ବରୁ ଏହି ମ୍ୟାଚରେ ଟସ୍ ଜିତି ବ୍ୟାଟିଂ କରିଥିବା ଭାରତ ଯଶସ୍ୱୀ ଜୟସ୍ୱାଲ (୧୭୫) ଓ ଶୁବମନ (୧୨୯)ଙ୍କ ଶତକ ବଳରେ ୫ ୱିକେଟରେ ୫୧୮ ରନ କରି ପ୍ରଥମ ଇନିଂସ ଘୋଷଣା କରିଥିଲା। ଜବାବରେ ୱେଷ୍ଟଇଣ୍ଡିଜ ପ୍ରଥମ ପାଳିରେ ୨୪୮ ରନରେ ସୀମିତ ରହି ଫଲୋଅନ ହୋଇଥିଲା। ଫଲୋଅନ ପରେ ୱେଷ୍ଟଇଣ୍ଡିଜ ଦ୍ୱିତୀୟ ପାଳିରେ ଜନ୍ କ୍ୟାମ୍ପବେଲ୍ (୧୧୫) ଓ ସାଇ ହୋପ୍ (୧୦୩)ଙ୍କ ଶତକ ସହାୟତାରେ ୩୯୦ ରନର ସମ୍ମାନଜନକ ସ୍କୋର କରିଥିଲା। ଏଠାରେ ମୋଟ୍ ୮ଟି ୱିକେଟ୍ ନେଇଥିବା କୁଲଦୀପ୍ ଯାଦବ ମ୍ୟାଚର ଏବଂ ୮ ୱିକେଟ୍ ସହ ୧୦୪ ରନ କରିଥିବା ରବୀନ୍ଦ୍ର ଜାଡେଜା ସିରିଜର ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଥିଲେ। ଜାଡେଜା ତାଙ୍କ ଟେଷ୍ଟ କ୍ୟାରିୟରରେ ୩ୟଥର ଲାଗି ସିରିଜର ଶ୍ରେଷ୍ଠ ଖେଳାଳି ପୁରସ୍କାର ହାସଲ କରିଛନ୍ତି। ଏଥିପୂର୍ବରୁ ସେ ୨୦୧୭ ଓ ୨୦୨୩ରେ ଅଷ୍ଟ୍ରେଲିଆ ବିପକ୍ଷ ଟେଷ୍ଟ ସିରିଜରେ ଶ୍ରେଷ୍ଠ ଖେଳାଳି ହୋଇଥିଲେ।

**୧୯ରୁ ଅଷ୍ଟ୍ରେଲିଆ ବିପକ୍ଷ ସିରିଜ ଆରମ୍ଭ**

ୱେଷ୍ଟଇଣ୍ଡିଜ ବିପକ୍ଷ ଟେଷ୍ଟ ସିରିଜକୁ ୨-୦ରେ କ୍ଲିନସୁଇପ୍ କରିବା ପରେ ଭାରତୀୟ ଦଳ ଏବେ ଅଷ୍ଟ୍ରେଲିଆ ଗସ୍ତ କରିବ। ଘରୋଇ ଅଷ୍ଟ୍ରେଲିଆ ବିପକ୍ଷରେ ଭାରତ ଆସନ୍ତା ସପ୍ତାହରୁ ସୀମିତ ଓଭର ସିରିଜ ଖେଳିବ। ଅକ୍ଟୋବର ୧୯ରୁ ଦୁଇ ଦଳ ମଧ୍ୟରେ ୩ ମ୍ୟାଚ୍‌ବିଶିଷ୍ଟ ଦିନିକିଆ ସିରିଜ ଖେଳାଯିବ। ଏହାପରେ ପାଞ୍ଚମ୍ୟାଚ୍‌ବିଶିଷ୍ଟ ଟି-୨୦ ସିରିଜ ଅକ୍ଟୋବର ୨୯ରୁ କାନବେରାରୁ ଆରମ୍ଭ ହେବ।

**ଗୋଟିଏ ଦଳ ବିପକ୍ଷରେ କ୍ରମାଗତ ଟେଷ୍ଟ ସିରିଜ ବିଜୟ**

| ଦଳ | ସିରିଜ | ପ୍ରତିପକ୍ଷ | ସମୟ |
|---|---|---|---|
| ଭାରତ | ୧୦ | ୱେଷ୍ଟଇଣ୍ଡିଜ | ୨୦୦୨-୨୫ |
| ଦ.ଆଫ୍ରିକା | ୧୦ | ୱେଷ୍ଟଇଣ୍ଡିଜ | ୧୯୯୮-୨୪ |
| ଅଷ୍ଟ୍ରେଲିଆ | ୯ | ୱେଷ୍ଟଇଣ୍ଡିଜ | ୨୦୦୦-୨୨ |
| ଅଷ୍ଟ୍ରେଲିଆ | ୮ | ଇଂଲଣ୍ଡ | ୧୯୮୯-୨୦୦୩ |
| ଶ୍ରୀଲଙ୍କା | ୮ | ଜିମ୍ବାୱେ | ୧୯୯୬-୨୦ |

**ଭାରତ ମାଟିରେ କ୍ରମାଗତ ଟେଷ୍ଟ ମ୍ୟାଚ୍ ପରାଜୟ**

| ମ୍ୟାଚ୍ | ଦଳ | ସମୟ |
|---|---|---|
| ୭ | ଅଷ୍ଟ୍ରେଲିଆ | ୨୦୦୮-୧୩ |
| ୬ | ଶ୍ରୀଲଙ୍କା | ୧୯୮୬-୯୪ |
| ୬ | ନ୍ୟୁଜିଲାଣ୍ଡ | ୨୦୧୦-୧୬ |
| ୬ | ୱେଷ୍ଟଇଣ୍ଡିଜ | ୨୦୧୩-୨୫ |

**ଟେଷ୍ଟରେ ଗୋଟିଏ ଦଳ ବିପକ୍ଷରେ ସର୍ବାଧିକ ଅପରାଜେୟ ଧାରା**

| ଦଳ | ମ୍ୟାଚ୍ | ପ୍ରତିପକ୍ଷ | ସମୟ |
|---|---|---|---|
| ଇଂଲଣ୍ଡ | ୪୭ | ନ୍ୟୁଜିଲାଣ୍ଡ | ୧୯୩୦-୭୫ |
| ଇଂଲଣ୍ଡ | ୩୦ | ପାକିସ୍ତାନ | ୧୯୬୧-୮୨ |
| ୱେଷ୍ଟଇଣ୍ଡିଜ | ୨୯ | ଇଂଲଣ୍ଡ | ୧୯୭୬-୮୮ |
| ଭାରତ | ୨୭ | ୱେଷ୍ଟଇଣ୍ଡିଜ | ୨୦୦୨-୨୫ |
| ଅଷ୍ଟ୍ରେଲିଆ | ୨୪ | ଦ.ଆଫ୍ରିକା | ୧୯୧୧-୫୨ |
| ୱେଷ୍ଟଇଣ୍ଡିଜ | ୨୪ | ଭାରତ | ୧୯୪୮-୭୧ |

## ଜାତୀୟସ୍ତରରେ ଅଞ୍ଚଳ ମହାବିଦ୍ୟାଳୟ ଛାତ୍ରୀ ଜିତିଲେ ୩ ପଦକ



ଭୁବନେଶ୍ୱର, ୧୪ା୧୦ (ସମିସ): ଦୁଇ ଦୁଇଟି ଜାତୀୟସ୍ତରୀୟ କ୍ରୀଡ଼ା ପ୍ରତିଯୋଗିତାରେ ଓଡ଼ିଶା ପକ୍ଷରୁ ପ୍ରତିନିଧିତ୍ୱ କରି ଅଞ୍ଚଳ ମହାବିଦ୍ୟାଳୟର ଛାତ୍ରୀମାନେ ୩ଟି ପଦକ ବିଜୟୀ ହୋଇଛନ୍ତି। ଭୁବନେଶ୍ୱରର କଳିଙ୍ଗ ଷ୍ଟାଡିୟମରେ ଶେଷ ହୋଇଥିବା ୧୮ତମ ସିନିଅର ଜାତୀୟ ଗେଟବଲ୍ ଚାମ୍ପିଅନସିପ୍‌ରେ ମହାବିଦ୍ୟାଳୟର ଛାତ୍ରୀ ନମ୍ରତା କର୍ଣ୍ଣାଳ ସ୍ୱର୍ଣ୍ଣ ବିଜୟୀ ଓଡ଼ିଶା ମହିଳା ଦଳର ସଦସ୍ୟା ରହିଥିଲେ। ସେହିଭଳି ନମ୍ରତା ବ୍ୟକ୍ତିଗତ ଭାବେ ମଧ୍ୟ ରୌପ୍ୟ ପଦକ ସଫଳତା ପାଇଥିଲେ। ସେହିଭଳି ମଧ୍ୟପ୍ରଦେଶର ଭୋପାଳରେ ଅନୁଷ୍ଠିତ ୩୪ତମ ସର୍ବଭାରତୀୟ ଜିଭି ମାଭାଲାଙ୍କର ସୁଟିଂ ଚାମ୍ପିଅନସିପ୍‌ରେ ରଶ୍ମୀ ବାଗ ରୌପ୍ୟ ପଦକ ଜିତିଛନ୍ତି। ସେ କନିଷ୍ଠ ମହିଳା ୫୦ ମିଟର ସୁଟିଂ ଇଭେଣ୍ଟରେ ଦ୍ୱିତୀୟ ହୋଇଥିଲେ। ଉଭୟ ନମ୍ରତା ଓ ରଶ୍ମୀ ବର୍ତ୍ତମାନ ଅଞ୍ଚଳ ମହାବିଦ୍ୟାଳୟରେ ଯଥାକ୍ରମେ ସ୍ନାତକ ଶିକ୍ଷା ବିଭାଗର ପ୍ରଥମ ବର୍ଷ ଓ ସ୍ନାତକ ଇତିହାସ ବିଭାଗର ଅନ୍ତିମ ବର୍ଷର ଛାତ୍ରୀ। ଏହି ସଫଳତା ଲାଗି ମହାବିଦ୍ୟାଳୟର ଅଧ୍ୟକ୍ଷ ପ୍ରଫେସର ଖଗେଶ୍ୱର ଦାଶ, କ୍ରୀଡ଼ା ସଂସଦର ଉପ-ସଭାପତି ଅଧ୍ୟାପକ ଷଡ଼ାନନ ଭୋଇ, ଖେଳ ଶିକ୍ଷକ ସଦାନନ୍ଦ ସାହୁ ଓ ସମସ୍ତ ପ୍ରାଧ୍ୟାପକ ଓ ପ୍ରାଧ୍ୟାପିକା ଦୁଇ ଛାତ୍ରୀଙ୍କୁ ଅଭିନନ୍ଦନ ଜଣାଇଛନ୍ତି।

### ଆଇସିସି ମହିଳା ବିଶ୍ୱକପ୍
## ନୀଳାକ୍ଷୀଙ୍କୁ ଦ୍ରୁତ ଅର୍ଦ୍ଧଶତକ

କଲମ୍ବୋ, ୧୪ା୧୦ (ଏଜେନ୍ସି): ସ୍ଥାନୀୟ ଆର୍.ପ୍ରେମଦାସ ଷ୍ଟାଡିୟମରେ ମଙ୍ଗଳବାର ଖେଳାଯାଇଥିବା ମହିଳା ଦିନିକିଆ ବିଶ୍ୱକପ୍‌ର ଏକ ମ୍ୟାଚରେ ନ୍ୟୁଜିଲାଣ୍ଡ ସହ ଘରୋଇ ଶ୍ରୀଲଙ୍କା ସାମ୍ନାସାମ୍ନି ହୋଇଛି। ଏହି ମ୍ୟାଚରେ ପ୍ରଥମେ ବ୍ୟାଟିଂ କରିଥିବା ଶ୍ରୀଲଙ୍କା ୫୦ ଓଭରରେ ୬ ୱିକେଟ ହରାଇ ୨୫୮ ରନ ସଂଗ୍ରହ କରିଛି। ଦଳ ପକ୍ଷରୁ ଅଧିନାୟିକା ଚାମିରା ଆଟାପାଟ୍ଟୁ ୫୩ ଓ ନୀଳାକ୍ଷୀ ଡି ସିଲଭା ୫୫ ରନ କରିଥିଲେ। ନୀଳାକ୍ଷୀ ମାତ୍ର ୨୮ ବଲରେ ୭ଟି ଚୌକା ଓ ଗୋଟିଏ ଛକା ମାରି ଶେଷ ପର୍ଯ୍ୟନ୍ତ ଅପରାଜିତ ରହିଥିଲେ। ବୋଲିଂରେ ନ୍ୟୁଜିଲାଣ୍ଡର ଅଧିନାୟିକା ସୋଫି ଡିଭାଇନଙ୍କୁ ୩ଟି ୱିକେଟ୍ ମିଳିଥିଲା। ଶେଷ ଖବର ସୁଦ୍ଧା ବର୍ଷା ଯୋଗୁ ନ୍ୟୁଜିଲାଣ୍ଡ ଇନିଂସ ଆରମ୍ଭ କରିପାରିନାହିଁ।

• ସୁଲତାନ ଜୋହର କପ୍

## ଭାରତ-୩: ପାକିସ୍ତାନ- ୩ ଶେଷରେ ହାତ ମିଳାଇଲେ ଦୁଇ ଦେଶର ଖେଳାଳି

ଜୋହର ବହରୁ, ୧୪ା୧୦ (ଏଜେନ୍ସି): ମାଲେସିଆରେ ଚାଲିଥିବା ସୁଲତାନ ଜୋହର କପ୍ ଜୁନିଅର (୨୧ ବର୍ଷରୁ କମ୍) ବାଳକ ହକି ଟୁର୍ଣ୍ଣାମେଣ୍ଟରେ ମଙ୍ଗଳବାର ଦୁଇ ପାରମ୍ପରିକ ପ୍ରତିଦ୍ୱନ୍ଦ୍ୱୀ ଭାରତ ଓ ପାକିସ୍ତାନ ମଧ୍ୟରେ ଅନୁଷ୍ଠିତ ମ୍ୟାଚ୍ ଡ୍ର ରହିଛି। ନିର୍ଦ୍ଧାରିତ ୬୦ ମିନିଟ୍ ସମୟ ମଧ୍ୟରେ ଦୁଇ ଦଳ ୩ଟି ଲେଖାଏ ଗୋଲ୍ ସ୍କୋର କରିଥିଲେ। ଫଳରେ ମ୍ୟାଚ୍ ୩-୩ରେ ସମାପ୍ତ ହୋଇଥିଲା। ଭାରତ ପକ୍ଷରୁ ଅରଜିତ୍ ସିଂ ହୁଣ୍ଡାଲ, ସୌରଭ ଆନନ୍ଦ ଓ ମନମିତ୍ ସିଂହ ଗୋଟିଏ ଲେଖାଏ ଗୋଲ୍ ଦେଇଥିଲେ। ଫଳରେ ଦୁଇ ଦଳ ଗୋଟିଏ ଲେଖାଏ ପଏଣ୍ଟ ଅର୍ଜନ କରିଛନ୍ତି। ଭାରତ ୩ଟି ମ୍ୟାଚରୁ ୭ ପଏଣ୍ଟ ପାଇ ଦ୍ୱିତୀୟ ସ୍ଥାନରେ ରହିଛି। ଏହି ମ୍ୟାଚରେ ଭାରତ ଓ ପାକିସ୍ତାନ ଖେଳାଳି ପରସ୍ପର ହାତ ମିଳାଇବା ଘଟଣା ସବୁଠୁ ଚର୍ଚ୍ଚାର ବିଷୟ ରହିଥିଲା। ଅପରେସନ ସିନ୍ଦୁର ପରେ ଗତ ଏସିଆ କପ୍‌ରେ ଭାରତ ଓ ପାକିସ୍ତାନ ଖେଳାଳି ପରସ୍ପର ହାତ ମିଶାଇ ନ ଥିଲେ। ଯାହାକୁ ନେଇ ବଡ଼ ବିବାଦ ଦେଖାଦେଇଥିଲା।

## ବାରବାଟୀରେ ଓଡ଼ିଶାର 'ବରୋଦା' ପରୀକ୍ଷା



କଟକ,୧୪ା୧୦(ସମିସ): ୫ଥର ରଣଜୀ ଟ୍ରଫି ବିଜେତା ବରୋଦା ବିପକ୍ଷ ମ୍ୟାଚ୍‌ରୁ ଚଳିତ ରଣଜୀ ଟ୍ରଫି ଅଭିଯାନ ଆରମ୍ଭ କରିବ ଓଡ଼ିଶା। ବାରବାଟୀ ଷ୍ଟାଡିୟମର ଘରୋଇ ପରିବେଶରେ ବୁଧବାରଠାରୁ ମ୍ୟାଚ୍ ଖେଳାଯିବ। ବିଗତ ୧୩ ବର୍ଷରେ ଉଭୟ ଦଳ ୫ଥର ମୁହାଁମୁହିଁ ହୋଇଥିବାବେଳେ ବରୋଦା ଅପରାଜେୟ ରହିଛି। ପୁଣିଥରେ ରାଜ୍ୟ ଦଳର ମଙ୍ଗ ଧରିଥିବା ଶୁଭ୍ରାଂଶୁ ଶେଖର ସେନାପତି ଏହି ଧାରା ଭାଙ୍ଗିବା ଲକ୍ଷ୍ୟରେ ରହିଛନ୍ତି। ବାରବାଟୀର ନାଲିମାଟି ପିଚ୍‌ରେ ଟସ୍ ଜିତି ପ୍ରଥମେ ବ୍ୟାଟିଂ ନେବାକୁ କ୍ରିକେଟ ସମୀକ୍ଷକଙ୍କ ଭିତରେ ଆଲୋଚନା ହେଉଛି। ଅନ୍ୟପକ୍ଷରେ ଦଳରେ ତିନି ନବାଗତ ସ୍ଥାନ ପାଇଥିବାବେଳେ ଗୌରବ ଚୌଧୁରୀ ବୁଧବାର ପଦାର୍ପଣ କରିବା ନେଇ ଆଶା ରହିଛି।

ଭାରତୀୟ ଘରୋଇ କ୍ରିକେଟର ସିଜନ୍ ଚଳିତଥର ରଣଜୀ ଟ୍ରଫିରୁ ଆରମ୍ଭ ହେଉଛି। ବାରବାଟୀ ଷ୍ଟାଡିୟମରେ ଶକ୍ତିଶାଳୀ ବରୋଦାକୁ ପ୍ରଥମ ମୁକାବିଲାରେ ଓଡ଼ିଶା ଭେଟିବ। ୨୦୧୨ରୁ ଇତି ମଧ୍ୟରେ ଏହି ଦୁଇ ଦଳ ଭିତରେ ଖେଳାଯାଇଥିବା ୫ଟି ମ୍ୟାଚରୁ ୩ଟି ମ୍ୟାଚ୍‌ରେ ବରୋଦାକୁ ସହଜ ବିଜୟ ମିଳିଥିବା ବେଳେ ୨ଟି ମ୍ୟାଚ୍ ଡ୍ର ରହିଛି। ଏପରିକି ଗତ ସଂସ୍କରଣରେ ବରୋଦାକୁ ଇନିଂସ୍ ବିଜୟ ମିଳିଥିଲା। ୨୯ ବର୍ଷୀୟ ଅତିତ ସେଠ୍ ଚଳିତଥର ବରୋଦା ଦଳର ନେତୃତ୍ୱ ନେଉଛନ୍ତି। ଉପଅଧିନାୟକ ଭାର୍ଗବ ଭଟ୍ଟ, ଜ୍ୟୋତ୍ସ୍ନିଲ ସିଂହ,ମହେଶ ପିଠିଆ, ବିଷ୍ଣୁ ସୋଲାଙ୍କି, ଲୁକମାନ ମେରିୱାଲା ଭଳି ଚର୍ଚ୍ଚିତ ଖେଳାଳି ଦଳରେ ରହିଛନ୍ତି। ତେବେ ବାରାବାଟୀରେ ବରୋଦାକୁ ଚ୍ୟାଲେଞ୍ଜ ଦେବା ପାଇଁ ପ୍ରସ୍ତୁତ ଅଛୁ ବୋଲି ଓଡ଼ିଶା ଅଧିନାୟକ ଶୁଭ୍ରାଂଶୁ କହିଛନ୍ତି। ବିଶେଷ ସୂତ୍ରରୁ ମିଳିଥିବା ସୂଚନା ମୁତାବକ, ଉପଅଧିନାୟକ ସ୍ୱସ୍ତିକ ସାମଲଙ୍କ ସହ ନବାଗତ ଗୌରବ ଚୌଧୁରୀ ଓପନିଂ ସମ୍ଭାଳିପାରନ୍ତି। ଏକଦିବଦସୀୟ ଏବଂ ଟି-୨୦ ଫର୍ମାଟରେ ରାଜ୍ୟ ପକ୍ଷରୁ ପ୍ରତିନିଧିତ୍ୱ କରି ସାରିଥିବା ଗୌରବ ରଣଜୀ ଟ୍ରଫିରେ ପଦାର୍ପଣ କରି ପାରନ୍ତି। ଏହାଛଡ଼ା ନବାଗତ ବାଦଲ ବିଶ୍ୱାଳଙ୍କୁ ମଧ୍ୟ ଚୂଡାନ୍ତ ଏକାଦଶରେ ସ୍ଥାନ ମିଳିପାରେ ବୋଲି କୁହାଯାଉଛି।

## ବିଶ୍ୱକପ୍ ଖେଳିବାରେ କେପ୍ ଭର୍ଡେ ୨ୟ କ୍ଷୁଦ୍ରତମ ଦେଶ

ନୂଆଦିଲ୍ଲୀ, ୧୪ା୧୦ (ଏଜେନ୍ସି): ଆଟଲାଣ୍ଟିକ ମହାସାଗରୀୟ ଦୀପସମୂହ ରାଷ୍ଟ୍ର କେପ୍ ଭର୍ଡେ ଇତିହାସରେ ପ୍ରଥମଥର ଲାଗି ଫିଫା ବିଶ୍ୱକପ୍‌କୁ ଯୋଗ୍ୟତା ଅର୍ଜନ କରିଛି। ଆଫ୍ରିକା ମହାଦେଶ ଯୋଗ୍ୟତା ପର୍ଯ୍ୟାୟର ଏକ ମ୍ୟାଚରେ କେପ୍ ଭର୍ଡେ ୩-୦ ଗୋଲ୍‌ରେ ଇସ୍ୱାଟିନିକୁ ପରାସ୍ତ କରିଥିଲା। ଏଥିସହ ୬ ଲକ୍ଷରୁ କମ୍ ଜନସଂଖ୍ୟା ବିଶିଷ୍ଟ ଦୀପରାଷ୍ଟ୍ର କେପ୍ ଭର୍ଡେ ୨୦୨୬ ଫିଫା ବିଶ୍ୱକପ୍‌ରେ ଅଂଶଗ୍ରହଣ କରିବାକୁ ଟିକଟ୍ ହାସଲ କରିଛି। ବିଶ୍ୱର ଦ୍ୱିତୀୟ କ୍ଷୁଦ୍ରତମ ଦେଶ ଭାବେ କେପ୍ ଭର୍ଡେ ଫିଫା ବିଶ୍ୱକପ୍‌ରେ ଅଂଶଗ୍ରହଣ କରିବ।

## ପାକିସ୍ତାନ ବିପକ୍ଷ ପ୍ରଥମ ଟେଷ୍ଟ: ଟାର୍ଗେଟ୍ ୨୭୭: ଦ.ଆଫ୍ରିକା ୫୧/୨

ଲାହୋର, ୧୪ା୧୦ (ଏଜେନ୍ସି): ଏଠାରେ ଘରୋଇ ପାକିସ୍ତାନ ଓ ଦକ୍ଷିଣ ଆଫ୍ରିକା ମଧ୍ୟରେ ଚାଲିଥିବା ପ୍ରଥମ ଟେଷ୍ଟ ରୋମାଞ୍ଚକ ସ୍ଥିତିରେ ପହଞ୍ଚିଛି। ପାକିସ୍ତାନ ପକ୍ଷରୁ ଧାର୍ଯ୍ୟ ୨୭୭ ରନର ଲକ୍ଷ୍ୟକୁ ପିଛା କରୁଥିବା ଦକ୍ଷିଣ ଆଫ୍ରିକା ମଙ୍ଗଳବାର ୩ୟ ଦିବସ ଷ୍ଟମ୍ପ ସୁଦ୍ଧା ୨ ୱିକେଟ୍ ହରାଇ ୫୧ ରନ ସଂଗ୍ରହ କରିଛି। ଟୋନୀ ଡି ଜୋରଜୀ ୧୬ ଓ ର୍ୟାନ ରିକ୍କେଲଟନ୍ ୨୯ ରନ କରି ଅପରାଜିତ ରହିଛନ୍ତି। ଅଧିନାୟକ ଆଇଡେନ ମାର୍କରାମ ୩ ଓ ୱିଆନ ମଲଡର ଖାତା ଖୋଲିବା ପୂର୍ବରୁ ଆଉଟ୍ ହୋଇଛନ୍ତି। ବାମହାତୀ ସ୍ପିନର ନୋମାନ ଅଲିଙ୍କୁ ୨ଟି ଯାକ ୱିକେଟ୍ ମିଳିଛି। ମ୍ୟାଚ୍ ଆହୁରି ୨ ଦିନ ବାକି ରହିଥିବାବେଳେ ଦକ୍ଷିଣ ଆଫ୍ରିକାକୁ ଜିତିବା ଲାଗି ବଳକା ୮ ୱିକେଟ୍‌ରେ ଆଉ ୨୨୬ ରନ ଆବଶ୍ୟକ ହେଉଛି।

# ଆଜିଠୁ ରଣଜୀ ଟ୍ରଫିର ୯୧ତମ ସଂସ୍କରଣ



ନୂଆଦିଲ୍ଲୀ, ୧୪ା୧୦ (ଏଜେନ୍ସି) ଭାରତୀୟ ଘରୋଇ କ୍ରିକେଟ୍‌ର ସବୁଠୁ ସମ୍ମାନଜନକ ପ୍ରତିଯୋଗିତା ରଣଜୀ ଟ୍ରଫିର ୯୧ତମ ସଂସ୍କରଣ ବୁଧବାରଠାରୁ ଦେଶର ବିଭିନ୍ନ ଗ୍ରାଉଣ୍ଡରେ ଆରମ୍ଭ ହେବାକୁଯାଉଛି। ଆସନ୍ତା ଫେବ୍ରୁଆରୀ ୨୬ ପର୍ଯ୍ୟନ୍ତ ଚାଲିବାକୁ ଥିବା ଚଳିତ ରଣଜୀ ଟ୍ରଫି ଦୁଇଟି ପର୍ଯ୍ୟାୟରେ ଖେଳାଯିବ। ଅକ୍ଟୋବର ୧୫ରୁ ନଭେମ୍ବର ୧୯ ପର୍ଯ୍ୟନ୍ତ ପ୍ରଥମ ପର୍ଯ୍ୟାୟ ଅନୁଷ୍ଠିତ ହେବ। ଏହାପରେ ଜାନୁଆରୀ ୨୨ରୁ ଫେବ୍ରୁଆରୀ ୨୬ ପର୍ଯ୍ୟନ୍ତ ଅନ୍ତିମ ତଥା ଦ୍ୱିତୀୟ ପର୍ଯ୍ୟାୟ ଖେଳ ଅନୁଷ୍ଠିତ ହେବ। ପ୍ରଥମ ଓ ଦ୍ୱିତୀୟ ପର୍ଯ୍ୟାୟ ମଧ୍ୟରେ ରହିଥିବା ସମୟରେ ସୟଦ ମୁସ୍ତାକ ଅଲି ଟ୍ରଫି (ଟି-୨୦) ଓ ବିଜୟ ହଜାରେ ଟ୍ରଫି (ଦିନିକିଆ) ଖେଳାଯିବାର କାର୍ଯ୍ୟସୂଚୀ ରହିଛି।

ଏଥର ରଣଜୀ ଟ୍ରଫିରେ ମୋଟ୍ ୩୮ ଗୋଟି ଦଳ ଅଂଶଗ୍ରହଣ କରିବେ। ସେମାନଙ୍କ ମଧ୍ୟରୁ ୩୨ଟି ଦଳ ଏଲିଟ୍ ଗ୍ରୁପ୍‌ରେ ସ୍ଥାନ ପାଇଛନ୍ତି। ସେହିଭଳି ଅନ୍ୟ ୬ଟି ଦଳ ପ୍ଲେଟ୍ ଡିଭିଜନରେ ଖେଳିବେ। ଏଲିଟ୍ ପର୍ଯ୍ୟାୟରେ ୩୨ଟି ଦଳକୁ ୪ଟି ଗ୍ରୁପ୍‌ରେ ବିଭକ୍ତ କରାଯାଇ ମ୍ୟାଚ୍ ଅନୁଷ୍ଠିତ ହେବ। ବୁଧବାରଠାରୁ ଆରମ୍ଭ ହେବାକୁ ଥିବା ପ୍ରଥମ ରାଉଣ୍ଡରେ ୧୯ଟି ମ୍ୟାଚ୍ ଦେଶର ବିଭିନ୍ନ ଗ୍ରାଉଣ୍ଡରେ ଖେଳାଯିବ। ଡିଫେଣ୍ଡିଂ ଚାମ୍ପିଅନ ବିଦର୍ଭ ବେଙ୍ଗାଲୁରୁରେ ନାଗାଲାଣ୍ଡ ବିପକ୍ଷରେ ଖେଳି ଅଭିଯାନ ଆରମ୍ଭ କରିବ। ସେହିଭଳି ରେକର୍ଡ ୪୨ଥରର ବିଜେତା ମୁମ୍ବାଇ ପ୍ରଥମ ମ୍ୟାଚରେ ଘରୋଇ ଜମ୍ମୁ କାଶ୍ମୀରକୁ ଶ୍ରୀନଗରରେ ଭେଟିବ। ଗତ ସଂସ୍କରଣର ଉପବିଜେତା କେରଳା ପ୍ରଥମ ମ୍ୟାଚରେ ମହାରାଷ୍ଟ୍ର ସହ ଖେଳିବ।

**ଏଲିଟ୍ ଗ୍ରୁପ୍ ତାଲିକା**

**ଗ୍ରୁପ୍-ଏ :** ଓଡ଼ିଶା, ଉତ୍ତରପ୍ରଦେଶ, ଆନ୍ଧ୍ରପ୍ରଦେଶ, ତାମିଲନାଡୁ, ଝାଡ଼ଖଣ୍ଡ, ବରୋଦା, ନାଗାଲାଣ୍ଡ, ବିଦର୍ଭ

**ଗ୍ରୁପ୍-ବି:** ସୌରାଷ୍ଟ୍ର, କର୍ଣ୍ଣାଟକ, କେରଳ, ମହାରାଷ୍ଟ୍ର, ଗୋଆ, ଚଣ୍ଡିଗଡ଼, ମଧ୍ୟପ୍ରଦେଶ ଓ ପଞ୍ଜାବ

**ଗ୍ରୁପ୍-ସି:** ରେଳବାଇ, ହରିୟାଣା, ବେଙ୍ଗଲ, ଉତ୍ତରାଖଣ୍ଡ, ଗୁଜରାଟ, ଆସାମ, ସର୍ଭିସେସ, ତ୍ରିପୁରା

**ଗ୍ରୁପ୍-ଡି:** ହାଇଦରାବାଦ୍, ଦିଲ୍ଲୀ, ରାଜସ୍ଥାନ, ଛତିଶଗଡ଼, ଜମ୍ମୁ କାଶ୍ମୀର, ମୁମ୍ବାଇ, ପୁଡୁଚେରୀ, ହିମାଚଳ ପ୍ରଦେଶ

**ପ୍ଲେଟ ଗ୍ରୁପ୍ :** ବିହାର, ଅରୁଣାଚଳ ପ୍ରଦେଶ, ସିକ୍କିମ, ମଣିପୁର, ମେଘାଳୟ, ମିଜୋରାମ




PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, SWOTI VILLAGE, PANIKOILI-755043, DIST: JAJPUR, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS